

କିଆରାଙ୍କ ପାଇଁ ଯଶ୍‌ଙ୍କ ନିଷ୍ପତ୍ତି
▶ପୃଷ୍ଠା ୧୧ ଦେଖନ୍ତୁ...



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-355 ◆BHUBANESWAR ◆MONDAY ◆23 JUNE 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୨ ◆ସଂଖ୍ୟା-୩୫୫ ◆ଭୁବନେଶ୍ୱର ◆ସୋମବାର ◆୨୩ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଯୁଦ୍ଧକୁ ଡେଇଁଲା ଆମେରିକା



## ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ବୋମାମାଡ଼

### ରୁଷ, ଚୀନର ନିନ୍ଦା; ମଧ୍ୟପ୍ରାଚ୍ୟ ଅଶାନ୍ତ

### ପ୍ରତିଶୋଧ ପାଇଁ ଇରାନର ଧମକ

### ଉଦ୍‌ବେଗ ଜଣାଇଲା ଭାରତ

■ **ତେହରାନ/ୱାସିଂଟନ, ୨୨।୬ (ଏଜେନ୍ସି):** ଗତ ଏକ ସପ୍ତାହ ଧରି ଇରାନ ଓ ଇସ୍ରାଏଲ ମଧ୍ୟରେ ଚାଲିଥିବା ଯୁଦ୍ଧରେ ସାମିଲ ହୋଇଛି ଆମେରିକା। ଆମେରକାର ଯୁଦ୍ଧ ବିମାନ ଆଜି ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ପ୍ରଚଣ୍ଡ ବୋମାମାଡ଼ କରି ଏଗୁଡ଼ିକୁ ଧ୍ୱଂସ କରିଦେଇଛନ୍ତି। ଆମରିକାର ଏଭଳି ଆକ୍ରମଣକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଜାତିସଂଘ ସମେତ ରୁଷ, ଚୀନ ଓ ଅନ୍ୟ କେତେକ ଦେଶ ଏହାର ନିନ୍ଦା କରିବା ସହିତ ସତର୍କ କରାଇ ଦେଇଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟରେ ପରିସ୍ଥିତି ଆହୁରି ବିଗିଡ଼ିଯିବାର ସମ୍ଭାବନା ରହିଛି। ଇରାନ ମଧ୍ୟ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିବା ସହିତ ପ୍ରତିଶୋଧ ନେବାକୁ ଧମକ ଦେଇଛି। ଇରାନର ଧମକ ପରେ ଆମେରିକାର ଅନେକ ସହରରେ ହାଇଆଲର୍ଟ ଜାରି କରାଯାଇଛି।

ଇରାନ ଉପରେ ଆକ୍ରମଣ ପାଇଁ ଦୁଇ ସପ୍ତାହ ସମୟ ନେଇଥିବା ଆମରେିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଜି ସକାଳେ ହିଁ ଇରାନ ଉପରେ ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଆମେରିକାର ବୋମାବର୍ଷୀ ବିମାନ ବି-୨ ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ଶକ୍ତିଶାଳୀ ଜିବିୟୁ-୫୭ ଏମ୍‌ଓପି ନାମକ ବୋମା ମାଡ଼ କରିଥିଲା। ଫରଦୋ, ନତାଞ୍ଜ ଏବଂ ଏସ୍‌ଫାହନ୍ ପରମାଣୁ ପ୍ରତିଷ୍ଠାନ ଉପରେ ଦୁଇଟି ଲେଖାଏଁ ୬ଟି ଏଭଳି ବୋମା ପକାଇଥିଲା। ଗୋଟିଏ ବୋମାର ଓଜନ ୧୫ ଟନ୍ ଥିବା ବେଳେ ୨୦୦ ଫୁଟ୍ ଗଭୀର ଭୂତଳ ଟାର୍ଗେଟ୍‌କୁ ଏହା ଭେଦ କରିପାରିବ। ଏହି ବୋମାମାଡ଼ରେ ▶ପୃଷ୍ଠା-୭

**ହର୍ମୁଜ ଷ୍ଟ୍ରେଟ ବନ୍ଦ କରିବ ଇରାନ**

## ବଢ଼ିବ ତୈଳ ଦର !

■ **ତେହରାନ, ୨୨।୬ (ଏଜେନ୍ସି):** ଆମେରିକାର ଆକ୍ରମଣ ପରେ ଇରାନ ବଡ଼ ପଦକ୍ଷେପ ନେଇଛି। ଏହା ଦ୍ୱାରା ବିଶ୍ୱରେ ସଙ୍କଟ ସୃଷ୍ଟି ହୋଇପାରେ। ତୈଳ ଦର ଆକାଶ ଛୁଇଁପାରେ। ବିନା କ୍ଷେପଣାସ୍ତ୍ର ମାଡ଼ କରି ଇରାନ ଦୁନିଆକୁ ଦୋହଲାଇ ଦେଇପାରେ। ଆଜି ଇରାନ ସଂସଦରେ 'ଷ୍ଟ୍ରେଟ୍ ଅଫ ହର୍ମୁଜ' ବନ୍ଦ କରିବାକୁ ପ୍ରସ୍ତାବ ପାରିତ ହୋଇଯାଇଛି। ତେବେ ଇରାନ ସର୍ବୋଚ୍ଚ ନେତା ଆୟତୁଲ୍ଲା ଖାମନେଇ ଏହା ଉପରେ ଅନ୍ତିମ ନିଷ୍ପତ୍ତି ନେବେ। ହର୍ମୁଜ ଷ୍ଟ୍ରେଟ ବିଶ୍ୱର ସବୁଠୁ ଗୁରୁତ୍ୱପୂର୍ଣ୍ଣ ସାମୁଦ୍ରିକ ଚେକ୍ ପଏଣ୍ଟ। ଏହା ଓମାନ ଉପକୂଳ, ଓମାନ, ଇରାନ, ପାକିସ୍ତାନ ଏବଂ ୟୁଏଇ ମଧ୍ୟରେ ରହିଛି। ଏହା ଆରବ ସାଗରକୁ ପାର୍ସିଆନ ଗଲ୍ଫ ସହ ଯୋଡୁଛି। ଏହି କ୍ଷେତ୍ର ଇରାନ-ଇସ୍ରାଏଲ ସଂଘର୍ଷର ମୁଖ୍ୟ କାରଣ ପାଲଟିଛି। କାରଣ ବିଶ୍ୱର ୨୦ ପ୍ରତିଶତ ତୈଳ ଏବଂ ଗ୍ୟାସ ଏହି ଷ୍ଟ୍ରେଟ ଦେଇ ଯାଉଛି। ଏହି ରାସ୍ତାକୁ ବନ୍ଦ କରିବା ପାଇଁ ପୂର୍ବରୁ ଇରାନ ଧମକ ଦେଇସାରିଛି। ଯଦି ଏହା ବନ୍ଦ ▶ପୃଷ୍ଠା-୭

# ଅସ୍ତ୍ରୋପଚାର ସଫଳ; ନବୀନ ସୁସ୍ଥ

■ **ମୁମ୍ବାଇ, ୨୨।୬ (ସମିସ):** ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ସର୍ଭିକାଲ ଆର୍ଥ୍ରାଇଟିସ୍ ଅପରେସନ ସଫଳତାର ସହ ଶେଷ ହୋଇଛି। ତାଙ୍କର ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ପ୍ରଖ୍ୟାତ ଚିକିତ୍ସକ ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ମୁମ୍ବାଇର କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍‌ପିଟାଲର ସ୍ନାୟୁ ବିଶେଷଜ୍ଞ ଡାକ୍ତର ରାଜଶେଖର ଅସ୍ତ୍ରୋପଚାର କରିଛନ୍ତି। ଏହି ସମୟରେ ଏସିଆନ ହାର୍ଟ ଇନଷ୍ଟିଚ୍ୟୁଟର ବିଶେଷଜ୍ଞମାନେ ମଧ୍ୟ ଉପସ୍ଥିତ ଥିଲେ। ଅପରେସନ ପରେ ନବୀନ ସମ୍ପୂର୍ଣ୍ଣ ସୁସ୍ଥ ଅଛନ୍ତି ଓ ଡାକ୍ତରଖାନାରେ ତାଙ୍କୁ ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରଖାଯିବ। ଏହାପରେ ତାଙ୍କୁ କ୍ୟାବିନ୍‌କୁ ସ୍ଥାନାନ୍ତର କରାଯିବ। ୫ରୁ ୭ ଦିନ ମଧ୍ୟରେ ଷ୍ଟିଚ୍ ଖୋଲାଯିବ ଓ ଏହାପରେ ସେ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବେ ବୋଲି ଡାକ୍ତର ପଣ୍ଡା ସୂଚନା ଦେଇଛନ୍ତି। ରବିବାର ସକାଳ ପ୍ରାୟ ୬ଟାରେ ନବୀନଙ୍କୁ ଅସ୍ତ୍ରୋପଚାର ପାଇଁ ଓଟିକୁ ନିଆଯାଇଥିଲା। ସକାଳ ୮ଟାରେ ତାଙ୍କର ଅସ୍ତ୍ରୋପଚାର ଆରମ୍ଭ ହୋଇଥିଲା। ୨ ଘଣ୍ଟା ▶ପୃଷ୍ଠା-୭



- ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରହିବେ
- ୫-୭ ଦିନ ମଧ୍ୟରେ ଖୋଲାଯିବ ଷ୍ଟିଚ୍
- ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଚିକିତ୍ସା
- ଡାକ୍ତରଖାନାରେ ଭାଇ ପ୍ରେମ୍ ଓ ଭାଉଜ ଉପସ୍ଥିତ

**ଗୋ-ଚାଲାଣ ସନ୍ଦେହରେ କଙ୍ଗାରୁକୋର୍ଟ**

# ୨ ଦଳିତଙ୍କୁ ନର୍ଦ୍ଦମା ପାଣି ପିଆଇଲେ



- ଅଧାଲଣ୍ଡା କରି ଘାସ ଖୁଆଇଲେ
- ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ଚଲାଇଲେ
- ମୁଖ୍ୟମନ୍ତ୍ରୀଙ୍କ ଗସ୍ତ ପୂର୍ବରୁ ସୀମା ଲଂଘିଲା ନିର୍ଯାତନା
- ପୁଲିସ୍ ଉପରୁ ତୁଟୁଛି ଭରସା

■ **ଧରାକୋଟ, ୨୨।୬ (ସମିସ):** ଟଙ୍କା ନ ଦେବାରୁ ୨ ନିରୀହ ଦଳିତଙ୍କୁ ମିଛରେ ଗୋ-ଚାଲାଣକାରୀ ସଜାଇ ଅଧାଲଣ୍ଡା କରି ଆଣ୍ଠେଇବା, ଘାସ ଖୁଆଇବା ଓ ନର୍ଦ୍ଦମା ପାଣି ପିଆଇବା ଭଳି ଅମାନବୀୟ ଘଟଣା ଗଞ୍ଜାମ ଜିଲ୍ଲାରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ଧରାକୋଟ ଥାନା ଅନ୍ତର୍ଗତ ଖାରିଗୁମ୍ମା ଗାଁରେ ସ୍ୱଷ୍ଟ ଦିବାଲୋକରେ ଘଟିଥିବା ଏହି ଘଟଣା ସରକାର ଓ ପୁଲିସ ପ୍ରଶାସନ ପ୍ରତି ଅଙ୍ଗୁଳି ନିର୍ଦ୍ଦେଶ କରିଛି। କଙ୍ଗାରୁ କୋର୍ଟରେ ଅକାରଣରେ ଦଣ୍ଡ ପାଇଥିବା ଦୁଇ ଦଳିତ ହେଲେ, ଧରାକୋଟ ବ୍ଲକ୍‌ର ସିଙ୍ଗିପୁର ଗ୍ରାମର ବୁଲୁ ନାୟକ ଓ ବାବୁଲା ନାୟକ। ମୁଖ୍ୟମନ୍ତ୍ରୀ ସୋମବାର ଆସିକା ଗସ୍ତରେ ଆସିବାର ଥିବା ବେଳେ ତା' ପୂର୍ବରୁ ଏଭଳି ଏକ ଲୋମଟାଙ୍କୁରା ଘଟଣା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି। ▶ପୃଷ୍ଠା-୭


ORISSA INSTITUTE OF FIRE ENGINEERING AND SAFETY MANAGEMENT
OIFESM
WE TRAIN TO SAVE

OIFESM
FIRE & SAFETY INSTITUTE

AWARD WINNING INSTITUTE

ଟ୍ରେନିଂ ସହ ନିଯୁକ୍ତି

JOIN IN FIRE & SAFETY COURSE

ନିଶ୍ଚିତ ଭବିଷ୍ୟତ ତଥା ୨୧ ବର୍ଷର ଭରଷାଯୋଗ୍ୟ ଅନୁଷ୍ଠାନ

ADMISSION OPEN

PG, Post & Advance Diploma in Industrial Safety, Construction Safety, Fire Safety Management



For more information
ADMIN OFFICE: 99383 98277, 93486 57629
CAMPUS: 63721 46851, 93485 30626
www.oifesm.edu.in oifesm.odisha

ORISSA INSTITUTE OF FIRE ENGINEERING & SAFETY MANAGEMENT
Campus: 135/136, Baramunda , Near Baramunda Bus Stand, Bhubaneswar
Admin Office: Cosmopolis Square, Aiginia (near by Khandagiri), Facing NH-16, Bhubaneswar, Odisha 751019

# ପହଲ୍‌ଗାମ୍ ଆତଙ୍କୀଙ୍କୁ ଶରଣ ଦେଇ ୨ ଗିରଫ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): କଶ୍ମୀର ପହଲଗାମରେ ହୋଇଥିବା ଆତଙ୍କାବାଦୀ ଆକ୍ରମଣର ଦୁଇମାସ ପରେ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) ଏହି ମାମଲାରେ ଦୁଇଜଣଙ୍କୁ ଗିରଫ କରିଛି। ଆତଙ୍କବାଦୀମାନଙ୍କୁ ଏହି ଦୁଇଜଣ ଶରଣ ଦେଇଥିଲେ ବୋଲି ଏଜେନ୍ସି ତରଫରୁ କୁହାଯାଇଛି। ଗିରଫ୍ ହୋଇଥିବା ଦୁଇ ଅଭିଯୁକ୍ତ ହେଲେ ବାଟକୋଟର ପରଭେଜ ଅହମ୍ମଦ ଜୋଠାର ଓ ହିଲ୍ ପାର୍କର ବସୀର ଅହମ୍ମଦ ଜୋଠାର। ଏହି ୩ ଆତଙ୍କବାଦୀ ପାକିସ୍ତାନୀ ଥିଲେ ଓ ସେମାନେ କିଭଳି ଥିଲେ ସେ ନେଇ ଏହି ଦୁଇଜଣ ଏନ୍‌ଆଇଏକୁ ଗୁରୁତ୍ୱପୂର୍ଣ୍ଣ ସୂଚନା ଦେଇଥିଲେ। ଆତଙ୍କବାଦୀମାନେ ଲସ୍କର ଇ ତୋଏବା (ଏଲ୍‌ଇଟି) ଆତଙ୍କୀ ସଂଗଠନର ସଦସ୍ୟ ଥିଲେ ବୋଲି ଦୁହେଁ କହିଛନ୍ତି। ଏହି ୩ଜଣ ଆତଙ୍କବାଦୀଙ୍କୁ ପରଭେଜ ଓ ବସିର ଆକ୍ରମଣ ପୂର୍ବରୁ ହିଲ ପାର୍କ ସ୍ଥିତ ଏକ ଅସ୍ଥାୟୀ ବସ୍ତିରେ ଜାଣିଶୁଣି ରହିବା ପାଇଁ ସୁଯୋଗ ଦେଇଥିଲେ। ଆତଙ୍କବାଦୀଙ୍କୁ ସେଠାରେ ରଖିବା ସହ ସେମାନଙ୍କୁ ଅନ୍ୟାନ୍ୟ ସୁବିଧାସୁଯୋଗ ପ୍ରଦାନ କରିଥିଲେ। ତେବେ ଅଭିଯୁକ୍ତମାନେ ଏହି ୩ ଆତଙ୍କବାଦୀଙ୍କ ନାମ ବିଷୟରେ ସୂଚନା ଦେଇଛନ୍ତି କି ନା ସେ ନେଇ ଏନ୍‌ଆଇଏ କିଛି ସ୍ପଷ୍ଟ କରିନାହିଁ।

# ସମ୍ପୂର୍ଣ୍ଣ ୟୁକ୍ରେନ ଆମର: ପୁଟିନ୍

ସେଣ୍ଟ ପିଟର୍ସବର୍ଗ,୨୨।୬(ଏଜେନ୍ସି): ରୁଷି ରାଷ୍ଟ୍ରପତି ଭ୍ଲାଡିମୀର ପୁଟିନ ପୁଣି ଏକ ଅଜବ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ସମ୍ପୂର୍ଣ୍ଣ ୟୁକେନ୍ ହେଉଛି ଆମର। ୟୁକ୍ରେନ ଓ ରୁଷିଆର ଲୋକ ସମାନ ବୋଲି ସେ କହିଛନ୍ତି। ସେଣ୍ଟ ପିଟର୍ସବର୍ଗରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଇକୋନୋମିକ ଫୋରମ୍‌ରେ ପୁଟିନ ଏହି କଥା କହିଛନ୍ତି। ୟୁକ୍ରେନ୍‌କୁ ଧ୍ୱଂସ କରିବା ରୁଷିଆ ଆଦୌ ଲକ୍ଷ୍ୟ ରଖିନାହିଁ। କିନ୍ତୁ ୟୁକ୍ରେନ୍ ରୁଷିଆର ଭୌଗଳିକ ସ୍ଥିତି ଓ ପ୍ରାଦେଶିକ ତଥା ଆଞ୍ଚଳିକ ପ୍ରାଧାନ୍ୟକୁ ସ୍ୱୀକାର କରିବା ଉଚିତ ବୋଲି ସେ ସ୍ପଷ୍ଟ କରିଛନ୍ତି। ରୁଷିଆ ଓ ୟୁକ୍ରେନ୍‌ର ନାଗରିକ ସବୁ ଦୃଷ୍ଟିକୋଣରୁ ସମାନ ବୋଲି ପୂର୍ବରୁ ଏକାଧିକବାର କହି ସାରିଛି। ତେଣୁ ଏହି ଦୃଷ୍ଟିକୋଣରୁ ଦେଖିବାକୁ ଗଲେ ସମ୍ପୂର୍ଣ୍ଣ ୟୁକ୍ରେନ ଆମର। କିନ୍ତୁ ଆମେ କେବେ ୟୁକ୍ରେନର ସାର୍ବଭୌମତ୍ୱକୁ ନେଇ ପ୍ରଶ୍ନ ଉଠାଇନାହୁଁ ବୋଲି ସେ କହିଛନ୍ତି। ୧୯୯୧ରେ ଯେତେବେଳେ ୟୁକ୍ରେନ ସ୍ୱାଧୀନତା ଲାଭ କରିଥିଲା, ସେତେବେଳେ ଏହି ଦେଶ କୌଣସି ଗୋଷ୍ଠୀରେ ସାମିଲ ନହେବାକୁ, ଆଣବିକ ଅସ୍ତ୍ର ପାଖରେ ନ ରଖିବାକୁ ଓ ଏକ ନିରପେକ୍ଷ ଦେଶ ହୋଇ ରହିବାକୁ ସର୍ତ୍ତ ରହିଥିଲା। ତେଣୁ ୟୁକ୍ରେନ ଏହି ସର୍ତ୍ତଗୁଡ଼ିକୁ ମାନିବା ଉଚିତ।

# ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି ସଲମାନ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ବଲିଉଡ୍ ସୁପରଷ୍ଟାର ସଲମାନ ଖାନ୍ ଏକାଧିକ ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି। ୫୯ ବର୍ଷୀୟ ସଲମାନଙ୍କ ମସ୍ତିଷ୍କରେ ସମସ୍ୟା ରହିଛି। ସେ ବ୍ରେନ୍ ଆନେଉରିଜମ୍ ନାମକ ଏକ ରୋଗରେ ପୀଡିତ ଅଛନ୍ତି। କିଛିଦିନ ତଳେ 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶର୍ମା' ଶୋ'ରେ ଯୋଗ ଦେଇ ସେ ଏ ନେଇ ଖୁଲାସା କରିଛନ୍ତି। କେବଳ ସେତିକି ନୁହଁ ସେ ଟ୍ରାଇଜେମିନାଲ ନେଉରାଲଜିଆ ଓ ଆର୍ଟେରିଓଭେନସ ମାଲଫର୍ମେସନ ରୋଗରେ ମଧ୍ୟ ପୀଡିତ ଅଛନ୍ତି। ଏହି କାରଣରୁ ତାଙ୍କ ଚେହେରା ଓ ମୁଣ୍ଡରେ ସେ ଯନ୍ତ୍ରଣା ଅନୁଭବ କରୁଛନ୍ତି। ବ୍ରେନ୍ ଆନେଉରିଜମ୍ ପାଇଁ ତାଙ୍କ ଚିକିତ୍ସା ହେଉଛି। ଏହା କାରଣରୁ ଜୀବନ ମଧ୍ୟ ଯାଇପାରେ। ଏତେ ସବୁ ରୋଗରେ ପୀଡିତ ଥିଲେ ମଧ୍ୟ ଯନ୍ତ୍ରଣା ସହ କାମ କରିବାକୁ ପଡୁଛି ବୋଲି ସେ କହିଛନ୍ତି।

# ଡିଜିସିଏର ନୂଆ ମାର୍ଗଦର୍ଶିକା

ନୂଆଦିଲ୍ଲୀ, ୨୨।୬ (ଏଜେନ୍ସି):ବିମାନ ନିୟାମକ ଡିଜିସିଏ ଖରାପ ପାଣିପାଗରେ ଉଡ଼ାଣକୁ ନେଇ ନୂଆ ନିୟମ ଜାରି କରିଛି। ବିମାନ ଉଡ଼ାଣ କାର୍ଯ୍ୟସୂଚୀଠାରୁ ଯାତ୍ରୀ ଏବଂ କ୍ରୁଙ୍କ ସୁରକ୍ଷା ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଇଛି। ପାଣିପାଗ ଖରାପ ଥିଲେ କିମ୍ବା ବିପଦ ଥିଲେ ବିମାନର ଗତିପଥ ବଦଳାଇବାକୁ ତୁରନ୍ତ ନିଷ୍ପତ୍ତି ନେବା ପାଇଁ ପାଇଲଟଙ୍କୁ ପରାମର୍ଶ ଦିଆଯାଇଛି। କେଦାରନାଥରେ ହେଲିକପ୍ଟର ଏବଂ ଅହମଦାବାଦ ଦୁର୍ଘଟଣା ପରେ ଡିଜିସିଏ ଏହି ନିଷ୍ପତ୍ତି ନେଇଛି। ଏ ନେଇ ସମସ୍ତ ବିମାନ କମ୍ପାନୀମାନଙ୍କୁ ନୂଆ ସର୍କୁଲାର ଜାରି କରାଯାଇଛି।

# ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ୱାମୀକୁ ହତ୍ୟା

ଲକ୍ଷ୍ନୌ, ୨୨।୬ (ଏଜେନ୍ସି): ମଧ୍ୟପ୍ରଦେଶ ପରେ ଉତ୍ତର ପ୍ରଦେଶ ମୋରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ତ୍ରୀ ସ୍ୱାମୀକୁ ହତ୍ୟା କରିଛି। ଏହି ଜଘନ୍ୟ କାଣ୍ଡ ଘଟାଇବା ପରେ ମୃତଦେହକୁ ନେଇ ଉତ୍ତରାଖଣ୍ଡର କୋଟଦ୍ୱାର ଜଙ୍ଗଲରେ ପକାଇଛି। ସୂଚନା ଅନୁଯାୟୀ ପୀଡ଼ିତ ରବୀନ୍ଦ୍ର କୁମାର ନିଜର ୩ କୋଟିର ଘର ବିକ୍ରି କରି ଋଣ ପରିଶୋଧ କରିବାକୁ ଚାହୁଁଥିଲେ। ମାତ୍ର ପତ୍ନୀ ରୀନା ସିନ୍ଧୁ ଏହାକୁ ବିରୋଧ କରିଥିଲେ। ଏଥିପାଇଁ ଉଭୟଙ୍କ ମଧ୍ୟରେ ବିବାଦ ହୋଇଥିଲା। ପରେ ସେ ପ୍ରେମିକ ପରିତୋଷ କୁମାର ସହ ମିଶି ସ୍ୱାମୀକୁ ମାରି ଦେଇଥିଲେ।

# ଟ୍ରାକ୍ଟର-ଡମ୍ପର ଧକ୍କା; ୫ ମୃତ

କୋଲକାତା, ୨୨।୬ (ଏଜେନ୍ସି): ପଶ୍ଚିମବଙ୍ଗ ମୁର୍ଶିଦାବାଦ ଜିଲ୍ଲାର କାନ୍ଦି ଥାନା ଅଞ୍ଚଳର ଗୋରକାନ୍ ପାୱାର ହାଉସ୍ ଛକରେ ଭୟଙ୍କର ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣଙ୍କ ମୃତ୍ୟୁ ହୋଇଛି। ଏମାନଙ୍କ ମଧ୍ୟରେ ୩ ମହିଳା ଓ ଡ୍ରାଇଭର ସାମିଲ ଅଛନ୍ତି। ୧୦ ଜଣ ଆହତ ହୋଇଛନ୍ତି। ମୁର୍ଶିଦାବାଦ ମେଡିକାଲ୍ କଲେଜ୍ ହସ୍ପିଟାଲରେ ଏମାନଙ୍କର ଚିକିତ୍ସା ଚାଲିଛି। କିଛି ଲୋକଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ସୂଚନା ଅନୁଯାୟୀ ୨୦ ଜଣିଆ ତୀର୍ଥଯାତ୍ରୀଙ୍କ ଏକ ଦଳ ବୀରଭୂମର ବାଲୁକା ଅଞ୍ଚଳରୁ ଗାଧୋଇ ଟ୍ରାକ୍ଟରରେ ଫେରୁଥିଲେ। ଏହି ସମୟରେ ଟ୍ରାକ୍ଟରଟି ଏକ ଡମ୍ପର ସହିତ ଧକ୍କା ହୋଇ ଓଲଟି ପଡ଼ିଥିଲା।



# ୩୭ ଘଣ୍ଟା ଉଡ଼ାଣ ପରେ ଇରାନରେ ଆକ୍ରମଣ କରିଥିଲା ବି-୨ ବମ୍ବର୍ସ

## ୧୨ ବଙ୍କର ବଷ୍ଟର, ୩୦ ଟମ୍ ହକ୍ କ୍ଷେପଣାସ୍ତ୍ର ଆକ୍ରମଣ

ୱାଶିଂଟନ, ୨୨।୬ (ଏଜେନ୍ସି):


ଇସ୍ରାଏଲ ଏବଂ ଇରାନ ସଂଘର୍ଷକୁ ଆମେରିକା ଡେଇଁଛି। ଏହି ଦେଶ 'ଅପରେସନ ମିଡ୍‌ନାଇଟ ହାମର' ଆରମ୍ଭ କରି ରବିବାର ସକାଳେ ଇରାନର ତିନୋଟି ପରମାଣୁ ଠିକଣାରେ ବୋମା ବର୍ଷା କରିଛି। ଏହି ଆକ୍ରମଣରେ ନତାଞ୍ଜ, ଫର୍ଦୋ ଏବଂ ଇସାଫାହନ ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଯାଇଛି। ଦୁଇ ଦେଶ ମଧ୍ୟରେ ଚାଲିଥିବା ଏହି ଯୁଦ୍ଧରେ ଆମେରିକା ସାମିଲ ହୋଇ ସ୍ଥିତିକୁ ଅଧିକ ଗମ୍ଭୀର କରିଦେଇଛି। ଇରାନ ଜବାବୀ କାର୍ଯ୍ୟାନୁଷ୍ଠାନର ଧମକ ଦେଇଛି। ତେବେ ଇରାନ କୌଣସି କାର୍ଯ୍ୟାନୁଷ୍ଠାନ ନେଲେ ଆମେରିକା ଜୋରଦାର ଆକ୍ରମଣ କରିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଇରାନ ଉପରେ ଆଜି ହୋଇଥିବା ଆକ୍ରମଣରେ ଆମେରିକାର ବି-୨ ଷ୍ଟିଲଥ୍ ବମ୍ବର୍ସ ସହିତ ୧୨୫ ଲଢୁଆ ବିମାନ ସାମିଲ ହୋଇଥିଲା। ପାହାଡ଼ କାଟି ଇରାନ ପରମାଣୁ କେନ୍ଦ୍ର ବନାଇ ଥିଲା। ତେଣୁ ଏହାକୁ ଧ୍ୱଂସ କରିବା ପାଇଁ ବି-୨ ବମ୍ବରର ଆବଶ୍ୟକତା ପଡ଼ିଥିଲା। ୨୫୦ ଫୁଟ୍ ତଳେ ଥିବା ପରମାଣୁ କେନ୍ଦ୍ରକୁ ଧ୍ୱଂସ କରିବା ପାଇଁ ବଙ୍କର ବଷ୍ଟର ବ୍ୟବହାର କରାଯାଇଥିଲା। ପ୍ରଥମ ଥର ପାଇଁ ଆମେରିକା ଏହି ବୋମାକୁ ବ୍ୟବହାର କରିଛି। ତେବେ ଆକ୍ରମଣ ପରେ ପରମାଣୁ କେନ୍ଦ୍ରରୁ କୌଣସି ବିକିରଣ ହୋଇନାହିଁ ବୋଲି ଇରାନ ପକ୍ଷରୁ କୁହାଯାଇଛି। ଏହି ଅଭିଯାନ ପାଇଁ ବି-୨ ବମ୍ବର୍ସ ଅନବରତ ୩୭ ଘଣ୍ଟା ପର୍ଯ୍ୟନ୍ତ ଉଡ଼ାଣ କରିଥିଲା। ସିଧାସଳଖ ଲକ୍ଷ୍ୟ ସ୍ଥଳରେ ପହଞ୍ଚି ଇରାନର ପରମାଣୁ କେନ୍ଦ୍ର ଉପରେ ବଙ୍କର ବଷ୍ଟର ମାଡ଼ କରିଥିଲା। ଆମେରିକା ରାଷ୍ଟ୍ରପତି ଏହି ସୂଚନା ଦେଇଛନ୍ତି। ଆମେରିକାର ମିସୋରିରୁ ବି-୨ ବିମାନ ଉଡ଼ାଣ ଆରମ୍ଭ କରିଥିଲା। ଏହା ଲକ୍ଷ୍ୟଭେଦ କରିବା ପୂର୍ବରୁ ୩୭ ଘଣ୍ଟାର ଯାତ୍ରା କରିଥିଲା। ଆକାଶ ମାର୍ଗରେ ଇନ୍ଧନ ଭର୍ତ୍ତି କରି ଏହି ଅଭିଯାନକୁ ସଫଳତାର ସହ ଶେଷ କରିଥିଲା। ପ୍ରାୟ ୨ ବିଲିୟନ ଡଲାର (୧, ୭୩, ୧୬, ୬୦, ୨୦, ୪୦୦ ଟଙ୍କା) ମୂଲ୍ୟର ଏହି ଉନ୍ନତ ଲଢୁଆ ବିମାନ ମିସୋରିରୁ ଇରାନ ଏବଂ ପୁଣି ଆମେରିକା ଫେରିବା ପର୍ଯ୍ୟନ୍ତ ୧୧, ୪୦୦ କିମି ପଥ ଅତିକ୍ରମ କରିଥିଲା। ଆକ୍ରମଣ ଦ୍ୱାରା ଫରଦୋରେ ୬ଟି ବଡ଼ ଖାଲ ହୋଇଯାଇଛି। ମାକ୍ସାର ଟେକ୍ନୋଲୋଜି ପାଖରୁ ଏହାର ଫଟୋ ଜାରି କରାଯାଇଛି। ଏହାର ଆଖପାଖରେ ମାଟି ଧସି ଯାଇଥିବା ମଧ୍ୟ ଦେଖିବାକୁ ମିଳୁଛି।

- 'ଅପରେସନ ମିଡ୍‌ନାଇଟ ହାମର'ରେ ସାମିଲ ଥିଲା ୧୨୫ ଯୁଦ୍ଧ ବିମାନ
- ଆକ୍ରମଣ ପୂର୍ବରୁ ଇରାନକୁ ଜଣାଇଥିଲା ଆମେରିକା

ଫରଦୋ ଠିକଣାରେ ୬ଟି ବଙ୍କର ବଷ୍ଟର ତଥା ଜିବିୟୁ-୫୭ ମାସିଭ ଅର୍ଡନାନ୍ସ ପେନେଟ୍ରେଟର (ଏମଓପି) ବୋମା ମାଡ଼ କରାଯାଇଥିଲା। ସେହିପରି ୩୦ ଟମ୍‌ହକ୍ କ୍ଷେପଣାସ୍ତ୍ର ମଧ୍ୟ ଆକ୍ରମଣ କରାଯାଇଥିଲା। ଅନ୍ୟ ଏକ ରିପୋର୍ଟରେ ଆମେରିକା ୧୨ଟି ବଙ୍କର ବଷ୍ଟର ବୋମା ମାଡ଼ କରିଥିବା କୁହାଯାଇଛି। ଆମେରିକାର ଜଏଣ୍ଟ ଚିଫ୍ ଅଫ୍ ଷ୍ଟାଫ ଜେନେରାଲ ଡାନ କେନ କହିଛନ୍ତି ଯେ ଆକ୍ରମଣରେ ୭ଟି ବି-୨ ବିମାନ ସାମିଲ ଥିଲା। ଏହି ବିମାନ ଫର୍ଦୋ ଏବଂ ନତାଞ୍ଜରେ ପ୍ରାୟ ୧୪ ହଜାର କେଜିର ବୋମା ପକାଇ ଥିଲା। କିନ୍ତୁ ଇସ୍‌ଫାହନରେ ଟମ୍‌ହକ୍ ମିସାଇଲ ମାଡ଼ କରାଯାଇଥିଲା। ଏହି ଅଭିଯାନ ପାଇଁ ଧୋକାର ରଣନୀତି ଆପଣା ଯାଇଥିଲା। କିଛି ବୋମାବର୍ଷୀ ବିମାନକୁ ପ୍ରଶାନ୍ତ ମହାସାଗର ଅଭିମୁଖେ ପଠା ଯାଇଥିଲା। ଏହା ମାଧ୍ୟମରେ ଇରାନକୁ ଭୁଆଁ ବୁଲା ଯାଇଥିଲା। ସେହିଦିଗରୁ ଆକ୍ରମଣ ହେବ ବୋଲି ଇରାନ ଭାବିଥିଲା। କିନ୍ତୁ ଅନ୍ୟ ଦିଗରୁ ଆମେରିକା ଆକ୍ରମଣ କରିଥିଲା। ୨୦୦୧ ସେପ୍ଟେମ୍ବର ୧୧ ପରଠାରୁ ଏହା ସବୁଠୁ ବଡ଼ ବି-୨ ମିସନ ଥିଲା। ଏହି ଅଭିଯାନକୁ ଅତ୍ୟନ୍ତ ଗୁପ୍ତ ରଖାଯାଇଥିଲା। କିଛି ନିର୍ଦ୍ଦିଷ୍ଟ ସେନା ଅଧିକାରୀଙ୍କୁ ଏହି ସୂଚନା ଦିଆଯାଇଥିଲା। ଅନ୍ୟପଟେ ଆମେରିକା ଦିନକ ପୂର୍ବରୁ ଆକ୍ରମଣ ବିଷୟରେ ଇରାନକୁ ସୂଚନା ଦେଇଥିଲା ବୋଲି କୁହାଯାଉଛି। ଅମବାଜ ମିଡିଆ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଜଣେ ବରିଷ୍ଠ ଅଧକାରୀ କହିଛନ୍ତି ଯେ ଆକ୍ରମଣ ପୂର୍ବରୁ ଆମେରିକା ଆଡଭାନ୍ସ ନୋଟିସ ପଠାଇ ଥିଲା। ନାମ ପ୍ରକାଶ ନ କରିବା ସର୍ତ୍ତରେ ଜଣେ ଅଧିକାରୀ କହିଛନ୍ତି ଯେ ଗତ ୨୧ ତାରିଖରେ ଟ୍ରମ୍ପ ପ୍ରଶାସନ ପକ୍ଷରୁ ଆକ୍ରମଣ ପାଇଁ ସୂଚନା ଦିଆଯାଇଥିଲା। ଇରାନ ସହ ଯୁଦ୍ଧ କରିବା ଆମେରିକାର ଉଦ୍ଦେଶ୍ୟ ନୁହେଁ ବୋଲି କୁହାଯାଇଥିଲା। କେବଳ ତିନୋଟି ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରାଯିବ ବୋଲି ସୂଚନା ଦିଆଯାଇଥିଲା।

ଆମେରିକା ଆକ୍ରମଣ କରିବ ବୋଲି ପୂର୍ବରୁ ଇରାନ ଜାଣିପାରି ଥିଲା। ଏଥିପାଇଁ ସତର୍କ ହୋଇ ଯାଇଥିଲା। ଆକ୍ରମଣ ପୂର୍ବରୁ ଇରାନ ଫର୍ଦୋ ପରମାଣୁ କେନ୍ଦ୍ରରେ ଥିବା ଅଧିକାଂଶ ୟୁରାନିୟମକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତର କରି ଦେଇଥିଲା। ଇରାନର ମେହର ନ୍ୟୁଜ୍ ଏଜେନ୍ସି ସୂତ୍ରକୁ ଏହି ସୂଚନା ମିଳିଛି। ଇସ୍ରାଏଲ ସହିତ ବଢୁଥିବା ଉତ୍ତେଜନାକୁ ଦୃଷ୍ଟିରେ ରଖି ଇରାନ ସରକାର ଏହି ପଦକ୍ଷେପ ନେଇଥିଲେ। ତେବେ ଏହି ୟୁରାନିୟମ କେଉଁଠାକୁ ନିଆଯାଇଛି ତାହାର କୌଣସି ସୂଚନା ଦିଆଯାଇ ନାହିଁ।





## ବଙ୍କର ବଷ୍ଟର କ'ଣ

ଜିବିୟୁ ତଥା ବଙ୍କର ବଷ୍ଟର ତଥା ଏମଓପି ଭାବେ ପରିଚିତ ଏହି କ୍ଷେପଣାସ୍ତ୍ରର ଲମ୍ବ ୨୦.୭ ଫୁଟ। ଏଥିରେ ୪ଟି ଷ୍ଟାବିଲାଇଜର ଫିନ୍ସ, ୪ଟି ୱିଙ୍ଗ, ଲେଜର ସେନ୍‌ସର ଏବଂ ୱାର ହେଡ୍ ରହିଛି। ଏହାର ଓଜନ ପ୍ରାୟ ୧୪ ଟନ୍। ଏହା ୫,୩୪୨ ପାଉଣ୍ଡର ବିସ୍ଫୋରକ ନେଇପାରିବ। ଭୂତଳ ଭଣ୍ଡାର ଏବଂ କଠିନ ଲକ୍ଷ୍ୟକୁ ଭେଦ କରିବା ପାଇଁ ଏହି ବଙ୍କର ବଷ୍ଟରକୁ ଡିଜାଇନ କରାଯାଇଛି। ଏହା ୨୦୦ ଫୁଟ ତଳେ ଥିବା ଠିକଣାକୁ ମଧ୍ୟ ଧ୍ୱଂସ କରିଦେବ। ଏହି ବଙ୍କର ବଷ୍ଟରର ମୂଲ୍ୟ ୩.୫ ନିୟୁତ ଡଲାର ଅର୍ଥାତ୍ ୨୯ କୋଟି ଟଙ୍କା। ଏହା ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଅଣ ପରମାଣୁ ଅସ୍ତ୍ର। ଏହାକୁ ବୋଇଂ ଡିଜାଇନ କରିଥିଲା। ଉଚ୍ଚ କ୍ଷମତା ସମ୍ପନ୍ନ ଷ୍ଟିଲ ଏଲୟରେ ଏହାକୁ ପ୍ରସ୍ତୁତ କରାଯାଇଛି।

## ବି-୨ ଷ୍ଟିଲ୍‌ଥ ବମ୍ବରର କ୍ଷମତା

ଏହି ବିମାନକୁ ଆମେରିକା ବାୟୁସେନାର ମେରୁଦଣ୍ଡ ଧରାଯାଏ। ବିଶ୍ୱର ପ୍ରମୁଖ ଶକ୍ତିଶାଳୀ ବିମାନ ମଧ୍ୟରୁ ଏହା ଅନ୍ୟତମ। ଅତ୍ୟାଧୁନିକ ଜ୍ଞାନକୌଶଳ ସହ ଏହାକୁ ଡିଜାଇନ କରାଯାଇଛି। ଏହାର ପର୍ଯ୍ୟବେକ୍ଷଣ କ୍ଷମତା ଅତ୍ୟନ୍ତ ତୀକ୍ଷଣ। ଯେକୌଣସି ଉଚ୍ଚତାରେ ଏହା ଉଡ଼ାଣ କରିବାକୁ ସକ୍ଷମ। ଏହା ସବୁଠାରୁ ଅତ୍ୟାଧୁନିକ ବାୟୁ ପ୍ରତିରକ୍ଷା ବ୍ୟବସ୍ଥାକୁ ମଧ୍ୟ ଭେଦ କରିଦେବ। ଏହା ଥରକେ ୧୧ ହଜାର କିମି ପର୍ଯ୍ୟନ୍ତ ଉଡ଼ାଣ କରିପାରିବ। ପୁଣି ଇନ୍ଧନ ଭର୍ତ୍ତି କରିବା ପରେ ୧୯ ହଜାର କିମି ପର୍ଯ୍ୟନ୍ତ ଉଡ଼ିପାରିବ। ଏହି ବିମାନ ଏକାଥରକେ ୨ଟି ବଙ୍କର ବଷ୍ଟର ବୋମା ନେଇ ଯାତ୍ରା କରିପାରିବ। କାରଣ ଏହି ବୋମାର ଓଜନ ପ୍ରାୟ ୩୦ ହଜାର ପାଉଣ୍ଡ ତଥା ୧୪ ଟନ୍ ହୋଇଥାଏ। ଅଧିକ ଓଜନର ହୋଇଥିବାରୁ ବି-୨ କେବଳ ୨ଟି ଏମଓପି ସହିତ ଅନ୍ୟ ଅସ୍ତ୍ରଶସ୍ତ୍ର ନେଇପାରିବ। ଏହି ବିମାନର ମୂଲ୍ୟ ୨ ବିଲିୟନ ଡଲାର ଅର୍ଥାତ୍ ପ୍ରାୟ ୧୭ ହଜାର କୋଟି ଟଙ୍କା। ଏହାର ଓଜନ ୭୧ ହଜାର କେଜି। ଏହା ୧.୭୧ ଲକ୍ଷ କେଜି ସହ ଉଡ଼ାଣ କରିବାରେ ସକ୍ଷମ। ଏହି ବିମାନରେ ଏଫ୧୧୮-ଜିଇ-୧୦୦ ଇଞ୍ଜିନ ଲାଗିଛି। ଏହା ୪୦ ହଜାର ପାଉଣ୍ଡର ପେଲୋଡ ନେଇ ଯେକୌଣସି ଲକ୍ଷ୍ୟକୁ ୨୪ ଘଣ୍ଟା ମଧ୍ୟରେ ନଷ୍ଟ କରିପାରିବ।

# ମୋଦୀଙ୍କ ସହ କଥା ହେଲେ ଇରାନ ରାଷ୍ଟ୍ରପତି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଆଣବିକ କେନ୍ଦ୍ର ଉପରେ ଆମେରିକା ଆକ୍ରମଣ କରିବା ପରେ ସାରା ବିଶ୍ୱରେ ଏ ନେଇ ତୀବ୍ର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଏ ନେଇ ଇରାନ ରାଷ୍ଟ୍ରପତି ମାସୁଦ୍ ପେଜେସକିଆନ୍‌ଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଇସ୍ରାଏ୍ ଓ ଇରାନ ମଧ୍ୟରେ ଚାଲିଥିବା ଯୁଦ୍ଧ କରାଣରୁ ସମ୍ପୂର୍ଣ୍ଣ ମଧ୍ୟପ୍ରାଚ୍ୟରେ ଅଶାନ୍ତି ଓ ଭୟର ବାତାବରଣ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ଯଥାଶୀଘ୍ର ସଂଘର୍ଷ କମ୍ କରିବା ସହ କଥାବାର୍ତ୍ତା ଓ କୂଟନୈତିକ ପ୍ରୟାସ ଜରିଆରେ ଶାନ୍ତି ପ୍ରତିଷ୍ଠା କରିବାକୁ ମୋଦୀ ମାସୁଦ୍‌ଙ୍କୁ କହିଥିଲେ। ସମ୍ପ୍ରତିକ ସ୍ଥିତି ନେଇ ଦୁଇ ଦେଶର ରାଷ୍ଟ୍ରମୁଖ୍ୟ ବିସ୍ତୃତ ଭାବେ ୪୫ ମିନିଟ୍ ଧରି କଥା ହୋଇଥିଲେ। ଏଥିପାଇଁ ମାସୁଦ୍ ମୋଦୀଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି। ଭାରତ ହେଉଛି ଇରାନ୍‌ର ମିତ୍ର ଏବଂ ଏହି ଅଞ୍ଚଳରେ ଶାନ୍ତି, ସ୍ଥିରତା ଓ ନିରାପତ୍ତା ଫେରାଇ ଆଣିବା ପାଇଁ ଭାରତର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଇରାନ୍ ରାଷ୍ଟ୍ରପତି କହିଥିଲେ।

# ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବ ରୁଷ!

ତେହରାନ, ୨୨।୬(ଏଜେନ୍ସି):

ଇରାନ ପରମାଣୁ କେନ୍ଦ୍ର ଉପରେ ଆମେରିକାର ଆକ୍ରମଣକୁ ରୁଷ ଓ ଚୀନ ବିରୋଧ କରିବା ସହିତ ଏହାର ଦୃଢ଼ ନିନ୍ଦା କରିଛନ୍ତି। ଆମେରିକାର ଏଭଳି ଆକ୍ରମଣ ମଧ୍ୟପ୍ରାଚ୍ୟରେ ପରିସ୍ଥିତିକୁ ବିଗାଡ଼ିଦେବ ବୋଲି ସେମାନେ ସତର୍କ କରାଇଛନ୍ତି। ରୁଷ ଏହି ଘଟଣାରେ ଉଦବେଗ ପ୍ରକାଶ କରିବା ସହିତ କହିଛି ଯେ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି। ରୁଷ ମଧ୍ୟ ଇରାନକୁ ପରମାଣୁ ଶକ୍ତି ଓ ଜ୍ଞାନକୌଶଳ ଯୋଗାଇବ ବୋଲି ରୁଷର ପୂର୍ବତନ ରାଷ୍ଟ୍ରପତି କହିଛନ୍ତି। ଇରାନକୁ ରୁଷ ପରମାଣୁ ଅସ୍ତ୍ର ଯୋଗାଇପାରେ ବୋଲି ସୂଚନା ମିଳିଛି।

**ଆକ୍ରମଣକୁ ଚୀନ୍, ଜାତିସଂଘର ନିନ୍ଦା**

ଚୀନ୍ ମଧ୍ୟ ଇରାନ ଉପ ।।ରେ ଆକ୍ରମଣକୁ କଡ଼ା ନିନ୍ଦା କରିଛି। ଆମେରିକା ଅନ୍ତର୍ଜାତୀୟ ନିୟମ ଓ ଜାତିସଂଘ ନିୟମାବଳୀର ଉଲ୍ଲଂଘନ କରିଛି ବୋଲି ଚୀନ୍ ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର କହିଛନ୍ତି। ଏଥିସହ ମଧ୍ୟପ୍ରାଚ୍ୟରେ ଶାନ୍ତି ଫେରାଇ ଆଣିବା ଉପରେ ସେ ଗୁରୁତ୍ୱ ଦେଇଛନ୍ତି। ଯେତେଶୀଘ୍ର ସମ୍ଭବ ଇସ୍ରାଏଲ୍ ଅସ୍ତ୍ରବିରତି ଘୋଷଣା କରୁ ଓ ସାଧାରଣ ନାଗରିକଙ୍କ ସୁରକ୍ଷାକୁ ଗୁରୁତ୍ୱ ଦେବା ସହ କଥାବାର୍ତ୍ତା ଉପରେ ଗୁରୁତ୍ୱ ଦେଉ ବୋଲି ସେ କହିଛନ୍ତି। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁତରେସ୍ ନିନ୍ଦା କରିଛନ୍ତି। ଏହା ମଧ୍ୟପ୍ରାଚ୍ୟ ସମେତ ସାରା ବିଶ୍ୱରେ ଅନ୍ତର୍ଜାତୀୟ ଶାନ୍ତି ପ୍ରତିଷ୍ଠା ଓ ନିରାପତ୍ତା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଛି ବୋଲି ସେ କହିଛନ୍ତି। ବାହୁବଳ ତଥା ସାମରିକ ଶକ୍ତି ଦ୍ୱାରା କୌଣସି ସମସ୍ୟାର ସମାଧାନ ହୋଇନାହିଁ। ସମସ୍ୟା ଓ ମତପାର୍ଥକ୍ୟ ଦୂର କରିବ ପାଇଁ କୁଟନୈତିକ ପ୍ରୟାସ ଜାରି ରଖିବା ଉଚିତ। ସାରା ବିଶ୍ୱରେ ଶାନ୍ତି ହିଁ ଏକମାତ୍ର ଆଶା ହେବା ଉଚିତ। ସବୁ ଦେଶ ଅନ୍ତର୍ଜାତୀୟ ନିୟମକୁ ଅନୁସରଣ କରିବା ଉଚିତ। ଯୁଦ୍ଧ କେବେ କୌଣସି ସମସ୍ୟାର ସମାଧାନ ନୁହେଁ ବୋଲି ସେ କହିଛନ୍ତି।

ଇରାନର ପରମାଣୁ କେନ୍ଦ୍ର ଉପରେ ଆମେରିକା କରିଥିବା ଆକ୍ରମଣକୁ ପାକିସ୍ତାନ ନିନ୍ଦା କରିଛି। ଏହି ଆକ୍ରମଣ ଅନ୍ତର୍ଜାତୀୟ ଆଇନ ବିରୋଧୀ ବୋଲି କୁହାଯାଇଛି। ଇରାନର ଆତ୍ମରକ୍ଷା କରିବାର ସମ୍ପୂର୍ଣ୍ଣ ଅଧିକାର ରହିଛି। ପାକିସ୍ତାନର ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ଯେ ଜାତିସଂଘ ଚାର୍ଟର ଅନୁଯାୟୀ ସାର୍ବଭୌମତ୍ୱ ଏବଂ ଲୋକଙ୍କ ସୁରକ୍ଷା ପାଇଁ ଜବାବ ଦେବାର ଅଧିକାର ଇରାନର ରହିଛି। ପାକିସ୍ତାନ ଚେତାବନୀ ଦେଇଛି ଯେ ଯଦି ଉତ୍ତେଜନା ଆହୁରି ବୃଦ୍ଧି ପାଏ ତେବେ ଏହା କେବଳ ଏହି କ୍ଷେତ୍ର ନୁହେଁ, ବରଂ ସମଗ୍ର ବିଶ୍ୱକୁ ପ୍ରଭାବିତ କରିବ। ସାଉଦୀ ଆରବ ସମେତ ଅନେକ ଆରବ ରାଷ୍ଟ୍ର ସାଂପ୍ରତିକ ପରିସ୍ଥିତି ନେଇ ଚିନ୍ତା ପ୍ରକଟ କରିଛନ୍ତି। ସେମାନେ ପରିସ୍ଥିତି ଉପରେ ନଜର ରଖିଥିବା କହିଛନ୍ତି।

ଇରାନ ପରମାଣୁ ଠିକଣା ଉପରେ ଆକ୍ରମଣକୁ ନେଇ ଅନ୍ତର୍ଜାତୀୟ ଅଟୋମିକ ଏନର୍ଜି ଏଜେନ୍ସି (ଆଇଏଇଏ) ସୋମବାର ଜରୁରୀ ବୈଠକ ଡାକିଛି। ଆଇଏଇଏର ମୁଖ୍ୟ ରାଫେଲ ଗ୍ରୋସି ଏହି ସୂଚନା ଦେଇ କହିଛନ୍ତି ଯେ ଇରାନରେ ଜରୁରୀ ସ୍ଥିତି ଦେଖା ଦେଇଛି। ତେବେ ଇରାନର ଫରଦୋ, ନତାଞ୍ଜ ଏବଂ ଇସଫାହନ କେନ୍ଦ୍ରରୁ କୌଣସି ବିକିରଣ ହେଉ ନ ଥିବା କୁହାଯାଇଛି। ସ୍ଥିତି ଉପରେ ନଜର ରଖାଯାଇଛି।

# ଘରେ ପଶି ସ୍ୱାମୀଙ୍କୁ ଗୁଳି, ସ୍ତ୍ରୀ ଓ ପିଲାଙ୍କୁ ଅପହରଣ

ଭୋପାଳ, ୨୨।୬: ମଧ୍ୟପ୍ରଦେଶରେ ଛତରପୁର ଜିଲ୍ଲାରେ ରବିବାର ଏକ ଅଭାବନୀୟ ଘଟଣା ଘଟିଛି। ସ୍ପଷ୍ଟ ଦିବାଲୋକରେ କେତେକ ଲୋକ ଘରେ ପଶି ଜଣେ ପୁରୁଷଙ୍କୁ ଗୁଳିମାରିବା ସହ ବନ୍ଧୁକ ଦେଖାଇ ତାଙ୍କ ପତ୍ନୀ ଓ ଦୁଇ ଝିଅ (୫ ଓ ୭ ବର୍ଷର)ଙ୍କୁ ଅପହରଣ କରି ନେଇଛନ୍ତି। ଏହି ଘଟଣାର ଭିଡିଓ ଇଣ୍ଟରନେଟ୍ ବେଶ୍ ଭାଇରାଲ ହୋଇଛି। ବିଜେପି ଶାସିତ ମଧ୍ୟପ୍ରଦେଶରେ ଏହି ଘଟଣା ଘଟିଥିବାରୁ ବିରୋଧୀ ଦଳଗୁଡିକ ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ନେଇ ପ୍ରଶ୍ନ ଉଠାଇଛନ୍ତି।

ପାଖାପାଖି ୧୨ ଜଣ ଲୋକ ହାତରେ ପିସ୍ତଲ, ବାଡି, ରଡ୍ ଧରି ହରିରାମ ପାଲଙ୍କ ଘରେ ପଶିଥିଲେ। ଏକ ଏସ୍‌ୟୁଭି କାର ଓ ଏକାଧିକ ମଟର ସାଇକଲ ଚଢ଼ି ଅଭିଯୁକ୍ତମାନେ ହରିରାମଙ୍କ ଘରେ ପଶି ତାଙ୍କୁ ଗୁଳି ମାରିଥିଲେ ଓ ପରିବାର ସଦସ୍ୟଙ୍କୁ ଧକ୍କା ମାରିଥିଲେ। ହରିରାମ ଗୁରୁତର ଭାବେ ଆହତ ହୋଇଥିଲେ। ତାଙ୍କୁ ଜିଲ୍ଲା ହସ୍ପିଟାଲରେ ଭର୍ତ୍ତି କରାଯାଇଛି ଓ ତାଙ୍କ ସ୍ଥିତି ସଙ୍କଟାପର୍ଣ୍ଣ ବୋଲି କୁହାଯାଇଛି। ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ସଞ୍ଜୟ ସିଂ ରାଜପୁତ ସେହି ଗ୍ରାମର ବୋଲି ପୁଲିସ କହିଛି। ସଞ୍ଜୟର ନେତୃତ୍ୱର ୧୦ରୁ ୧୫ ଜଣ ଲୋକ ଏହି କାଣ୍ଡ ଘଟାଇଛନ୍ତି। ବ୍ୟକ୍ତିଗତ ଶତ୍ରୁତା କାରଣରୁ ସଞ୍ଜୟ ଏହି କାଣ୍ଡ ଭିଆଇଛି ବୋଲି କୁହାଯାଉଛି।

ଏନେଇ ଅଧିକ ତଦନ୍ତ ହେଲେ ଆହୁରି ତଥ୍ୟ ସାମ୍ନାକୁ ଆସିବ। ଏପର୍ଯ୍ୟନ୍ତ ୫ ଜଣଙ୍କୁ ଗିରଫ କରାଯାଇଛି ବୋଲି ପୁଲିସ କହିଛି। ଏହି ମାମଲାରେ ୯ ଜଣ ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ୍) ଧାରା ୧୧ ଅନୁସାରେ ମାମାଲା ରୁଜୁ କରାଯାଇଛି। ଅପହରଣ ଓ ହତ୍ୟା ଉଦ୍ୟମ ଧାରା ସାମିଲ ରହିଛି। ୮ ଜଣ ଅଭିଯୁକ୍ତଙ୍କ ପରିଚୟ ଏପର୍ଯ୍ୟନ୍ତ ଜଣାପଡିନାହିଁ।

# ଆଜିଠୁ ବର୍ଷା, ୨୪ରୁ ବଢ଼ିବ

ଭୁବନେଶ୍ୱର,୨୨।୬(ସମିସ): ସୋମବାରଠାରୁ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଆରମ୍ଭ ହେବ। ବର୍ତ୍ତମାନ ଜାରି ରହିଥିବା ଗୁଳୁଗୁଳି ସ୍ଥିତି ଯୋଗୁଁ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ପାଇଁ ପାଗ ଅନୁକୂଳ ରହୁଛି। ତେଣୁ ସୋମବାର ରାଜ୍ୟର ଅନେକ ସ୍ଥାନରେ ବିଜୁଳି ଘଡ଼ିଘଡ଼ି ଜନିତ ବର୍ଷା ଆଶଙ୍କା ରହିଛି। ଏହାବ୍ୟତୀତ ୨୪ ତାରିଖରେ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ଓ ପରିସ୍ଥିତି ଅନୁକୂଳ ରହିଲେ ପରବର୍ତ୍ତୀ ସମୟରେ ଏକ ଲଘୁଚାପ ସୃଷ୍ଟି ଆଶଙ୍କା ରହିଛି। ଏହା ପ୍ରଭାବରେ ୨୪ରୁ ବର୍ଷାର ପ୍ରଭାବ ବଢ଼ିବାର ସମ୍ଭାବନା ରହିଛି। ଏହାପରେ ଅର୍ଥାତ୍ ୨୮ କିମ୍ବା ୨୯ ତାରିଖରେ ମଧ୍ୟ ଘୂର୍ଣ୍ଣିବଳୟ କିମ୍ବା ଲଘୁଚାପ ଆଶଙ୍କା ରହିଥିବାରୁ ପ୍ରାୟ ମାସ ଶେଷ ପର୍ଯ୍ୟନ୍ତ ରାଜ୍ୟରେ ଭଲ ବର୍ଷା ଆକଳନ କରାଯାଇଛି। ବର୍ଷା ସ୍ଥିତିକୁ ଦୃଷ୍ଟିରେ ରଖି ପାଣିପାଗ କେନ୍ଦ୍ର ପକ୍ଷରୁ ଆସନ୍ତା ୫ ଦିନ ପାଇଁ ବିଭିନ୍ନ ଜିଲ୍ଲାକୁ ସତର୍କତା ଜାରି କରାଯାଇଛି।

# ୭ରୁ କଳାବ୍ୟାଜ୍ ପିନ୍ଧିବେ ଅମଲା

ଭୁବନେଶ୍ୱର, ୨୨।୬(ସମିସ): ଓଡ଼ିଶା ରାଜସ୍ୱ ଅମଲା ସଂଘର କାର୍ଯ୍ୟକାରିଣୀ ବୈଠକ ରେଡ୍‌କ୍ରସ୍ ଭବନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟର ୩୦ଟି ଜିଲ୍ଲାର ନେତୃବୃନ୍ଦ ଓ ରାଜ୍ୟ କାର୍ଯ୍ୟକାରିଣୀର ସମସ୍ତ ସଦସ୍ୟ/ସଦସ୍ୟା ଯୋଗ ଦେଇଥିଲେ। ଜିଲ୍ଲାସ୍ତରରେ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କର ଦାବିଗୁଡ଼ିକ ପ୍ରତି ରାଜ୍ୟ ସରକାରଙ୍କ ବୈମାତୃକ ମନୋଭାବ ସମ୍ବନ୍ଧରେ ବିସ୍ତୃତ ଆଲୋଚନା କରାଯାଇଥିଲା। ସମସ୍ତ ସଦସ୍ୟ/ସଦସ୍ୟାମାନେ ରାଜ୍ୟ ସରକାରଙ୍କର ମନୋଭାବକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ। ଏଥିପ୍ରତି ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ପୁନର୍ବାର କୌଣସି ଆଲୋଚନା ନକରି

## ୧୪ରୁ ଅନିର୍ଦ୍ଦିଷ୍ଟ କାଳ କାର୍ଯ୍ୟବନ୍ଦ ଆନ୍ଦୋଳନ

ସିଧାସଳଖ ଆନ୍ଦୋଳନତ୍ମକ ପନ୍ଥା ଆପଣାଇବାକୁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ହୋଇଥିଲା। ଆଗାମୀ ୧୫ଦିନ ଭିତରେ ରାଜ୍ୟ ସରକାର ଦାବିଗୁଡ଼ିକ ପୂରଣ ନକଲେ ସଂଘ ଜୁଲାଇ ୭ରୁ ୧୧ ପର୍ଯ୍ୟନ୍ତ କଳାବ୍ୟାଜ୍ ପରିଧାନ କରିବ। ଏହାପରେ ବି ସରକାର ଉପରୋକ୍ତ ଦାବି ଉପରେ ପଦକ୍ଷେପ ନ ନେଲେ, ଜୁଲାଇ ୧୪ରୁ ସମ୍ପୂର୍ଣ୍ଣ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିବା ସଭାପତି ତ୍ରିପତି ବାଲାଜୀ ସାହୁ, ସାଧାରଣ ସମ୍ପାଦକ ନରେଶ ଚନ୍ଦ୍ର ମହାପାତ୍ର ଜଣାଇଛନ୍ତି। ଦାବିଗୁଡ଼ିକ ହେଲା, ଜିଲ୍ଲାସ୍ତରୀୟ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କ ମୂଳ ଦରମା ଓଆର୍‌ଏସ୍‌ପି-୨୦୧୭ ନିୟମ ଅନୁଯାୟୀ ଲେବେଲ-୯କୁ ବୃଦ୍ଧି, ନୂତନ ପଦ ସୃଷ୍ଟି ଓ ପଦବୀ ପୁନର୍ଗଠନ, କାର୍ଯ୍ୟରତ ସମସ୍ତ ସରକାରୀ କର୍ମଚାରୀଙ୍କୁ ବାର୍ଷିକ ୨୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଲାଗୁ, ୧୯୯୦ ମସିହାରେ ଲାଗୁ ନିୟମାବଳୀ ଅନୁଯାୟୀ ମୃତ ସରକାରୀ କର୍ମଚାରୀଙ୍କ ପରିବାରର ଯେକୌଣସି ଜଣେ ସଦସ୍ୟଙ୍କୁ ଯୋଗ୍ୟତା ଭିତ୍ତିରେ ନିଯୁକ୍ତି, ଓଡ଼ିଶା ରାଜସ୍ୱ ସେବା ପଦ୍ଧତିରେ ରାଜସ୍ୱ ଅମଲାମାନଙ୍କୁ ଶତପ୍ରତିଶତ ପଦୋନ୍ନତି ଇତ୍ୟାଦି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ସଂଘ ଅଧ୍ୟକ୍ଷ ଲୋକେଶ୍ୱର ସାହୁ, କାର୍ଯ୍ୟକାରୀ ଅଧ୍ୟକ୍ଷ ପ୍ରସନ୍ନ କୁମାର ନାୟକ, ରାଜ୍ୟ ସଂଘର କର୍ମକର୍ତ୍ତା ଏବଂ ସମସ୍ତ ଜିଲ୍ଲା ଶାଖାର ସଭାପତି ସମ୍ପାଦକ ସହିତ ସମସ୍ତ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

# ନିଯୁକ୍ତି ଆବେଦନ ପାଇଁ ଲାଗିବ ଫି'

ଭୁବନେଶ୍ୱର,୨୨।୬(ସମିସ): ବିଭିନ୍ନ ନିଯୁକ୍ତି ପାଇଁ ଆବେଦନ କରିବାକୁ ଏଣିକି ନିର୍ଦ୍ଧାରିତ ଫି' ଦେବାକୁ ପଡ଼ିବ। ପରୀକ୍ଷା ଦେଉଥିବା ପରୀକ୍ଷାର୍ଥୀଙ୍କୁ ସେହି ଅର୍ଥ ଫେରସ୍ତ କରାଯିବ। ହେଲେ ପରୀକ୍ଷା ଦେଉ ନ ଥିବା ପରୀକ୍ଷାର୍ଥୀଙ୍କୁ ଆଉ ସେହି ଆବେଦନ ଫି' ଫେରସ୍ତ ମିଳବ ନାହିଁ। ଖାମଖିଆଲି ଭାବେ ଆବେଦନ କରୁଥିବା ଆଶାୟୀଙ୍କୁ ନିରୁତ୍ସାହିତ କରିବା ପାଇଁ ଏପରି ବ୍ୟବସ୍ଥା ଆଣିବାକୁ ନିଷ୍ପତ୍ତି ହୋଇଛି।

ଆବେଦନ ସତ୍ତ୍ୱେ ବହୁସଂଖ୍ୟ ଆଶାୟୀ ପରୀକ୍ଷା ଦେଉ ନାହାନ୍ତି। ଏନେଇ ମୁଖ୍ୟ ସଚିବଙ୍କ ଅଧ୍ୟକ୍ଷତାରେ ଗତ ମାର୍ଚ୍ଚ ୪ରେ ଅନୁଷ୍ଠିତ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି। ଏହାର ନିରାକରଣସମ୍ପର୍କରେବିଚାରବିମର୍ଶପରେଫି' ଲାଗୁକରିବାକୁନିଷ୍ପତ୍ତିହୋଇଛି। ରାଜ୍ୟରେନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)କୁ ମତାମତ ଓ ପ୍ରସ୍ତାବ ଦେବାକୁ ସାଧାରଣ ପ୍ରଶାସନ ଓ ସାଧାରଣ ବିଭାଗ ପକ୍ଷରୁ କୁହାଯାଇଛି। କେଉଁ ପରୀକ୍ଷା ପାଇଁ କେତେ ଟଙ୍କା ଫି' ଧାର୍ଯ୍ୟ କରାଯିବ ଏବଂ ଆବେଦନକାରୀଙ୍କୁ କିପରି ତାହା ଫେରସ୍ତ କରାଯିବ ସେନେଇ ଆସନ୍ତା ୨୪ ତାରିଖ ମଧ୍ୟରେ ଅବଗତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

ରେଲୱେ ବୋର୍ଡ ଓ ଏସ୍‌ଏସ୍‌ବି ପରି କେନ୍ଦ୍ର ସରକାରଙ୍କ ଅଧୀନସ୍ଥ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାଗୁଡ଼ିକ ଏପରି ନୀତି ଆପଣାଇଛନ୍ତି। ଫଳରେ ଖାମଖିଆଲି ଆବେଦନକାରୀଙ୍କ ସଂଖ୍ୟା ପ୍ରାୟତଃ ନଥାଏ। କାରଣ ପରୀକ୍ଷା ନଦେଲେ ସେମାନଙ୍କ ଫି' ଫେରସ୍ତ ମିଳିବ ନାହିଁ ବୋଲି ଜାଣିବା ପରେ ସେମାନେ ଆବେଦନ କରୁନାହାନ୍ତି। ନୂଆ ନିଷ୍ପତ୍ତି ଦ୍ୱାରା ଆବେଦନକାରୀଙ୍କ ସଂଖ୍ୟା କମିବ। ଫଳରେ ପରୀକ୍ଷାକେନ୍ଦ୍ର କମିବା ସହ ଗୋଟିଏ ସିଫ୍ଟରେ ମଧ୍ୟ ପରୀକ୍ଷା ପରିଚାଳନା ହୋଇପାରିବ। ସରକାରଙ୍କ ବ୍ୟୟଭାର କମିବା ସହ ତ୍ୱରିତ ବେଗରେ ପରୀକ୍ଷା ହୋଇପାରିବ ବୋଲି ଓପିଏସ୍‌ସି ଆଶାୟୀ ଅମ୍ରିତ୍ ପାଣିଗ୍ରାହୀ ପ୍ରକାଶ କରିଛନ୍ତି।

## ପୁଲିସ ଇନ୍‌ଫର୍ମର ସନ୍ଦେହ

# ଦୁଇ ଗ୍ରାମବାସୀଙ୍କୁ ମାଓବାଦୀଙ୍କ ହତ୍ୟା

ମାଲକାନଗିରି, ୨୨।୬ (ସମିସ): ସୀମାନ୍ତରେ ପୁଣି ସକ୍ରିୟ ହୋଇଉଠିଛନ୍ତି ମାଓବାଦୀ। ସୂଚନାଦାତା ସନ୍ଦେହରେ ଦୁଇ ଗ୍ରାମବାସୀଙ୍କୁ ନିର୍ମମ ଭାବେ ହତ୍ୟା କରିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ରାଜ୍ୟ ବିଜାପୁର ଜିଲ୍ଲାରେ ମାଓବାଦୀମାନେ ଗତ କିଛି ଦିନ ହେଲା ନିରୀହ ଗ୍ରାମବାସୀଙ୍କୁ ଟାର୍ଗେଟ କରି ଚାଲିଛନ୍ତି। ଆଜି ସକାଳେ ମାଓବାଦୀମାନେ ଛତିଶଗଡ ରାଜ୍ୟ ବିଜାପୁର ଜିଲ୍ଲାର ପାମେଡ ଥାନା ଅନ୍ତର୍ଗତ ସେଣ୍ଡ୍ରାବୋର ଏବଂ ଏମ୍ପୁର ଗାଁରେ ଦୁଇଜଣ ଗ୍ରାମବାସୀଙ୍କୁ ନିର୍ମମ ଭାବରେ ହତ୍ୟା କରିଛନ୍ତି। ମୃତକଙ୍କ ମଧ୍ୟରେ ସେଣ୍ଡ୍ରାବୋର ଗାଁର ସମୟା ସୁନମ ରହିଛନ୍ତି। ସେ କିଛି ଦିନ ପୂର୍ବରୁ ମାଓ ସଂଗଠନ ଛାଡି ପୁଲିସ ନିକଟରେ ଆତ୍ମ ସମର୍ପଣ କରିଥିଲେ। ସେ ଆରପିସି ସଦସ୍ୟ ଭାବେ ମାଓବାଦୀ ସଂଗଠନରେ ସକ୍ରୀୟ ଥିଲେ। ସେହିପରି ଏମପୁର ଗାଁର ବେକୋ ଦେବାଙ୍କୁ ମାଓବାଦୀ ମାନେ ହତ୍ୟା କରିଛନ୍ତି। ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି। ଗ୍ରାମବାସୀଙ୍କୁ ବାରମ୍ବାର ହତ୍ୟା କରାଯିବା ଫଳରେ ଅଞ୍ଚଳରେ ଗ ଭୟର ବାତାବରଣ ଖେଳିଯାଇଛି। ପୁଲିସ ପକ୍ଷରୁ ତଲାସି ଅଭିଯାନକୁ ଜୋରଦାର କରାଯାଇଛି।





ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଭୁବନେଶ୍ୱର ଶ୍ରୀ ଲିଙ୍ଗରାଜ ମନ୍ଦିର ଓ ଯାଜପୁର ମା' ବିରଜା ମନ୍ଦିରରେ ପୂଜାର୍ଚ୍ଚନା

**ଅସୁରକ୍ଷିତ ଓଡ଼ିଶା**

# ବର୍ଷକର ଉପଲବ୍ଧି 'ଅନ୍ତର୍ଜାତୀୟ ଲଜ୍ଜା'

- ଓଡ଼ିଶାର ନାଁ ବିଶ୍ୱଦରବାରରେ ଭୂଲୁଣ୍ଠିତ: ଅରୁଣ
- ଗାଦି ଛାଡ଼ନ୍ତୁ ଓଡ଼ିଶାର ବିଜେପି ସରକାର: ତାରା





ଭୁବନେଶ୍ୱର,୨୨।୬(ସମିସ): ସାରା ଦେଶ ଓ ବିଶ୍ୱରେ ଶାନ୍ତିପ୍ରିୟ ରାଜ୍ୟ ଭାବେ ଏକଦା ସମ୍ମାନ ଅର୍ଜନ କରିଥିବା ଓଡ଼ିଶା ଏବେ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ । ନିଜ ନାଗରିକମାନଙ୍କୁ ଓଡ଼ିଶା ନ ଯିବା ପାଇଁ ଆମେରିକା ବାରଣ କରିବା ପରେ ରାଜ୍ୟବାସୀଙ୍କ ପାଇଁ ଲଜ୍ଜାଜନକ ପରିସ୍ଥିତି ସୃଷ୍ଟି ହୋଇଛି । ବିହାର, ପଶ୍ଚିମବଙ୍ଗ ପରି ଓଡ଼ିଶାର ଆଇନଶୃଙ୍ଖଳା ପରିସ୍ଥିତି ଏକପ୍ରକାର ଭୁଶୁଡ଼ି ପଡ଼ିଛି ଏବଂ ଦୁଷ୍କର୍ମ ଘଟଣା ଦ୍ରୁତଗତିରେ ବୃଦ୍ଧି ପାଉଥିବା ଦର୍ଶାଇ ଆମେରିକା ବୈଦେଶିକ ମନ୍ତ୍ରଣାଳୟ ଓଡ଼ିଶା ସହ ୬ ଭାରତୀୟ ରାଜ୍ୟ ନ ଯିବାକୁ ନିଜ ନାଗରିକମାନଙ୍କୁ ପରାମର୍ଶ ଦେଇଛି। ଓଡ଼ିଶାକୁ ନେଇ ଆମେରିକାର ଏଭଳି ଟିପ୍ପଣୀ ପରେ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି ବିରୋଧୀ ବିଜେଡି ଓ କଂଗ୍ରେସ। ବିଜେପି ସରକାର କ୍ଷମତା ଦଖଲର ମାତ୍ର ବର୍ଷକ ମଧ୍ୟରେ ଓଡ଼ିଶାକୁ ଆନ୍ତର୍ଜାତୀୟସ୍ତରରେ ଲଜ୍ଜିତ କରିଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ବିଜେଡି ବରିଷ୍ଠ ବିଧାୟକ ଡଃ ଅରୁଣ ସାହୁ କହିଛନ୍ତି ଯେ ରାଜ୍ୟରେ ଆଇନ୍‌ଶୃଙ୍ଖଳା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ମହିଳାମାନେ ଅତ୍ୟାଚାର ଓ ବଳାତ୍କାରର ଶିକାର ହେଉଛନ୍ତି। ରାଜ୍ୟରେ ପ୍ରତିଦିନ ମୁଣ୍ଡ ଗଡୁଛି। ନବୀନ ସରକାରଙ୍କ ସମୟରେ ନକ୍ସଲ ଆକ୍ରମଣକୁ ଦମନ କରାଯାଇଥିବା ବେଳେ ଏବେ ଏହା ମୁଣ୍ଡ ଟେକୁଛି। ସମସ୍ତ କଥାକୁ ନେଇ ଆମେରିକା ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ଏଭଳି ଘଟଣା ଦ୍ୱାରା ଓଡ଼ିଶା ବିଶ୍ୱଦରବାରରେ ଯେଉଁ ନାଁ କରିଥିଲା, ତାହା ଏବେ ଭୂଲୁଣ୍ଠିତ ହୋଇଛି। ଆନ୍ତର୍ଜାତୀୟସ୍ତରରେ ଓଡ଼ିଶା ଲଜ୍ଜିତ ହୋଇଛି। ରାଜ୍ୟ ସରକାରଙ୍କ ସତ୍‌ସାହସ ଥିଲେ ସେମାନେ ଟ୍ରମ୍ପଙ୍କୁ ଜୋର୍‌ଦାର ବିରୋଧ କରନ୍ତୁ; ମାତ୍ର ଏମାନେ ତାହା କରିପାରିବେ ନାହିଁ ବୋଲି ଡଃ ସାହୁ କହିଛନ୍ତି। ଓଡ଼ିଶା ଏବେ ଅଧୋଗତି ଆଡ଼କୁ ଯାଉଛି। ଆମେ ଯାହା କହିଥିଲୁ, ଏବେ ସେଇଆ ଘଟୁଛି। ସରକାର ଏ ଘଟଣାରେ ତୁରନ୍ତ ପ୍ରତିକାର ନ କଲେ ଆଗକୁ ଭୟାନକ ଆନ୍ଦୋଳନ ହେବ ବୋଲି ଡଃ ସାହୁ କହିଛନ୍ତି। ଗୋପାଳପୁର ଏକ ଆନ୍ତର୍ଜାତିକ ପର୍ଯ୍ୟଟନ କ୍ଷେତ୍ର। ଗୋପାଳପୁର ଗଣଦୁଷ୍କର୍ମ ଏଭଳି ଘଟଣା ପାଇଁ ଖୋରାକ୍ ଯୋଗାଇଛି ବୋଲି ସେ କହିଛନ୍ତି।

ଓଡ଼ିଶା ଆନ୍ତର୍ଜତୀୟ ସ୍ତରରେ ନିନ୍ଦିତ ହେବା ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହୀନିପତି ସରକାରଙ୍କୁ କଡ଼ା ଭର୍ତ୍ସନା କରିଛନ୍ତି। ସେ କହିଛନ୍ତି ଯେ ଓଡ଼ିଶା ପାଇଁ ଏହା ଏକ ଲଜ୍ଜାଜନକ ଘଟଣା। କଂଗ୍ରେସ ପୂର୍ବରୁ ମହିଳା ସୁରକ୍ଷା ନେଇ ବିଧାନସଭାରେ ପ୍ରଶ୍ନ ଉଠାଇଛି। ଏଭଳି କାମ ପାଇଁ ସରକାର ମତେ ଦୁଇ ଥର ନିଲମ୍ବନ କରିଛନ୍ତି। ମହିଳାମାନେ ଓଡ଼ିଶାରେ ସୁରକ୍ଷିତ ନୁହଁନ୍ତି ବୋଲି କଂଗ୍ରେସ କରିଥିବା ଅଭିଯୋଗ ଏବେ ସତ୍ୟ ବୋଲି ପ୍ରମାଣିତ ହୋଇଛି। ଆମେରିକା ଓଡ଼ିଶାକୁ ନେଇ ଏଭଳି ମନ୍ତବ୍ୟ ଦେବା ପରେ ସରକାରରେ ରହିବା ପାଇଁ ତାଙ୍କର ଆଉ କୌଣସି ନୈତିକତା ନାହିଁ। ରାଜ୍ୟର ମନ୍ତ୍ରୀମାନେ ଓ ମୁଖ୍ୟମନ୍ତ୍ରୀଙ୍କର ନିଜସ୍ୱ ବୋଲି ଦାୟିତ୍ୱ ନାହିଁ। ଏମାନେ ସମସ୍ତ ଦାୟିତ୍ୱହୀନ ଲୋକ। ସେମାନେ ଇସ୍ତଫା ଦେଇ ଗାଦି ଛାଡ଼ିବା ଦରକାର ବୋଲି ଶ୍ରୀ ବାହିନିପତି କହିଛନ୍ତି।

ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଅକସ୍ମାତ ଭାବେ ଦୁଷ୍କର୍ମ ବଢ଼ିଛି। ବର୍ତ୍ତମାନ ରାଜ୍ୟରେ ଦୈନିକ ହାରାହାରି ୧୫ ଟି ଦୁଷ୍କର୍ମ ହେଉଛି। ଏହାସହିତ ଆଇନ୍‌ଶୃଙ୍ଖଳା ସ୍ଥିତି ମଧ୍ୟ ଭୁଶୁଡ଼ି ପଡ଼ିଥିବା ପରିଲକ୍ଷିତ ହେଉଛି। ପ୍ରଧାନମନ୍ତ୍ରୀଙ୍କ ଗସ୍ତବେଳେ ଖୋଦ୍ ରାଜଧାନୀ ରାଜରାସ୍ତାରେ ଅପରାଧୀମାନେ ଖଣ୍ଡାରେ ହାଣି ମୁଣ୍ଡ ଗଡ଼ାଇ ଦେଉଛନ୍ତି। ଜଣେ ସେନା ଅଧିକାରୀ ଓ ତାଙ୍କ ବାନ୍ଧବୀଙ୍କୁ ପ୍ରଥମେ ରାଜଧାନୀ ରାଜରାସ୍ତାରେ ଅସଦାଚରଣ କରାଯିବା ଓ ପରେ ତାଙ୍କୁ ଥାନାରେ ଅକଥନୀୟ ନିର୍ଯ୍ୟାତନା ଦେବା ଖବର ସାରା ଦେଶରେ ଓଡ଼ିଶାର ଛବିକୁ ମଳିନ କରିଛି। ଏହି ଘଟଣା ମନରୁ ନ ଲିଭୁଣୁ ରାଜ୍ୟ ତଥା ଦେଶର ଏକ ପ୍ରମୁଖ ପର୍ଯ୍ୟଟସ୍ଥଳୀ ଗୋପାଳପୁର ବେଳାଭୂମିରେ ଜଣେ ଯୁବତୀଙ୍କୁ ୧୦ ଜଣ ଗଣବଳାତ୍କାର ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହି ସମୟରେ ନିଜ ନାଗରିକଙ୍କୁ ଓଡ଼ିଶା ନ ଯିବା ଲାଗି ଆମେରିକାର ପରାମର୍ଶ ରାଜ୍ୟ ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରିଛି ଓ ରାଜ୍ୟବାସୀଙ୍କୁ ଲଜ୍ଜିତ କରିଛି ।

# ଦିଲ୍ଲୀରେ ଅଦିନିଆ ରଥ ଗଡ଼ାଇଲା ଇସ୍କନ୍

**ଖୁସିବ୍ୟକ୍ତ କଲେ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା / ଜଗନ୍ନାଥପ୍ରେମୀ ମହଲରେ ବିରୋଧ**

ପୁରୀ,୨୨।୬(ସମିସ): ପୁଣି ଅମାନିଆ ହୋଇଛି ଇସ୍କନ। ଏପଟେ ପୁରୀରେ ରଥଯାତ୍ରା ନେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମୀକ୍ଷା କରୁଥିବା ବେଳେ ସପଟେ ଦିଲ୍ଲୀରେ ଗଡ଼ିଛି ରଥ। ଆଉ ଅଦିନିଆ ରଥଯାତ୍ରାରେ ସାମିଲ ହୋଇ ଖୁସିବ୍ୟକ୍ତ କରିଛନ୍ତି ଦିଲ୍ଲୀର ବିଜେପି ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା। ଉଭୟ ଦିଲ୍ଲୀ ଓ ଓଡ଼ିଶାରେ ବିଜେପି ସରକାର। ଅଦିନିଆ ରଥଯାତ୍ରାକୁ ନେଇ ହୋହଲ୍ଲା ଚାଲୁଥିବା ବେଳେ ଡବଲ ଇଞ୍ଜିନ୍ ସରକାର ବି ଭକ୍ତଙ୍କ ଭାବବେଗକୁ ଆଘାତ ଦେଇଛି ବୋଲି ଏବେ ଚର୍ଚ୍ଚା ଜୋର୍ ଧରିଛି। ଅନ୍ୟପକ୍ଷରେ, ଇସ୍କନର ଏଭଳି ମନମାନିକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଇସ୍କନକୁ ବିରୋଧ କରିଛନ୍ତି ଭକ୍ତ ଓ ସେବାୟତ।

ରବିବାର ଦିଲ୍ଲୀ କମଳାନଗରରେ ଆୟୋଜିତ ହୋଇଛି ରଥଯାତ୍ରା। ବିଧି ପରମ୍ପରା ଅନୁସାରେ, ଆଉ ୪ଦିନ ପରେ ରଥଯାତ୍ରା ଥିବା ବେଳେ ଆଜି ଦିଲ୍ଲୀରେ ରଥ ଗଡ଼ିଛି। କ୍ଷୋଭର ବିଷୟ ହେଉଛି,



ରବିବାର ପୁରୀରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରଥଯାତ୍ରା ପାଇଁ ବିଭିନ୍ନ ବିଭାଗର ପ୍ରସ୍ତୁତି ନେଇ ସମୀକ୍ଷା କରୁଥିବା ବେଳେ ସେପଟେ ଦିଲ୍ଲୀରେ ଗଡ଼ିଛି ରଥ। ଆଉ ସେଥିରେ ଦିଲ୍ଲୀର ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା ସାମିଲ ହୋଇ ଖୁସିବ୍ୟକ୍ତ କରିଛନ୍ତି। ନିଜେ ମୁଖ୍ୟମନ୍ତ୍ରୀ ରେଖା ଜଗନ୍ନାଥଙ୍କ ବିଗ୍ରହକୁ କାନ୍ଧରେ ଧରିଥିବା ବେଳେ ତାଙ୍କ 'ଏକ୍ସ'ରେ ପୋଷ୍ଟ କରିଛନ୍ତି ଯେ କମଳାନଗରରେ ଆୟୋଜିତ ରଥଯାତ୍ରାରେ ସାମିଲ ହୋଇଥିବାରୁ ତାଙ୍କ ଆତ୍ମାକୁ ଅଦ୍ଭୁତ ଶାନ୍ତି, ଉର୍ଜା ଏବଂ ଆନନ୍ଦ ମିଳିଲା। ଗତ ଶୁକ୍ରବାର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓଡ଼ିଶା ଗସ୍ତରେ ଆସିଥିବା ବେଳେ ରାଜ୍ୟବାସୀଙ୍କୁ ଆଗୁଆ ରଥଯାତ୍ରାର ଶୁଭେଚ୍ଛା ଜଣାଇଥିଲେ। କିନ୍ତୁ ଦୁଃଖର ବିଷୟ ହେଲା ବିଜେପି ଶାସିତ ଦିଲ୍ଲୀରେ ଅଦିନରେ ରଥ ଗଡ଼ିଛି।

ଅନ୍ୟପକ୍ଷରେ, ଇସ୍କନ ଭାରତବର୍ଷରେ ଅଦିନରେ ରଥଯାତ୍ରା ନ କରିବାକୁ ସହମତି ପ୍ରକାଶ କରିଛି ବୋଲି ଗଜପତି ମହାରାଜା କହୁଥିବା ବେଳେ ଏହି ଅଦିନିଆ ରଥଯାତ୍ରା ଇସ୍କନର ମନମୁଖୀକୁ ପଦାରେ ପକାଇଛି। ତେବେ ଏହି ଅଦିନିଆ ରଥଯାତ୍ରାକୁ ନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ଦୁଃଖ ପ୍ରକାଶ କରିଥିବା ବେଳେ ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ମଧ୍ୟ କ୍ଷୋଭ ପ୍ରକାଶ କରିଛନ୍ତି। ଶ୍ରୀଜଗନ୍ନାଥ ସଂସ୍କୃତିକୁ ବାରମ୍ବାର ଇସ୍କନ୍ ଅପମାନିତ କରୁଛି ବୋଲି କହିଛନ୍ତି ସାଂସଦ ଶ୍ରୀ ଖୁଣ୍ଟିଆ।

## ଇସ୍କନକୁ ଜଗନ୍ନାଥ ସଂସ୍କୃତି ପରମ୍ପରା ମାନିବାକୁ ହେବ: ଗଜପତି

ପୁରୀ, ୨୨।୬ (ସମିସ): ଦୀଘା ଜଗନ୍ନାଥ ମନ୍ଦିରରେ ମିଠାକୁ ମହାପ୍ରସାଦର ଆଖ୍ୟା ଦେଇ ଘରେ ଘରେ ବଣ୍ଟାଯାଇଛି। ଏହି ଘଟଣା ଜଗନ୍ନାଥପ୍ରେମୀଙ୍କୁ ଶକ୍ତ ଆଘାତ ଦେଇଥିବା ବେଳେ ଏ ସଂକ୍ରାନ୍ତରେ କଡ଼ା ପ୍ରତିକ୍ରିୟା ରଖିଛନ୍ତି ଗଜପତି ମହାରାଜା ଦିବ୍ୟସିଂହ ଦେବ। ଇସ୍କନକୁ ଯଦି ସେବାପୂଜା କରିବାର ଅଛି, ତେବେ ଜଗନ୍ନାଥ ସଂସ୍କୃତି ପରମ୍ପରାକୁ ମାନିବାକୁ ପଡ଼ିବ। ଇସ୍କନ କିଭଳି ମିଠାକୁ ମହାପ୍ରସାଦ କହୁଛି, ସେନେଇ ଆଶ୍ଚର୍ଯ୍ୟପ୍ରକଟ କରିଛନ୍ତି ଗଜପତି ମହାରାଜା।

ଇସ୍କନର ଅଦିନିଆ ରଥଯାତ୍ରା ପ୍ରସଙ୍ଗରେ ଗଜପତି ମହାରାଜା କହିଛନ୍ତି, ବାରମ୍ବାର ଇସ୍କନ ସଂସ୍ଥା ସହ ଆଲୋଚନା ପରେ ସେମାନେ ଭାରତବର୍ଷରେ ତିଥି ପରମ୍ପରା ଅନୁଯାୟୀ ରଥଯାତ୍ରା କରିବାକୁ ରାଜି ହୋଇଛନ୍ତି। କିନ୍ତୁ ଭାରତ ବାହାରେ ଇସ୍କନର ମୁଖ୍ୟ କାର୍ଯ୍ୟାଳୟ ଯେଉଁ ପର୍ଯ୍ୟନ୍ତ ନିଷ୍ପତ୍ତି ନେଇନାହାନ୍ତି, ସେପର୍ଯ୍ୟନ୍ତ ବନ୍ଦ ହେବ ନାହିଁ। ୨୦୨୪ରେ ଗଜପତିଙ୍କ ସହ ଆଲୋଚନା ହୋଇଥିଲା। ଶ୍ରୀମନ୍ଦିର ତରଫରୁ ଶାସ୍ତ୍ରୀୟ ମତ ରଖାଯାଇଥିଲା। ପରେ ମାର୍ଚ୍ଚ ୨୦ରେ ଭୁବନେଶ୍ୱରରେ ଶ୍ରୀମନ୍ଦିର ପଣ୍ଡିତମାନେ ଶାସ୍ତ୍ର ଆଧାରିତ ମତ ରଖିଥିଲେ। ତେବେ ସେମାନେ ଅଦିନିଆ ରଥଯାତ୍ରା ବନ୍ଦ କରିବେ ବୋଲି ଆଶା ରଖିଛନ୍ତି ଗଜପତି ମହାରାଜା। ପରମ୍ପରା ଅନୁଯାୟୀ ରଥଯାତ୍ରା କରନ୍ତୁ ବୋଲି ସେ କହିଛନ୍ତି।

## ରଥଯାତ୍ରାକୁ ଜଗିବ ୨୭୫ ଏଆଇ କ୍ୟାମେରା

- ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା, ୧୦ ହଜାର ସୁରକ୍ଷା କର୍ମୀ
- ଜଳ, ସ୍ଥଳ ଓ ଆକାଶରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି

ପୁରୀ,୨୨।୬(ସମିସ): ଏଥର ରଥଯାତ୍ରାରେ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ରବିବାର ଅନୁଷ୍ଠିତ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ସୂଚନା ପ୍ରଦାନ କରିଛନ୍ତି। ସେ କହିଥିଲେ ଯେ ଏଥର ରଥଯାତ୍ରା ଅବସରରେ ପୁରୀ-ଭୁବନେଶ୍ୱର, ପୁରୀ-କୋଣାର୍କ ଏବଂ ପୁରୀ-ବ୍ରହ୍ମଗିରି ରାସ୍ତା ସମେତ ସହରର ପ୍ରମୁଖ ଜାଗାରେ ୨୭୫ଟି ଏଆଇ କ୍ୟାମେରା ଲଗାଯାଉଛି। ତ୍ରୁଟିଶୂନ୍ୟ ରଥଯାତ୍ରା ପାଇଁ ଓଡ଼ିଶା ପୁଲିସ ଜାଗ୍ରତ ରହିଛି। ୩୬ଟି ପାର୍କିଂ ସ୍ଥାନ ଚିହ୍ନଟ କରାଯାଇଛି। କୌଣସି ପ୍ରକାର ଆତଙ୍କବାଦୀ କାର୍ଯ୍ୟକଳାପକୁ ମୁକାବିଲା ପାଇଁ କୁଇକ୍-ରିଆକ୍ସନ୍ ଟିମ୍ ଓ ଆଣ୍ଟି-ଟେରରିଷ୍ଟ ସ୍କ୍ୱାଡ୍ ମୁତୟନ ହେବେ। ଶ୍ରୀମନ୍ଦିର ସମ୍ମୁଖରେ ସଶସ୍ତ୍ର ସୁରକ୍ଷା କର୍ମୀ ରହିବେ। ଜଳ, ସ୍ଥଳ, ଆକାଶ ମାର୍ଗରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯିବ। ୧୦ ହଜାର ସୁରକ୍ଷା କର୍ମୀ ମୁତୟନ ହେବେ। ସମୁଦାୟ ଟ୍ରାଫିକ୍ ବ୍ୟବସ୍ଥା ୩ ଭାଗରେ ବିଭକ୍ତ କରାଯିବ। ଡ୍ରୋନ୍ ସହାୟତାରେ ଟ୍ରାଫିକ୍ ପରିଚାଳନା କରାଯିବ। ଏଥର ରଥଯାତ୍ରା ପାଇଁ ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ୩୯ଟି ଟ୍ରାଫିକ୍ ପୋଷ୍ଟ ରହିବ। ଏଆଇ କ୍ୟାମେରା ଓ ଡ୍ରୋନ୍ ବ୍ୟବହାର ଉପରେ ଗୁରୁତ୍ୱାରୋପ କରାଯାଇଛି। ନିଆଁ ଲାଗିବା, ଭିଡ଼ ନିୟନ୍ତ୍ରଣ ଓ ଗୁଜବ ରୋକିବା ପାଇଁ ପ୍ରୟାସ କରାଯିବ ବୋଲି ଡିଜିପି ଶ୍ରୀ ଖୁରାନିଆ କହିଛନ୍ତି।

# ମଣ୍ଡିରେ ପଡ଼ିରହିଛି ହଜାର ହଜାର କ୍ୱିଣ୍ଟାଲ ଧାନ

 କଲମପୁର,୨୨।୬(ସମିସ): କଳାହାଣ୍ଡି ଜିଲ୍ଲା କଲମପୁର ଅଞ୍ଚଳର ମଣ୍ଡିଗୁଡ଼ିକରେ ଧାନ ଉଠାଣ ହୋଇ ନ ପାରି ହଜାର ହଜାର କ୍ୱିଣ୍ଟାଲ ପଡି ରହିଛି। ବର୍ଷାକୁ ଦୃଷ୍ଟିରେ ରଖି ଚାଷୀ ଧାନ ବିକିବାକୁ ତରତର ହେଉଛି; ହେଲେ ଧାନ ଉଠୁନି। ଏଥି ମଧ୍ୟରେ କେତେକଙ୍କ ଟୋକନ ତାରିଖ ସରିଗଲାଣି। ଆଉ କେତେକଙ୍କ ଟୋକନ ତାରିଖ ସରିବାକୁ ବସିଛି। ଧାନର ଆର୍ଦ୍ରତାକୁ ନେଇ ୫ରୁ ୭ କେଜି କଟିଂ କରି ନେବାକୁ ଚାଷୀ ରାଜି ହୋଇଥିଲେ ମଧ୍ୟ ମିଲର୍ସ ଧାନ ଉଠାଇବାକୁ ରାଜି ହେଉନାହିଁ। ୧୨ କିଲୋ କଟିଂ ନ ହେଲେ ଧାନ କିଣିବେ ନାହିଁ ବୋଲି ମିଲର ଜିଦ୍ ଧରି ବସିଛନ୍ତି। ମଣ୍ଡିଗୁଡ଼ିକରେ ଏମିତି ଧାନ ଜମା ହୋଇଛି ଯେ, ଆଉ ମହଜୁଦ ରଖିବାକୁ ଜାଗା ମିଳୁନାହିଁ। ଏହାଫଳରେ ଚାଷୀ ରାସ୍ତା କଡରେ ଧାନ ଜମା କରି ରଖିବାକୁ ବାଧ ହୋଇଛି। ଚାଷୀ ଧାନ ବିକି ପାରି ନ ଥିବା ବେଳେ ଆଗକୁ ଚାଷ ପାଇଁ ସଜବାଜ ହେବା କଷ୍ଟକର ହୋଇ ପଡ଼ିଛି।

ଗତବର୍ଷ ଏହି ସମୟ ମଧ୍ୟରେ ପ୍ରାୟ ଧାନ ଉଠି ମଣ୍ଡି ବନ୍ଦ ହେବାକୁ ବସିଥିଲା। ଚଳିତ ବର୍ଷ ଅଧାଅଧି ଧାନ ମଧ୍ୟ ଉଠିନି। ଅନ୍ୟପକ୍ଷେ ଏବେ ଟାର୍ଗେଟ ସମସ୍ୟା ମଧ୍ୟ ମୁଣ୍ଡ ଟେକିଛି। କିଛି ଏଜେଣ୍ଟ କହିଛନ୍ତି ଯେ ଟାର୍ଗେଟଠାରୁ ଅଧିକ ଧାନ ଉଠି ସାରିଲାଣି। ତେଣୁ ବର୍ତ୍ତମାନ ପଡିଥିବା ଧାନ କେଉଁଠୁ ଆସିଛି ତାହା ସନ୍ଦେହ ସୃଷ୍ଟି କରିଛି। କେତେକ ଚାଷୀ କହିଛନ୍ତି ଯେ ବଡବଡିଆଙ୍କ ଧାନ ଆରାମରେ ଉଠିଛି। ଏହା ବାଦ ଦଲାଲଙ୍କ ଧାନ ମଧ୍ୟ ଉଠୁଛି; କିନ୍ତୁ ଛୋଟ ଚାଷୀ ଓ ପ୍ରକୃତ ଚାଷୀ ବେଳକୁ ନିୟମ କାନୁନ ଦେଖା ଯାଉଛି।



୧୨ କିଲୋ କଟ୍‌ନୀ ପାଇଁ ମିଲର୍‌ଙ୍କ ଜିଦ୍

ଚାଷୀଙ୍କ ଅଭିଯୋଗ ହେଲା ଯେ ମିଲର୍ସଙ୍କ ଏଜେଣ୍ଟ ବହୁ ବର୍ଷ ହେଲା ଏହି ବ୍ୟବସାୟରେ ଲିପ୍ତ ହୋଇ ଆସୁଛନ୍ତି। କେତେକ କର୍ମଚାରୀ ମଧ୍ୟ ଅନୁରୂପ ଭାବେ କାର୍ଯ୍ୟ କରି ଆସୁଛନ୍ତି। ଏହା ଫଳରେ ସେହି ପାରମ୍ପରିକ ଅଭ୍ୟାସର ପରିବର୍ତ୍ତନ ହୋଇ ପାରୁନାହିଁ। ଯଦି ବର୍ଷା ହେବ ତେବେ ବିପୁଳ ପରିମାଣରେ କ୍ଷୟକ୍ଷତି ହେବ ବୋଲି ସେମାନେ ଅଭିଯୋଗ କରିଛନ୍ତି। ବିଡ଼ମ୍ବନା ହେଉଛି ଚାଷୀମାନେ ଧାନ ବିକ୍ରିକୁ ନେଇ ଅସହଜ ପରିସ୍ଥିତିର ସମ୍ମୁଖୀନ ହୋଇଥିବାବେଳେ ପ୍ରଶାସନ ହାତବାନ୍ଧି ବସିଛି ଓ ସରକାର ଆଖି ମୁଦି ବସିଛନ୍ତି । ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ କଲମପୁର ଗସ୍ତ ସମୟରେ ଧାନ ବିକ୍ରିରେ ସମସ୍ୟା ହେଲେ ସେ ନିଜେ ହସ୍ତକ୍ଷେପ କରିବେ ବୋଲି କହିଥିଲେ। ମାତ୍ର ଏହାପରେ ବିଧାୟକ ମଧ୍ୟ ତୁଣ୍ଡ ଖୋଲୁ ନାହାନ୍ତି। କଳାହାଣ୍ଡି ଜିଲ୍ଲାରେ ମୌସୁମୀ ବର୍ଷା ଆରମ୍ଭ ହୋଇ ସାରିଲାଣି, ମାତ୍ର ଚାଷୀଙ୍କ ହଜାର ହଜାର କ୍ୱିଣ୍ଟାଲ ଧାନ ଏବେ ବି ରାସ୍ତା ଉପରେ ଗଦା ହୋଇଛି । ଥରେ ବର୍ଷା ପାଣି ଖାଇବା ପରେ ଧାନଗୁଡ଼ିକ ନଷ୍ଟ ହେବା ଆଶଙ୍କା ଥିବାରୁ ଚାଷୀ ମୁଣ୍ଡରେ ହାତ ଦେଇ ବସିଛନ୍ତି ।

■ ବଡ଼ ଦୁର୍ଘଟଣାରୁ ବର୍ତ୍ତିଲା

# ଦୁଇ ଭାଗ ହୋଇଗଲା 'ହୀରାଖଣ୍ଡ'

କୋରାପୁଟ/କୋଟପାଡ଼,୨୨।୬(ସମିସ): ଜଗଦଲପୁର-ଭୁବନେଶ୍ୱର ହୀରାଖଣ୍ଡ ଏକ୍ସପ୍ରେସ୍ ରବିବାର ଏକ ବଡ଼ ଦୁର୍ଘଟଣାରୁ ବର୍ତ୍ତିଯାଇଛି। ଅପରାହ୍ଣ ୪ଟା ୨୫ରେ ଜଗଦଲପୁର ଷ୍ଟେସନ୍ ଛାଡ଼ି ଭୁବନେଶ୍ୱର ଅଭିମୁଖେ ଯାତ୍ରା ଆରମ୍ଭ କରିଥିଲା ହୀରାଖଣ୍ଡ ଏକ୍ସପ୍ରେସ୍। ମାତ୍ର କିଛି ଦୂର ଅତିକ୍ରମ କରିବା ପରେ ଛତିଶଗଡ଼-ଓଡ଼ିଶା ସୀମା ଆମ୍ବଗୁଡ଼ା ଷ୍ଟେସନ୍ ନିକଟରେ କୌଣସି କାରଣରୁ ଲିଙ୍କ୍ ଛିଡ଼ିଯିବାରୁ ଟ୍ରେନ୍‌ଟି ଦୁଇ ଭାଗ ହୋଇଯାଇଥିଲା। କିଛି ଦୂର ଗଡ଼ିବା ପରେ ଲୋକୋ-ପାଇଲଟ୍ ଟ୍ରେନ୍‌କୁ ଅଟକାଇ ଦେଇଥିଲେ। ଇଞ୍ଜିନ୍‌ଠାରୁ ଅଲଗା ହୋଇଥିବା ବଗିଗୁଡ଼ିକ ମଧ୍ୟ କିଛି ଦୂର ଗଡ଼ିବା ପରେ ଅଟକି ଯାଇଥିଲା। ଏଥିରେ କେହି ମୃତାହତ ହୋଇନଥିବା ଜଣାପଡ଼ିଛି। ଖବର ପାଇ କୋରାପୁଟ ରେଲୱେ ରେସ୍‌କ୍ୟୁ ଟିମ୍ ଘଟଣାସ୍ଥଳରେ ପହଞ୍ଚି ମରାମତି କରିବା ପରେ ଟ୍ରେନ୍‌ଟି ସ୍ୱାଭାବିକ ଭାବେ ଯାତ୍ରାରମ୍ଭ କରିଛି। ଅପରପକ୍ଷେ, ଏହି ଅଘଟଣ ପାଇଁ ଟ୍ରେନ୍‌ଟି ପ୍ରାୟ ୩ଘଣ୍ଟା ବିଳମ୍ବରେ ଚାଲୁଥିବା ଜଣାପଡ଼ିଛି।



# ବିଭିନ୍ନ ସ୍ଥାନରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ



### ● ରୋଟାରୀ କ୍ଲବ ଅନୁଗୋଳ ରୟାଲ

ଅନୁଗୋଳ, ୨୨।୬(ସମିସ): ରୋଟାରୀ କ୍ଲବ ଅନୁଗୋଳ ରୟାଲ ଏବଂ ଜେସିଆଇ, ଅନୁଗୋଳ ମିଳିତ ଆନୁକୂଲ୍ୟରେ ଶନିବାର ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଛି। ରୋଟାରୀ ରୟାଲର ସଭାପତି ମଧୁ ଗୁପ୍ତା ଏବଂ ଜେସିଆଇ ସଭାପତି ବିନୋଦ ପାଟୋଡିଆଙ୍କ ନେତୃତ୍ୱରେ କାର୍ଯ୍ୟକରମ ହୋଇଥିଲା। ଯୋଗ ଶବ୍ଦ ସଂସ୍କୃତରୁ ଉତ୍ପନ୍ନ। ଯୋଗ ଏକ ପ୍ରାଚୀନ ଭାରତୀୟ ଅଭ୍ୟାସ ଯାହା ମନ ଏବଂ ଶରୀର ମଧ୍ୟରେ ସମନ୍ୱୟ ବିକାଶ କରେ ବୋଲି ମୁଖ୍ୟଅତିଥି ଯୋଗାଚାର୍ଯ୍ୟ ମାତାଦିନ ଅଗ୍ରୱାଲ କହିଥିଲେ। ନିୟମିତ ଯୋଗାଭ୍ୟାସ ବଳରେ ଭାରତୀୟ ପ୍ରାଚୀନ ମୁନିଋଷିଗଣ ସୁସ୍ଥ ଦୀର୍ଘ ଜୀବନ ସହ ଅଖଣ୍ଡ ଦିବ୍ୟଶକ୍ତିର ଅଧିକାରୀ ହୋଇପାରିଥିଲେ ବୋଲି ସେ ଉଲ୍ଲେଖ କରିଥିଲେ। ସମସ୍ତେ ଯୋଗ, କ୍ରିୟା, ବ୍ୟାୟାମ ମାଧ୍ୟମରେ ସୁସ୍ଥ ରହିପାରିବେ ବୋଲି ଆଲୋକପାତ କରିଥିଲେ। ରୋଟାରୀ କ୍ଲବ ତରଫରୁ ମୁରାରୀ ଅଗ୍ରୱାଲ, କୈଳାସ ଅଗ୍ରୱାଲ, ଆରତୀ ସରଲିଆ, ପୂଜା ମୋଦୀ, ପବନ ଅଗ୍ରୱାଲ, ରାଜେଶ ସରଲିଆ, ଜୟପ୍ରକାଶ ମୋଦୀ ଏବଂ ଜେସିଆଇ ତରଫରୁ ନିତିନ ଟଙ୍କ, ମାନସ ଅଗ୍ରୱାଲ, ସୁନୀଲ ଅଗ୍ରୱାଲ, ମୋହିତ ମୋଦୀ, ନିଖିଲ ଅଗ୍ରୱାଲ, ସ୍ୱାଧୀନ ମୋଦୀ ପ୍ରମୁଖ ଉପସ୍ଥିତ ଥିଲେ। ମିଳନ କୁମାର ଅଗ୍ରୱାଲ ଧନ୍ୟବାଦ ଅର୍ପଣ କରିଥିଲେ। କ୍ଲବ ପକ୍ଷରୁ ମୁଖ୍ୟଅତିଥିଙ୍କୁ ଉତ୍ତରୀୟ ଏବଂ ଔଷଧୀୟ ଚାରା ଦେଇ ସମ୍ମାନିତ କରାଯାଇଥିଲା।

### ● ଅନୁଗୋଳ ସ୍ୱୟଂଶାସିତ ମହାବିଦ୍ୟାଳୟ

ସାମାଜିକ ସଂଗଠନ 'ସ୍ପନ୍ଦନ' ପକ୍ଷରୁ ମେରା ଯୁବା ଭାରତ ଅନୁଗୋଳ ଶାଖା ଆନୁକୂଲ୍ୟରେ ସ୍ଥାନୀୟ ସରକାରୀ ସ୍ୱୟଂଶାସିତ ମହାବିଦ୍ୟାଳୟ ପରିସରରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ନୀଳାଚଳ ପଟେଲ କାର୍ଯ୍ୟକ୍ରମକୁ ଉଦଘାଟନ କରିବା ସହ ଚଳିତ ବର୍ଷର ବିଷୟବସ୍ତୁ 'ଯୋଗ ପାଇଁ, ଏକକ ପୃଥିବୀ, ଏକକ ସ୍ୱାସ୍ଥ୍ୟ' ସମ୍ବନ୍ଧରେ ଅବଗତ କରାଇଥିଲେ। ଯୋଗ ଶିକ୍ଷକ କନ୍ଦର୍ପ ସାହୁ ବିଭିନ୍ନ ଆସନ, ପ୍ରାଣାୟାମ, ସୂକ୍ଷ୍ମ ଯୋଗକ୍ରିୟା, ଶାରିରୀକ ତଥା ମାନସିକ ସୁସ୍ଥତା ଅଭ୍ୟାସ, ଧ୍ୟାନ, ସୂର୍ଯ୍ୟ ନମସ୍କାର, ତାଡ଼ାସନ, ତୀର୍ଯ୍ୟକ, କଟି ଚକ୍ରାସନ, କୋଣାସନ, ଅନୁଲୋମ ବିଲୋମ, ସିଂହାସନ, ହାସ୍ୟାସନ ଆଦି ଅଭ୍ୟାସ କରାଇଥିଲେ। ମହାବିଦ୍ୟାଳୟର ଏନସିସି କ୍ୟାପଟେନ ଡ. ଅଭିମନ୍ୟୁ ଦାସ, ଏନଏସଏସର ସୂର୍ଯ୍ୟ କୁମାର ସ୍ୱାଇଁ, ରେଡକ୍ରସର ଶାଶ୍ୱତୀ ଶୁଭଦର୍ଶିନୀ, ଏନସିସି ଛାତ୍ର ସୋମେଶ ବେହେରା, ଚିନ୍ମୟ ସିଂହ, ସୁଶୀଳ ସାହୁ, ମନୀଷ ଝା, ସ୍ପନ୍ଦନର ଶିବପ୍ରସାଦ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଏହି ଅବସରରେ ଉପସ୍ଥିତ ଜନସାଧାରଣଙ୍କୁ ନେଇ ଆୟୋଜିତ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମକୁ ସ୍ପନ୍ଦନର ଶ୍ରୀକାନ୍ତ ସାହୁ ପରିଚାଳନା କରିଥିଲେ। ସଠିକ ଉତ୍ତରଦାତାଙ୍କୁ ଅନୁଷ୍ଠାନ ତରଫରୁ ପୁରସ୍କୃତ କରାଯାଇଥିଲା। ସ୍ପନ୍ଦନର ସଭ୍ୟ ବିଭୁ ଶତପଥୀ ଧନ୍ୟବାଦ ଅର୍ପଣ କରିଥିଲେ।



### ● ବଆଁରପାଳ ଓ ତଳମୂଳ +୨ କଲେଜ

**ବଆଁରପାଳ:** ସ୍ଥାନୀୟ ପିଏସଏସଜେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଓ ତଳମୂଳସ୍ଥିତ ଆଞ୍ଚଳିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରାଯାଇଛି। ତଳମୂଳରେ ଯୋଗଶିକ୍ଷକ ଅବନୀକାନ୍ତ ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅନୁଷ୍ଠାନର ସମସ୍ତ ଛାତ୍ରଛାତ୍ରୀ, ଅଧ୍ୟାପକ ଓ କର୍ମଚାରୀ ଅଂଶଗ୍ରହଣ କରିଥିଲେ। ଯୋଗର ଉପଯୋଗିତା ଉପରେ ଗଣିତ ଅଧ୍ୟାପକ ମଧୁସୂଦନ ଦାସ ଗୁରୁତ୍ୱାରୋପ କରିଥିଲେ। ଯୋଗ ହେଉଛି ମନ, ପ୍ରାଣ ଓ ଶରୀରର ସଂଯୋଗ ବୋଲି ପଦାର୍ଥ ବିଜ୍ଞାନ ଅଧ୍ୟାପକ ନୀରୋଦ କୁମାର ଦାସ ମତ ରଖିଥିଲେ। ଯୋଗାସନକୁ ଦୈନନ୍ଦିନ କାର୍ଯ୍ୟସୂଚୀରେ ସାମିଲ କଲେ ଜଣେ ବ୍ୟକ୍ତି ନିଶ୍ଚିତ ସୁସ୍ଥ ରହିପାରିବ ବୋଲି ରାଜନୀତି ବିଜ୍ଞାନ ବିଭାଗ ଅଧ୍ୟାପକ ମତବ୍ୟକ୍ତ କରିଥିଲେ। ଉଦ୍ଭିଦ ବିଜ୍ଞାନ ଅଧ୍ୟାପିକା ତପସ୍ୱିନୀ ପାଣି ନିୟମିତ ଯୋଗାସନ କରିବାକୁ ଶପଥପାଠ କରାଇଥିଲେ। ତର୍କ ଅଧ୍ୟାପକ ମାନସ ରଞ୍ଜନ ଦାସ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସେହିପରି ବଆଁରପାଳରେ କଲେଜ ଅଧ୍ୟକ୍ଷ ଅଶୋକ କୁମାର ପ୍ରଧାନଙ୍କ ତତ୍ତ୍ୱାବଧାନରେ ଯୋଗ ଶିବିର ଆୟୋଜନ କରାଯାଇଥିଲା। ଏଥିରେ ଛାତ୍ରଛାତ୍ରୀ, ଅଧ୍ୟାପକ ଓ କର୍ମଚାରୀ ଅଂଶଗ୍ରହଣ କରି ବିଭିନ୍ନ ଯୋଗାଭ୍ୟାସ କରିଥିଲେ।



# ବିଦ୍ୟୁତ୍ ଆଘାତରେ ଯୁବକ ମୃତ

କଣିହାଁ, ୨୨।୬(ସମିସ): ରବିବାର ଅପରାହ୍ନରେ ବିଦ୍ୟୁତ ଆଘାତରେ ଅନୁଗୋଳ ଜିଲ୍ଲା କଣିହାଁ ଥାନା ଡେରଙ୍ଗ ପଞ୍ଚାୟତ ମହନିପାଳ ଗାଁର ଜଣେ ଯୁବକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ଲମ୍ବୋଦର ପ୍ରଧାନ (୩୮)। ଏ ନେଇ ଲମ୍ବୋଦରଙ୍କ ସ୍ତ୍ରୀ ଲିପି ପ୍ରଧାନ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ମୃତଦେହ ଜବତ କରିବା ସହ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଥିବା ଆଇଆଇସି ରମଣୀ ରଞ୍ଜନ ଦଳେଇ ସୂଚନା ଦେଇଛନ୍ତି। ସୋମବାର ମୃତଦେହ ବ୍ୟବଚ୍ଛେଦ ପରେ ପରିବାରକୁ ହସ୍ତାନ୍ତର କରାଯିବ। ବ୍ୟବଚ୍ଛେଦ ରିପୋର୍ଟ ଆସିଲା ପରେ ମୃତ୍ୟୁର ପ୍ରକୃତ ଜଣାପଡ଼ିବ ବୋଲି ସେ କହିଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ପରିବାର ଲୋକେ ଲମ୍ବୋଦରଙ୍କୁ ଗୁରୁତର ଅବସ୍ଥାରେ ତରଫରୁ କଣିହାଁ ମେଡିକାଲ ନେଇଥିଲେ। ସେଠାରେ କାର୍ଯ୍ୟରତ ଡାକ୍ତର ସୁମନ୍ତ କୁମାର ପଟେଲ ତାଙ୍କୁ ମୃତ ଘୋଷଣା କରିଥିଲେ।

# ପୋଖରୀରେ ବୁଡ଼ି ଶିଶୁ ମୃତ

ପାଲଲହଡ଼ା, ୨୨।୬(ସମିସ): ପାଲଲହଡ଼ା ଥାନା ଶିଗଡ଼ ପଞ୍ଚାୟତ ନନ୍ଦିନୀପାଲି ଗାଁ ନିକଟ ପୋଖରୀ କୂଳରେ ଖେଳୁଥିବା ବେଳେ ପାଣିରେ ବୁଡ଼ି ଜଣେ ୩ ବର୍ଷୀୟ ଶିଶୁର ମୃତ୍ୟୁ ହୋଇଛି। ମୃତ ଶିଶୁର ପରିଚୟ ମିଳିନାହିଁ। ସେମାନେ ଯାଯାବର ଶ୍ରେଣୀର ବୋଲି ଜଣାପଡ଼ିଛି। ଶନିବାର ନନ୍ଦିନୀପାଲି ଗାଁରେ ଗୋଟିଏ ଯାଯାବର ପରିବାର ଆସି ରହିଥିଲେ। ସକାଳୁ ନିଜ ପେଟପାଟଣା ପାଇଁ ସ୍ୱାମୀ-ସ୍ତ୍ରୀ ଦୁଇ ଶିଶୁପୁତ୍ରଙ୍କୁ ଗାଁ ମୁଣ୍ଡ ଏକ ଗଛ ମୂଳେ ବସାଇ ଦେଇ ନିକଟସ୍ଥ ଜଙ୍ଗଲକୁ ଯାଇଥିଲେ। ଗଛ ମୂଳେ ଦୁଇଭାଇ ଖେଳୁଥିବା ବେଳେ ନିକଟରେ ଥିବା ପୋଖରୀ କୂଳକୁ ଯାଇଥିଲେ। ହେଲେ ୫ ବର୍ଷୀୟ ବଡ଼ଭାଇ ଆଗରେ ସାନଭାଇ ପାଣିରେ ବୁଡ଼ିଯାଇଥିଲା। ବଡ଼ ଭାଇ ବହୁ ଚେଷ୍ଟା କରି ତାକୁ କୂଳକୁ ଟାଣି ଆଣିଥିଲେ ମଧ୍ୟ ସେତେବେଳକୁ ମୃତ୍ୟୁ ହୋଇଯାଇଥିଲା। ନିସ୍ତେଜ ହୋଇ ପଡ଼ିରହିଥିବା ସାନଭାଇ ପାଖରେ ବସି ବଡ଼ଭାଇ ଦୀର୍ଘ ସମୟ ଧରି କାନ୍ଦୁଥିବା ଦୃଶ୍ୟ ଗ୍ରାମବାସୀଙ୍କୁ ବ୍ୟଥିତ କରିଥିଲା। ଗ୍ରାମବାସୀଙ୍କଠାରୁ ଖବର ପାଇ ପାଲଲହଡ଼ା ଥାନା ପୁଲିସ ଓ ଅଗ୍ନିଶମ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚିଥିଲେ। ପରେ ଶିଶୁକୁ ପାଲଲହଡ଼ା ଡାକ୍ତରଖାନା ନିଆଯାଇଥିଲେ ମଧ୍ୟ ଡାକ୍ତର ମୃତ ଘୋଷଣା କରିଥିଲେ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ସହିତ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଇଛି।

# ଟ୍ରକ ଜବତ; ଚାଳକ ଗିରଫ

ବଇଣ୍ଡା, ୨୨।୬(ସମିସ): ହଣ୍ଡପା ଥାନା ପୁଲିସ ଶନିବାର ଗାଡ଼ିମଟର ଯାଞ୍ଚ କରିଛି। ଏହି ସମୟରେ ମଦ୍ୟପାନ କରି ଟ୍ରକ ଚଳାଉଥିବା ଅଭିଯୋଗରେ ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ଅଞ୍ଚଳର କୃଷ୍ଣଚନ୍ଦ୍ର ସାହୁଙ୍କୁ ଗିରଫ କରାଯାଇଛି। ଏଥିସହ ସେ ଚଳାଉଥିବା ଟ୍ରକ ଜବତ ହୋଇଛି। ଏ ନେଇ ଥାନାରେ ଏକ ମାମଲା ରୁଜୁ କରାଯାଇଛି।

## ମହିଳାଙ୍କୁ ହତ୍ୟା ଧମକ ଅଭିଯୋଗ

ବଇଣ୍ଡା, ୨୨।୬(ସମିସ): କିଶୋରନଗର ବ୍ଲକ ହଣ୍ଡପା ଥାନା ଗୁଣ୍ଡୁରୀଝରଣ ଗ୍ରାମସ୍ଥିତ ଏକ କୁକୁଡ଼ା ଫାର୍ମରେ କାମ କରୁଥିବା ବାଗେଡ଼ିଆ ଥାନା ଖମାର ଗ୍ରାମର ଶୋଭାଙ୍ଗିନୀ ସାହୁଙ୍କୁ ଖମାର ଅଞ୍ଚଳର ପ୍ରତାପ ବେହେରା ହତ୍ୟା ଧମକ ଦେଉଥିବା ସହ ଗାଳିଗୁଲଜ କରୁଥିବା ଶନିବାର ଥାନାରେ ଅଭିଯୋଗ ହୋଇଛି। ପୁଲିସ ଏ ନେଇ ଏକ ମାମଲା ରୁଜୁ କରିଛି। ଶୋଭାଙ୍ଗିନୀ କୁକୁଡ଼ା ଫାର୍ମରେ କାମ କରୁଥିବା ବେଳେ ପ୍ରତାପ ଆସି ତାଙ୍କୁ ଗାଳିଗୁଲଜ କରିବା ସହ ତାଙ୍କ ସ୍ୱାମୀ ଓ ତାଙ୍କୁ ହତ୍ୟା କରିବାକୁ ଧମକ ଦେଉଛନ୍ତି। ଏପରିକି ତାଙ୍କ ମୋବାଇଲକୁ ବିଭିନ୍ନ ନମ୍ବରରୁ ଫୋନ୍ କରି ହତ୍ୟା ଧମକ ଦେଉଥିବା ଅଭିଯୋଗରେ ଦର୍ଶାଯାଇଛି। ପୁଲିସ ଏ ନେଇ ତଦନ୍ତ ଚଳାଇଛି।

## ସ୍ତ୍ରୀକୁ ମାଡ଼ ସହ ନିର୍ଯାତନା ଅଭିଯୋଗ

ବଇଣ୍ଡା, ୨୨।୬(ସମିସ): କିଶୋରନଗର ବ୍ଲକ ହଣ୍ଡପା ଥାନା ଇଚ୍ଛାପୁର ଗ୍ରାମର ପ୍ରଭାତୀ ମାଝୀଙ୍କୁ ତାଙ୍କ ସ୍ୱାମୀ ମହେନ୍ଦ୍ର ମାଝୀ ଯୌତୁକ ପାଇଁ ନିର୍ଯାତନା ଦେବା ସହ ମାଡ଼ ମାରିଥିବା ଶନିବାର ଥାନାରେ ଅଭିଯୋଗ ହୋଇଛି। ପୁଲିସ ଏକ ମାମଲା ରୁଜୁକରି ତଦନ୍ତ କରୁଛି। ୨୦୦୮ରେ ପ୍ରଭାତୀ ମହେନ୍ଦ୍ରଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ସେ ସମୟରେ ପ୍ରଭାତୀଙ୍କ ପରିବାର ଲୋକେ ତାଙ୍କ କ୍ଷମତା ଅନୁଯାୟୀ ଯୌତୁକ ଦେବା ସହ ବିଭିନ୍ନ ଅସାବାବପତ୍ର ଦେଇଥିଲେ। ହେଲେ ମହେନ୍ଦ୍ର କିଛିଦିନ ହେବ ଅଧିକ ଯୌତୁକ ଦାବିକରି ତାଙ୍କୁ ନିର୍ଯାତନା ଦେଉଛନ୍ତି। ଘରୁ ଅଧିକ ଟଙ୍କା ଆଣିବା ପାଇଁ କହିବା ସହ ଏକ ଛୁରୀରେ ଆକ୍ରମଣ କରିଥିବା ପ୍ରଭାତୀ ଅଭିଯୋଗପତ୍ରରେ ଦର୍ଶାଇଛନ୍ତି।

# ରଜ ପର୍ବ ଉପଲକ୍ଷେ ତାସ୍ ଖେଳ ପ୍ରତିଯୋଗିତା



ଅନୁଗୋଳ, ୨୨।୬(ସମିସ): ରଜପର୍ବ ଉପଲକ୍ଷେ ଅନୁଗୋଳ ବ୍ଲକ ବାଲୁଅକଟା ପଞ୍ଚାୟତ ଶାବଳଭଙ୍ଗା ଗ୍ରାମରେ ରବିବାର ତାସ୍ ଖେଳ ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ କୁମୁରିସିଂହା ସରପଞ୍ଚ ତଥା ଅନୁଗୋଳ ବ୍ଲକ ବିଜେଡି ସଭାପତି ଦୁର୍ଯ୍ୟୋଧନ ସାହୁ ଏବଂ ସମ୍ମାନିତ ଅତିଥି ଭାବେ ଉତ୍କଳୀୟ ଦଣ୍ଡ ସଂସ୍କୃତି ମଙ୍ଗଳ ସଂଘର ଦକ୍ଷ ବିଚାରପତି ଯୋଗେନ୍ଦ୍ର ବିଶ୍ୱାଳ ଯୋଗଦେଇଥିଲେ। ଶାବଳଭଙ୍ଗା ଗ୍ରାମର ବସନ୍ତ ପ୍ରଧାନଙ୍କ ତତ୍ତ୍ୱାବଧାନରେ ପ୍ରତିଯୋଗିତା ହୋଇଥିଲା। ଶାବଳଭଙ୍ଗା ଗ୍ରାମର ପ୍ରକାଶ ସାହୁ ଓ ରଞ୍ଜନ ପ୍ରଧାନ ବିଜୟୀ ହୋଇଥିବା ବେଳେ କୁମୁରିସିଂହା ପଞ୍ଚାୟତ ବଡ଼ବାହାଲ ଗ୍ରାମର ରିଙ୍କୁ ସାହୁ ଓ ବୁଲୁ ପ୍ରଧାନ ଉପବିଜେତା ହୋଇଥିଲେ। ବିଜେତା ଏବଂ ଉପବିଜେତାଙ୍କୁ ଅତିଥି ଉତ୍ତରୀୟ ଓ ଟ୍ରଫି ଦେଇ ପୁରସ୍କୃତ କରିଥିଲେ। ବାବୁଲା ସାହୁ, ଗଙ୍ଗାଧର ବେହେରା, ଶ୍ରୀକାନ୍ତ ସାହୁ, ରଞ୍ଜନ ମହାରଣା, ସୁଦର୍ଶନ ସାହୁ, ଶରତ ବେହେରା ତଥା ଗ୍ରାମର ଯୁବଗୋଷ୍ଠୀ ସହଯୋଗ କରିଥିଲେ।

# ଭାରତ ବିକାଶ ପରିଷଦ ପକ୍ଷରୁ ବାଲ୍ ସଂସ୍କାର ଶିବିର



ଅନୁଗୋଳ, ୨୨।୬(ସମିସ): ଗାନ୍ଧୀମାର୍ଗସ୍ଥିତ ସରସ୍ୱତୀ ଶିଶୁ ମନ୍ଦିର ପରିସରରେ ଭାରତ ବିକାଶ ପରିଷଦ ପକ୍ଷରୁ ବାଲ ସଂସ୍କାର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏକ ସୁସ୍ଥସମର୍ଥ ଓ ଉନ୍ନତ ସମାଜ ଗଠନ ପାଇଁ ଶିଶୁଙ୍କ ମଧ୍ୟରେ ସଂସ୍କାର ଆବଶ୍ୟକ। ଏହାକୁ ଦୃଷ୍ଟିରେ ରଖି ପରିଷଦ ପକ୍ଷରୁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ପ୍ରାତଃ ସ୍ମରଣ, ପ୍ରାର୍ଥନା, ଗୀତାପାଠ, ଯୋଗ, କାହାଣୀ ଶ୍ରବଣ, ଶ୍ଳୋକ ଆବୃତ୍ତି, ଯୋଗ ସମେତ ବିଭିନ୍ନ ଖେଳ ଓ ବୌଦ୍ଧିକ ବିକାଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଆଦର୍ଶ ଇଣ୍ଟରନ୍ୟାସନାଲ ସ୍କୁଲ ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ଭୋଇ ସମାରୋହକୁ ଉଦ୍‌ଘାଟନ କରିବା ସହ ପରିଷଦର କାର୍ଯ୍ୟକୁ ପ୍ରଶଂସା କରିଥିଲେ। ଉଦଯାପନୀ କାର୍ଯ୍ୟକ୍ରମରେ ଅବସରପ୍ରାପ୍ତ ଜିଲ୍ଲା ଜଜ୍ ଦୁର୍ଗାଶଙ୍କର ମିଶ୍ର ଯୋଗଦେଇ ପିଲାମାନଙ୍କୁ ମୂଲ୍ୟବାନ ଉପଦେଶ ପ୍ରଦାନ କରିଥିଲେ। ପରିଷଦର ସଭାପତି ଶାନ୍ତନୁ କୁମାର ସର ପରିଷଦର ବିଭିନ୍ନ ସେବାକାର୍ଯ୍ୟ ଉପରେ ବିବରଣୀ ପ୍ରଦାନ କରିଥିଲେ। ସମ୍ପାଦକ ବିଜୟ ମୋଦି ଅତିଥି ପରିଚୟ ପ୍ରଦାନ କରିଥିଲେ। ପ୍ରମୋଦ କୁମାର ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ଭରତ ଚନ୍ଦ୍ର ଗଡ଼ନାୟକ, କ୍ଷୀରୋଦ ପ୍ରଧାନ, ମନ୍ମଥ ଦାଶ, ହୃଦାନନ୍ଦ ପଣ୍ଡା, ରମେଶ ଚନ୍ଦ୍ର ସାହୁ, ପ୍ରମୋଦ ସାହୁ, ସୁଶୀଳ ପଟ୍ଟନାୟକ, ଅରୁଣା ମିଶ୍ର, ସରୋଜିନୀ ଦେଈ ପ୍ରମୁଖ ଉପସ୍ଥିତ ଥିଲେ।

# ଟୁଂସର ଗ୍ରାମରେ ବ୍ୟାପିଲା ଝାଡ଼ାବାନ୍ତି



କିଶୋରନଗର, ୨୨।୬(ସମିସ): ସ୍ଥାନୀୟ ଟୁଂସର ଗ୍ରାମରେ ଝାଡ଼ାବାନ୍ତି ବ୍ୟାପିଛି। ଶନିବାର ୧୪ ଜଣ ଆକ୍ରାନ୍ତ ହୋଇ ସ୍ଥାନୀୟ ସ୍ୱାସ୍ଥ୍ୟକର୍ମୀଙ୍କଠାରୁ ଔଷଧ ଖାଇଥିଲେ। ରବିବାର ପ୍ରାୟ ୧୦ ଜଣ ନୂଆ ରୋଗୀ ବାହାରିଛନ୍ତି। ମାଧପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଚିକିତ୍ସା ଅଧିକାରୀ ଡା. ଯତୀନ୍ଦ୍ର ପ୍ରସାଦ ହୋତା, ପ୍ରୋଗ୍ରାମ ମ୍ୟାନେଜର ସରୋଜ ଦାଶ ଓ ଡାକ୍ତରଖାନାର ଅନ୍ୟ କର୍ମଚାରୀମାନେ ସ୍ଥିତି ଅନୁଧ୍ୟାନ କରି ଆକ୍ରାନ୍ତଙ୍କୁ ଔଷଧ ବିତରଣ କରିଛନ୍ତି। ଗୁରୁତର ଥିବା ୬ ଜଣଙ୍କୁ ଡାକ୍ତରଖାନାକୁ ନିଆଯାଇଛି। ଗତ ୨୦ ତାରିଖ ଗ୍ରାମର ଶତାଧିକ ଲୋକ ବିବାହ ଭୋଜି ଖାଇଥିଲେ। ସେହିଠାରୁ ହିଁ ଝାଡ଼ାବାନ୍ତି ବ୍ୟାପିଥିବା ସନ୍ଦେହ କରାଯାଉଛି। ବ୍ଲକ ପ୍ରଶାସନ ଓ ସ୍ୱାସ୍ଥ୍ୟ ବିଭାଗ ସ୍ଥିତି ପ୍ରତି କଡ଼ା ନଜର ରଖିଛନ୍ତି। ପିଇବା ପାଣି ଓ ଝାଡ଼ା ନମୁନା ସଂଗ୍ରହ କରାଯାଇ ପରୀକ୍ଷା ପାଇଁ ପଠାଯାଇଛି। ଏକ ଡାକ୍ତରୀ ଟିମ୍ ଗ୍ରାମରେ ଉପସ୍ଥିତ ରହି ଆକ୍ରାନ୍ତଙ୍କ ଚିକିତ୍ସା ଜାରି ରଖିଛନ୍ତି।

## ରାସ୍ତାରେ ଦନ୍ତା; ଯାତାୟାତ ଠପ୍, ଲୋକେ ଛାନିଆ

ବଇଣ୍ଡା, ୨୨।୬(ସମିସ): କିଶୋରନଗର ବ୍ଲକ ହଣ୍ଡପା ଥାନା ଉରୁକୁଳା ଗ୍ରାମରେ ଶନିବାର ଏକ ଦନ୍ତାହାତୀ ଉପଦ୍ରବ କରିଥିବା ବେଳେ ରବିବାର ଉକ୍ତ ଦନ୍ତାକୁ ନାକିଚି-ଉରୁକୁଳା ପୂର୍ତ୍ତ ବିଭାଗ ରାସ୍ତାରେ ଦେଖିବାକୁ ମିଳିଛି। ହାତୀ ରାସ୍ତା ଉପରକୁ ଆସି ଗର୍ଜନ କରିଥିଲା। ଫଳରେ ଲୋକେ ଆତଙ୍କିତ ହୋଇପଡ଼ିଛନ୍ତି। ହାତୀ ରାସ୍ତା ମଝିରେ ୨ ଘଣ୍ଟା କାଳ ରହିଥିବାରୁ ଯାତାୟାତ ସମ୍ପୂର୍ଣ୍ଣ ଠପ୍ ହୋଇଯାଇଥିଲା। ଏପରିକି ହାତୀ ରାସ୍ତା କଡ଼ରେ ଥିବା ବିଭିନ୍ନ ବୃକ୍ଷଗୁଡ଼ିକୁ ଭାଙ୍ଗି ନଷ୍ଟ କରିଥିଲା। ହାତୀ ଯୋଗୁଁ ଅଞ୍ଚଳବାସୀ ଭୟଭୀତ ଅବସ୍ଥାରେ ଥିବାବେଳେ ତାକୁ ଘଉଡ଼ାଇବା ପାଇଁ ଦାବି କରିଛନ୍ତି। ଏଥିସହ ହାତୀ ଦ୍ୱାରା କ୍ଷତିଗ୍ରସ୍ତ ଚାଷୀଙ୍କୁ କ୍ଷତିପୂରଣ ଯୋଗାଇଦେବାକୁ ଦାବି ହୋଇଛି।



## ସ୍ୱଚ୍ଛତା ରଥ ଶୁଭାରମ୍ଭ

ବଇଣ୍ଡା, ୨୨।୬(ସମିସ): କିଶୋରନଗର ବ୍ଲକ ନୁନୁକାପଶି ପଞ୍ଚାୟତ ବଇଣ୍ଡା ଛକ ନିକଟରେ ରବିବାର ସ୍ୱଚ୍ଛତା ରଥକୁ ଶୁଭାରମ୍ଭ କରାଯାଇଛି। ମୁଖ୍ୟଅତିଥି ଭାବେ ନୁନୁକାପଶି ସରପଞ୍ଚ ଦୀପ୍ତିମୟୀ ସାହୁ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ଏଥିସହ ସ୍ୱଚ୍ଛତା ବଜାୟ ରଖି ଆବର୍ଜନାମୁକ୍ତ ପରିବେଶ ଗଠନ ପାଇଁ ପରାମର୍ଶ ଦେଇଥିଲେଥ। ଅନ୍ୟତମ ଅତିଥି ଭାବେ ବିଜେପି ନେତା ଅରବିନ୍ଦ ସାହୁ, ରାଜେନ୍ଦ୍ର ସାହୁ, ମାନସ ସାହୁ, ଗିରୀଶ ଚନ୍ଦ୍ର ବେହେରା, ରାଜା ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ। ଏହି ରଥ ବିଭିନ୍ନ ଗ୍ରାମ ବୁଲି ଲୋକଙ୍କୁ ସଚେତନା କରାଇବ।

## ପିଏଚ୍‌ଡି ଲାଭ



ଶ୍ରୀ ଶ୍ରୀଧର ରଞ୍ଜନ ଦାସ Biju Patnaik University of Technology (BPUT), Rourkela ରୁ ଫାର୍ମାସି ବିଭାଗରେ କୃତିତ୍ୱ ସହ (Ph.D) ଉପାଧି ଲାଭ କରିଛନ୍ତି। Einstein College of Pharmacy, Khurda ର Prof. (Dr.) Bibhuti Bhusana Panigrahi ଏବଂ I.G.I.P.S, Bhubaneswar ର Prof. (Dr.) Manoj Kumar Paniଙ୍କ ତତ୍ତ୍ୱାବଧାନରେ "Formulation and Evaluation of Novel Bilayer Floating Tablet By Using Selective Drugs as GRDDS" ଉପରେ ଗବେଷଣା କରିଥିବା ସନ୍ଦର୍ଭଟି Examiner, Prof. (Dr.) Satyabrata Bhanja, RITEE college of Pharmacy, Raipur ଏବଂ Dr. Rakesh Gupta, Vaish institute of pharmaceutical education, Rohtak, Haryana ଙ୍କ ଦ୍ୱାରା ମୂଲ୍ୟାୟନ ଏବଂ ଉଚ୍ଚ ପ୍ରଶଂସିତ ହୋଇଛି। ଡ. ଶ୍ରୀଧର ରଞ୍ଜନ ଦାସ ବର୍ତ୍ତମାନ S.I.P.E.R, Cuttack ଠାରେ Associate Professor ଭାବେ କାର୍ଯ୍ୟରତ ଥିବା ସହ ତାଙ୍କର ଗବେଷଣାତ୍ମକ କାର୍ଯ୍ୟ ପାଇଁ ବିଦେଶର ଅନେକେ ଗବେଷଣା ସଂସ୍ଥା ଦ୍ୱାରା ପ୍ରଶଂସିତ ହେବାରେ ସୌଭାଗ୍ୟ ଲାଭ କରିଛନ୍ତି। ସେ ଅନେକ ବହୁ ପ୍ରତିଷ୍ଠିତ ଗବେଷଣାତ୍ମକ ପତ୍ରିକା ପ୍ରକାଶକ ସଂସ୍ଥା ରେ ସମୀକ୍ଷକ ଭାବେ କାର୍ଯ୍ୟ କରି ଦେଶ ଏବଂ ବିଦେଶ ରେ ପ୍ରତିଷ୍ଠା ଲାଭ କରିଛନ୍ତି। ଡ. ଶ୍ରୀଧର ରଞ୍ଜନ ଦାସ କଟକ ଜିଲ୍ଲାର ଯଶପଡା ନିବାସୀ, ଭାରତୀୟ ଖାଦ୍ୟ ନିଗମର ଅବସରପ୍ରାପ୍ତ କର୍ମଚାରୀ ଶ୍ରୀଯୁକ୍ତ ସୁଦାମ ଚରଣ ଦାସ ଏବଂ ଶ୍ରୀମତୀ ବାସନ୍ତୀ ଦାସଙ୍କ ମଧ୍ୟମ ପୁତ୍ର ଅଟନ୍ତି। ସେ କୁନି ବେହେରାଙ୍କ ଏକମାତ୍ର ଜାମାତା ଅଟନ୍ତି। ସେ ଏହି କାର୍ଯ୍ୟର ସଫଳତାର ଶ୍ରେୟ ପ୍ରଭୁ ଶ୍ରୀ ଜଗନ୍ନାଥ, ଝଙ୍କଡ ବାସିନୀ ମା ଶାରଳା, ପିତାମାତା, ପରିବାର, ବନ୍ଧୁ, ପରିଜନ ତଥା ଗବେଷଣା ପାଇଁ ଉତ୍ସାହିତ କରିଥିବା ବ୍ୟକ୍ତି ବିଶେଷଙ୍କୁ ପ୍ରଦାନ କରିଛନ୍ତି।

# ଶିଶୁ ନିର୍ଯାତନା ନିରୋଧ ସଚେତନତା

କିଶୋରନଗର, ୨୨।୬(ସମିସ): ଅନୁଗୋଳ ଜିଲ୍ଲା ବଣିନାଳୀ ବିଶ୍ୱ ଯୁବକେନ୍ଦ୍ର ଦ୍ୱାରା ପରିଚାଳିତ କାର୍ଯ୍ୟକ୍ରମ 'ଆକ୍ସେସ ଟୁ ଜଷ୍ଟିସ' ଅଧୀନ କିଶୋରନଗର ବ୍ଲକ ଉରୁକୁଳା ପଞ୍ଚାୟତ ଖମାର ଗ୍ରାମରେ ଶିଶୁ ନିର୍ଯାତନା ନିରୋଧ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ୱାର୍ଡମେମ୍ବର, ଅଙ୍ଗନବାଡ଼ି କର୍ମୀ, ଆଶାକର୍ମୀ, ଅନୁଷ୍ଠାନର ସଭାପତି, ସମ୍ପାଦକ ଓ ଗ୍ରାମବାସୀ ଯୋଗଦେଇଥିଲେ। ଶିଶୁମାନଙ୍କୁ ସେମାନଙ୍କ ଅଧିକାରରୁ ବଞ୍ଚିତ କରି ବଲ୍ୟବିବାହ, ଶିଶୁ ଚାଲାଣ, ଶିଶୁ ଯୌନ ନିର୍ଯାତନା, ଶିଶୁ ଶ୍ରମିକ ତଥା ଜୀବନ ପ୍ରତି ବିପଦ ଥିବା କାର୍ଯ୍ୟରେ ନିୟୋଜନ ଓ ଏହାର ଭୟାବହତା ଉପରେ ଆଲୋଚନା କରାଯାଇଥିଲା। ବାଲ୍ୟ ବିବାହ ତଥା ଶିଶୁଙ୍କୁ ଶ୍ରମରେ ନିୟୋଜିତ କରୁଥିବା ଲୋକଙ୍କ ପାଇଁ ଭାରତୀୟ ଆଇନ ଅନୁଯାୟୀ ଦଣ୍ଡ ବିଧାନ ଓ ନିୟମାବଳୀ ଏବଂ ପ୍ରତ୍ୟେକ ଶିଶୁର ଚାରିଟି ପ୍ରାଥମିକ ଅଧିକାର ବିଷୟରେ ଅବଗତ କରାଯାଇଥିଲା। ବିଶ୍ୱଯୁବ କେନ୍ଦ୍ରର ନିର୍ଦ୍ଦେଶକ ମନୋଜ କୁମାର ମହାପାତ୍ର ଓ ପୂଜା ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମକୁ ପ୍ରକଳ୍ପ ସହଯୋଗୀ ପପି ଦେହୁରୀ ପରିଚାଳନା କରିଥିଲେ।




# ନବୀନଙ୍କ ଆରୋଗ୍ୟ କାମନା କରି ପୂଜାର୍ଚ୍ଚନା, ଦୀପଦାନ







ଅନୁଗୋଳ, ୨୨।୬(ସମିସ)

ମୁମ୍ବଇର କୋକିଳା ବେନ ଧିରୁଭାଇ ଅମ୍ବାନୀ ହସ୍ପିଟାଲରେ ଡାକ୍ତର ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ସର୍ଭାଇକାଲ ଆର୍ଥାରାଇଟ୍ସର ସଫଳ ଅସ୍ତ୍ରୋପଚାର କରାଯାଇଛି। ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସ୍ଥିର ଅଛି। ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ଅନୁଗୋଳର ବିଜେଡି ନେତା, କର୍ମୀ, ଭଲ ପାଉଥିବା ଲୋକେ ଅଧିଷ୍ଠାତ୍ରୀ ଦେବୀ ମା' ବୁଢ଼ୀ ଠାକୁରାଣୀ ମନ୍ଦିର, ଜଗନ୍ନାଥ ମନ୍ଦିର ସମେତ ନିଜ ନିଜ ଅଞ୍ଚଳର ମନ୍ଦିର ସମ୍ମୁଖରେ ସମୂହ ଦୀପଦାନ ଓ ପୂଜାର୍ଚ୍ଚନା କରିଛନ୍ତି। ପୂର୍ବତନ ସାଂସଦ ମହେଶ ସାହୁ, ଜିଲ୍ଲା ପରିଷଦ ସଭ୍ୟ ଗୋପାଳ ନାୟକ, ସମାଜସେବୀ ପର୍ଶୁରାମ ଦାସ ଓ ବିଜେଡି କର୍ମୀମାନେ ମା' ବୁଢ଼ୀ ଠାକୁରାଣୀ ମନ୍ଦିରରେ ଦୀପଦାନ କରିଥିଲେ।

**ପବିତ୍ରନଗର/କଣିହାଁ:** କଣିହାଁ ବ୍ଲକ କର୍ଣ୍ଣପାଳ ପଞ୍ଚାୟତ ମା' ଲୁଧୁଣୀ ମନ୍ଦିରରେ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ସମୂହ ଦୀପଦାନ ଓ ପୂଜାର୍ଚ୍ଚନା କରାଯାଇଛି। ପୂର୍ବତନ ବିଧାୟକ ମୁକେଶ କୁମାର ପାଳଙ୍କ ନିର୍ଦ୍ଦେଶ କ୍ରମେ କଣିହାଁ ବ୍ଲକ ବିଜେଡି ସଭାପତି ପ୍ରଶାନ୍ତ କୁମାର ସାହୁଙ୍କ ନେତୃତ୍ୱରେ ବ୍ଲକ ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନଙ୍କ ସମେତ ବହୁ କର୍ମୀ ଓ କର୍ମକର୍ତ୍ତା ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ସେହିପରି କଣିହାଁ ବ୍ଲକର ସମସ୍ତ ପଞ୍ଚାୟତ ସଭାପତି ନିଜ ପଞ୍ଚାୟତରେ ଥିବା ଦେବଦେବୀ ମନ୍ଦିରରେ ଦୀପଦାନ କରିଛନ୍ତି। ପାଲଲହଡ଼ା ନିର୍ବାଚନ ମଣ୍ଡଳୀର ପୂର୍ବତନ ଯୁବ ସଭାପତି ସୁବାସ ମହାନ୍ତି ଏହି କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ। କାର୍ଯ୍ୟକ୍ରମରେ କର୍ଣ୍ଣପାଳ ପଞ୍ଚାୟତ ବିଜେଡି ସଭାପତି ଦେବରାଜ ପ୍ରଧାନ, ପରାବିଲ ସଭାପତି ବିରଞ୍ଚି ନାରାୟଣ ସାହୁ, ବିରୁ ସଭାପତି ଅବନୀକାନ୍ତ ଦେହୁରୀ, କୁଲେଇ ସଭାପତି ସତ୍ୟାନନ୍ଦ ଗଡ଼ନାୟକ, ଅର୍କିଳ ସଭାପତି ଶିବପ୍ରସାଦ ବେହେରା, କରୁଣାକର ପ୍ରଧାନ, ଧ୍ରୁବଚରଣ ବିଶ୍ୱାଳ, ରବିଚନ୍ଦ୍ର ରାଉତ, ଗୋକୁଳ ପ୍ରଧାନ, ହର୍ଷ ପ୍ରଧାନ, ପ୍ରଦୀପ ସାମଲ, ଅଜିତ ସାମଲ, ଶିବରାମ ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ।

**ଖମାର:** ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ପୂର୍ବତନ ପାଲଲହଡ଼ା ବିଧାୟକ ତଥା ବିଜେଡି ରାଜ୍ୟ ସାଧାରଣ ସମ୍ପାଦକ ମୁକେଶ କୁମାର ପାଳଙ୍କ ନିର୍ଦ୍ଦେଶରେ ରଜଡଙ୍ଗ ପଞ୍ଚାୟତ ବିଜେଡି ସଭାପତି ବିଶ୍ୱମ୍ବର ସାମଲଙ୍କ ତତ୍ତ୍ୱାବଧାନରେ ଦଳର କର୍ମକର୍ତ୍ତାମାନେ ସିଂହେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଦୀପଦାନ କରିଛନ୍ତି। ଏଥିରେ ବହୁ ବିଜେଡି କର୍ମୀ ଓ ଜନସାଧାରଣ ଯୋଗଦେଇଥିଲେ।

### ପୋତି ହୋଇପଡ଼ିଛି କାଣୀନଦୀ ଓ ଶାଖା ନାଳ

# ଜଳସେଚନ ଓ ଜଳନିଷ୍କାସନ ବାଧାପ୍ରାପ୍ତ; ଖନନ ଦାବି

ପଟ୍ଟାମୁଣ୍ଡାଇ/ମାଳିପୁର,୨୨।୬(ସମିସ)



ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଡାମରପୁର, ଶ୍ରୀରାମପୁର, ବଳଭଦ୍ରପୁର, ଶାସନ, ଚନ୍ଦନନଗର, ସଂସାରଫଳ ଓ ରାଜନଗର ବ୍ଲକ୍‌ର ବନ୍ଧପଡ଼ା ପଞ୍ଚାୟତର ଚତୁପାର୍ଶ୍ୱରେ ବ୍ରାହ୍ମଣୀ ନଦୀର ଶାଖା କାଣୀନଦୀ ଓ ଏହାର ଶାଖା ନାଳ ଘେରି ରହିଛି। ଏହାର ଦୈର୍ଘ୍ୟ ପ୍ରାୟ ୧୭ କିଲୋମିଟର ହୋଇଥିବାବେଳେ ଏହା ମୁଖ୍ୟତଃ ଜଳସେଚନ ଓ ଜଳ ନିଷ୍କାସନ ପାଇଁ ଉଦ୍ଦିଷ୍ଟ। ସ୍ଥାନୀୟ ଅଞ୍ଚଳର ହଜାର ହଜାର ଏକର ଚାଷଜମିକୁ ଜଳସେଚନ ପାଇଁ କାଣୀନଦୀ ଓ ଏହାର ଶାଖା ନାଳ ବର୍ଷ ବର୍ଷ ଧରି ଉପଯୋଗୀ ହୋଇଆସିଛି। ବ୍ରାହ୍ମଣୀ ନଦୀ ସହିତ ଏହାର ସଂଯୋଗ ଥିବାରୁ ଏଥିରେ ଜୁଆର ଓ ଭଟ୍ଟା ଦେଖିବାକୁ ମିଳିଥାଏ। ତେବେ ବ୍ରାହ୍ମଣୀ ନଦୀରୁ ଏହାର ଉତ୍ପତ୍ତି ସ୍ଥଳ (ମୁହାଣ) କ୍ରମଶଃ ପୋତି ହୋଇପଡ଼ିବାରୁ ପୂର୍ବ ଭଳି ଏଥିରେ ଆଉ ଜୁଆର, ଭଟ୍ଟା ହେଉନାହିଁ। ଦିନଥିଲା କାଣୀ ନଦୀ ଓ ଏହାର ଶାଖା ନାଳ ଅଞ୍ଚଳର ହଜାର ହଜାର କୃଷକଙ୍କ ପାଇଁ ଆଶୀର୍ବାଦ ପାଲଟିଥିବାବେଳେ ଏହା ଏବେ ଦଳ, ଅନାବନା ଗଛ ଓ ଆବର୍ଜନାରେ ଭର୍ତ୍ତି ହୋଇରହିଥିବାରୁ ଅଞ୍ଚଳବାସୀଙ୍କ ପାଇଁ ଅଭିଶାପ ପାଲଟିଛି। ଚାଷଜମିକୁ ଜଳସେଚନ ଓ ଜଳ ନିଷ୍କାସନ ପାଇଁ ଏହା ସମ୍ପୂର୍ଣ୍ଣ ଅନୁପଯୁକ୍ତ ହୋଇପଡ଼ିଛି। ତେଣୁ ଏହାର ଖନନ କରାଯିବାକୁ ଦାବି ହେଉଛି। କାଣୀନଦୀ ଓ ଶାଖା ନାଳର ପୁନରୁଦ୍ଧାର ପାଇଁ ଅଞ୍ଚଳବାସୀଙ୍କ ଦାବି ପରେ ଭାରତ ସରକାରଙ୍କ ଯୋଜନା କମିଶନ ଏହାର ଖନନ ପାଇଁ ଦେଢ଼ କୋଟି ଟଙ୍କା ଅନୁଦାନ ଯୋଗାଇ ଦେଇଥିଲେ। ରାଜନଗର ସାଲାଇନ ସବଡିଭିଜନ ଏହାର ଖନନ ଦାୟିତ୍ୱ ନେଇଥିଲା। ପରେ ନାବାର୍ଡ ପକ୍ଷରୁ ଏହାର ଖନନ, ନବୀକରଣ, ଚେକ ଗେଟ୍ ନିର୍ମାଣ ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ କରାଯାଇଥିଲା। କିନ୍ତୁ ପରିସ୍ଥିତିରେ ସୁଧାର ଆସିନାହିଁ। ନାବାର୍ଡ ଅନୁଦାନରେ ଜେନପାଟଣା-କୁମ୍ଭାରପାଟଣା କାଣୀନଦୀ ମୁହାଣରେ ଚେକ ଗେଟ୍, ଡାମରପୁର-ମାଳିପୁର ରାସ୍ତାରେ କାଣୀନଦୀ ଉପରେ ଚେକ ଗେଟ୍, ରାସ୍ତା ଓ ପୋଲ ନିର୍ମାଣ, ଗୋବିନ୍ଦପୁର ନିକଟରେ ଚେକ୍ ଗେଟ୍, ଟାଙ୍ଗଣତୈଳା ନିକଟ କାଣୀନଦୀ ମୁହାଣରେ ଚେକ ଗେଟ୍ ନିର୍ମାଣ, ଦାଣ୍ଡି ହନୁମାନ ମନ୍ଦିର ନିକଟରେ କାଣୀନଦୀ ଉପରେ ରାସ୍ତା ଓ ପୋଲ ଓ ଅନ୍ୟାନ୍ୟ ୯ଟି ସ୍ଥାନରେ କାଣୀନଦୀ ଉପରେ ଚାଷୀ ପୋଲ ନିର୍ମାଣ କରାଯାଇଥିଲା। ଏ ବାବଦରେ କୋଟି କୋଟି ଟଙ୍କା ଖର୍ଚ୍ଚ ହୋଇଥିଲେ ହେଁ ୧୭ କିମି ଦୀର୍ଘ କାଣୀନଦୀ ଓ ଶାଖା ନାଳର ଆବଶ୍ୟକ ଅନୁଯାୟୀ ଖନନ କାର୍ଯ୍ୟ ହୋଇପାରି ନ ଥିଲା। ନାବାର୍ଡ ଅନୁଦାନରେ ଏହି ଖନନ କାର୍ଯ୍ୟର ଦାୟିତ୍ୱ ଡ୍ରେନେଜ ଡିଭିଜନ ନେଇଥିଲା। ଅର୍ଥାଭାବ ଦର୍ଶାଇ ସଠିକ ଭାବେ ଖନନ କାର୍ଯ୍ୟ ହୋଇପାରି ନ ଥିବା ବିଭାଗ ପକ୍ଷରୁ କୁହାଯାଇଥିଲା। ଇତିମଧ୍ୟରେ ୧୦/୧୨ ବର୍ଷ ବିତି ସାରିଥିବାବେଳେ ସମ୍ପୂର୍ଣ୍ଣ କାଣୀନଦୀ ଓ ଏହାର ଶାଖା ନାଳ ସମ୍ପୂର୍ଣ୍ଣ ପୋତି ହୋଇପଡ଼ିଛି। ଫଳରେ କାଣୀ ନଦୀ ପ୍ରକଳ୍ପ ଅନ୍ତର୍ଭୁକ୍ତ ୯ଟି ପଞ୍ଚାୟତର ଉର୍ବର ଦୋଫସଲି ଚାଷଜମି ଏବେ ପଡ଼ିଆ ପଡ଼ିଛି। ଏହାକୁ ଶସ୍ୟ ଶ୍ୟାମଳ କରିବା ପାଇଁ ୧୭ କିମି ଦୀର୍ଘ କାଣୀ ନଦୀର ଗଭୀର ଖନନ ଆବଶ୍ୟକତା ରହିଛି ବୋଲି ଅଞ୍ଚଳବାସୀଙ୍କ ପକ୍ଷରୁ ବର୍ଷୀୟାନ ରାଜନେତା ତଥା ସମାଜସେବୀ ନୃସିଂହ ଆଚାର୍ଯ୍ୟ, ଅଜୟ ସେନ, ମୁରଲୀଧର ସେଠୀ, ବସନ୍ତ ନାଥ, ପର୍ଶୁରାମ ସାହୁ, ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ଲୋକପ୍ରତିନିଧି, କୃଷକ ନେତା କଟକ ଡ୍ରେନେଜ ବିଭାଗ ମୁଖ୍ୟ ଯନ୍ତ୍ରୀଙ୍କୁ ଲିଖିତ ଭାବେ ଜଣାଇ ସମସ୍ୟାର ସମାଧାନ ପାଇଁ ଦାବି କରିଛନ୍ତି।

### ● ନବୀନଙ୍କ ଆରୋଗ୍ୟ କାମନା

# ମନସୁର ବାବାଙ୍କ ପୀଠରେ ଚାଦର ଅର୍ପଣ



କେନ୍ଦ୍ରାପଡ଼ା,୨୨।୬(ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରାଯାଇ କେନ୍ଦ୍ରାପଡ଼ା ଜିଲ୍ଲା ବିଜେଡି ସଂଖ୍ୟାଲଘୁ ସେଲ୍ ପକ୍ଷରୁ ହଜରତ ସୟଦ ମନସୁର ସାହା ବାବାଙ୍କ ପୀଠସ୍ଥଳୀରେ ରବିବାର ଚାଦରଅର୍ପଣ କରାଯାଇଛି। ଜିଲ୍ଲା ବିଜେଡି ସଂଖ୍ୟାଲଘୁ ସେଲ୍ ସଭାପତି ସେକ ଇନାୟତଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ବରିଷ୍ଠ ବିଜେଡି ନେତା ରଞ୍ଜିତ ସାହୁ, ମୁକ୍ତାର ଖାଁ, ସେକ ନିଜାମୁଦ୍ଦିନ, କାଉନସିଲରଙ୍କ ପ୍ରତିନିଧି ସେକ ଚାନ୍ଦ, କାଉନସିଲରଙ୍କ ପ୍ରତିନିଧି ସେକ ନସିମୁଦ୍ଦିନ, ସେକ କାଲୋ, ସେକ ମୁକିମ, ସେକ ସାନ୍, ସାବିର ହୋସେନ, ସେକ ଟିପୁସୁଲତାନ, ସେକ କାସିମ, ସେକ ରୋହିତ, ସେକ ମୋତି, ସେକ ବାସା, ସେକ ସାବିର, ସେକ ଜଲିମ, ସେକ ଇରମା, ସେକ ସୁଫିଆନ ପ୍ରମୁଖ ଶତାଧିକ ବିଜେଡି ସମର୍ଥକ ଯୋଗଦେଇ ହଜରତ ସୟଦ ମନସୁର ସାହା ବାବାଙ୍କ ପୀଠରେ ଚାଦର ଚଢ଼ାଇବା ସହ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ସାମୂହିକ ପ୍ରାର୍ଥନା କରିଥିଲେ।

## ମହାପୁରୁଷ ଗୁରୁମହାରାଜ ମଠରେ ସମୂହ ଦୀପଦାନ



ଆଳି: ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଆଜି ସନ୍ଧ୍ୟାରେ ବିଜେଡି ପକ୍ଷରୁ ବଡ଼ାମ୍ବିଳା ପଞ୍ଚାୟତର କଳବିଦ୍ୟାସ ସିଦ୍ଧ ମହାପୁରୁଷ ଗୁରୁମହାରାଜ ମଠରେ ସମୂହ ଦୀପଦାନ ଅନୁଷ୍ଠିତ ହୋଇଛି। ବରିଷ୍ଠ ବିଜେଡି ନେତା ପ୍ରଦ୍ୟୁମ୍ନ ଦାଶଙ୍କ ସଂଯୋଜନାରେ ଏହି କାର୍ଯ୍ୟକ୍ରମରେ ପୂର୍ବତନ ସରପଞ୍ଚ ଭରତ ସେଠୀ, ଭୁବନାନନ୍ଦ ଦାଶ, ସୁନାକାର ବେହେରା, ବାବାଜୀ ମୁଦୁଲି, ଶରତ ମହାନ୍ତି, ବାବାଜୀ ପାତ୍ର, ଚକ୍ରଧର ପଣ୍ଡା, ସଞ୍ଜୟ ମହାନ୍ତି ଓ ରାଜେନ୍ଦ୍ର ସ୍ୱାଇଁଙ୍କ ସମେତ ଶତାଧିକ ବିଜୁ ଜନତା ଦଳ କର୍ମୀ, ନବୀନପ୍ରେମୀ ଉପସ୍ଥିତ ରହି ସମୂହ ଦୀପଦାନ କରିଥିଲେ। ସେହିପରି ଆଳିର ଆରାଧ୍ୟ ବରାହଜୀଉଙ୍କ ନିକଟରେ ଆଳି ବିଜେଡି ପକ୍ଷରୁ ଦେମାଳ ସରପଞ୍ଚ ରିତାରାଣୀ ପରିଡ଼ାଙ୍କ ତତ୍ତ୍ୱାବଧାନରେ ଶତାଧିକ ବିଜେଡି କର୍ମୀ ଦୀପଦାନ କରିଥିଲେ।

## କବିତା ପୁସ୍ତକ 'କାବ୍ୟାଞ୍ଜଳି' ଉନ୍ମୋଚିତ



ରାଜନଗର,୨୨।୬(ସମିସ): ରାଜନଗର ମାଟିର ତରୁଣ କବି ପ୍ରଶାନ୍ତ ନାଥଙ୍କ ପ୍ରଥମ କବିତା ସଂକଳନ "କାବ୍ୟାଞ୍ଜଳି' ପ୍ରକାଶ ପାଇଛି। ଭୁବନେଶ୍ୱରସ୍ଥ ଗୀତଗୋବିନ୍ଦ ସଦନରେ ଆୟୋଜିତ ବିଶେଷ କାର୍ଯ୍ୟକ୍ରମରେ ଏହି ପୁସ୍ତକ ଉନ୍ମୋଚିତ ହୋଇଛି। ଗୀତିକାର ମୋହିତ ଚକ୍ରବର୍ତ୍ତୀ, ଅଭିନେତା ମୋହନ ମାଜିଥିଆ, ଜଗନ୍ନାଥ ସଂସ୍କୃତି ବିଶାରଦ ତଥା ପ୍ରବଚକ ଡଃ ଶ୍ରୀନିବାସ ଘଟୁଆରୀ, ଡା. ରମେଶ ଚନ୍ଦ୍ର ଦାସ, ଯୁବକବି ଦେବେନ୍ଦ୍ର ରାଉଳ ଓ ଗୀତିକାର କୁମାର ଲିଟନ ପ୍ରମୁଖ ଅତିଥି ଭାବେ ଯୋଗଦେଇ କବିତା ପୁସ୍ତକ ଉନ୍ମୋଚନ କରିଥିଲେ। ଏହି ପୁସ୍ତକର ପ୍ରଚ୍ଛଦକୁ ରାଜନଗରର ଯୁବ ଚିତ୍ରଶିଳ୍ପୀ ଦେବେନ୍ଦ୍ର ରାଉଳ ଡିଜାଇନ୍ କରିଛନ୍ତି। ପ୍ରଶାନ୍ତ କୁମାର ନାଥ ଜଣେ ଜଣାଶୁଣା ଯୁବ ଗୀତିକାର, ଗାଳ୍ପିକ ଓ କବି। ତାଙ୍କର ୧୦ରୁ ଊର୍ଦ୍ଧ୍ୱ ଗୀତ ଯେଉଁଥିରେ ଶ୍ରୀଚରଣଙ୍କ ସମେତ ବହୁ ଖ୍ୟାତନାମା କଣ୍ଠଶିଳ୍ପୀ କଣ୍ଠଦାନ କରିଛନ୍ତି।

## ସମାଜସେବୀ ନିରଞ୍ଜନ ପ୍ରଧାନଙ୍କୁ ଶ୍ରଦ୍ଧାଞ୍ଜଳି

ପଟ୍ଟାମୁଣ୍ଡାଇ,୨୨।୬(ସମିସ): ସମାଜସେବୀ, ବେଲତଳ ଶାନ୍ତି କମିଟି ସଭାପତି ନିରଞ୍ଜନ ପ୍ରଧାନଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ପଟ୍ଟାମୁଣ୍ଡାଇ ବିକାଶ



ପରିଷଦ ସଭାପତି କାଉନସିଲର ଗୋପୀବଲ୍ଲଭ ନାୟକଙ୍କ ପୌରୋହିତ୍ୟରେ ଆୟୋଜିତ ଶ୍ରଦ୍ଧାଞ୍ଜଳି ସଭାରେ ପୂର୍ବତନ ବିଧାୟକ କିଶୋର ତରାଇ, ପଟ୍ଟାମୁଣ୍ଡାଇ ବ୍ଲକ୍ ପୂର୍ବତନ ଅଧ୍ୟକ୍ଷ ମାନସ ସାମଲ, ରାଜନଗର କଂଗ୍ରେସ ପ୍ରାର୍ଥୀ ଅଶୋକ ପ୍ରତିହାରୀ ଜିଲ୍ଲା, ଓବିସି ସେଲ ଅଧ୍ୟକ୍ଷ ମଳୟ ଦାସ, ପଟ୍ଟାମୁଣ୍ଡାଇ ବିକାଶ ପରିଷଦ ସମ୍ପାଦକ ଗୋପୀନାଥ ତ୍ରିପାଠୀ, ବରିଷ୍ଠ ନେତା ଅମୂଲ୍ୟ ପ୍ରଧାନ, ଜିଲ୍ଲା ଯୁବ କଂଗ୍ରେସ ପ୍ରାକ୍ତନ ସଭାପତି ସତ୍ୟପ୍ରିୟ ସାମଲ, ଓକିଲ ସଂଘ ସଭାପତି ସୂର୍ଯ୍ୟରଞ୍ଜନ ରାଉଳ, ସମ୍ପାଦକ ରବୀନ୍ଦ୍ର ଦାଶ, ଯୁବନେତା ତପନ ପାତ୍ର, ସନାତନ ବିଶ୍ୱାଳ, ଅବିନାଶ ଲେଙ୍କା, ସୁଦର୍ଶନ ଦାଶ, କାଉନସିଲର ମଳୟଓଝା, ପୂର୍ବତନ କାଉନସିଲର ଆଲୋକ ଧଳ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ପ୍ରଧାନଙ୍କ କର୍ମମୟ ଜୀବନ ଉପରେ ଆଲୋକପାତ କରି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। କବି ଗୌରାଙ୍ଗ ମହାନ୍ତି ଦିବଂଗତ ପ୍ରଧାନଙ୍କ ଉପରେ ସ୍ୱରଚିତ କବିତା ପାଠ କରିଥିଲେ। ରବି ରଞ୍ଜନ ପ୍ରଧାନ ଧନ୍ୟବାଦ ଦେଇଥିଲେ।

## ପୂର୍ବତନ ବିଜେପି ବ୍ଲକ୍ ସଭାପତିଙ୍କ ପରଲୋକ

ପଟ୍ଟାମୁଣ୍ଡାଇ,୨୨।୬(ସମିସ): ଆଳି ବ୍ଲକ୍ ପୂର୍ବତନ ବିଜେପି ସଭାପତି, ଆଳି ନାଗରିକ ମଞ୍ଚ ଉପଦେଷ୍ଟା କରୁଣାକର ତ୍ରିପାଠୀ (୭୯)ଙ୍କ ପରଲୋକ ହୋଇଯାଇଛି। ସେ ଚଣ୍ଡିଗଡରେ



ଚିକିତ୍ସାଧୀନ ଥିବାବେଳେ ତାଙ୍କର ମୃତ୍ୟୁ ଘଟିଛି। ତାଙ୍କ ଦେହାନ୍ତରେ ଆଳି ବିଧାୟକ ପ୍ରତାପ କେଶରୀ ଦେବ, କଂଗ୍ରେସ ନେତ୍ରୀ ଡା. ଦେବସ୍ମିତା ଶର୍ମା, ପୂର୍ବତନ ବିଧାୟକ ଦୋଳଗୋବିନ୍ଦ ନାୟକ, ବିଜେପି ବିଧାୟକ ପ୍ରାର୍ଥୀ କୃଷ୍ଣଚନ୍ଦ୍ର ପଣ୍ଡା, ବରିଷ୍ଠ ନେତା ବ୍ରଜସୁନ୍ଦର ଭୂୟାଁ, ସରପଞ୍ଚ ମହେଶ୍ୱର ତ୍ରିପାଠୀ, ଆଳି ନାଗରିକ ମଞ୍ଚର ସହଦେବ ସିଂ, ଧନେଶ୍ୱର ରାଉତ, ରାଧାକାନ୍ତ ବିଶ୍ୱାଳ ପ୍ରମୁଖ ଶୋକ ପ୍ରକାଶ କରିଛନ୍ତି। ପୁରୀ ସ୍ୱର୍ଗଦ୍ୱାରରେ ଶେଷକୃତ୍ୟ ହୋଇଛି।

## ଆନ୍ତର୍ଜାତିକ ଯୋଗ ଦିବସ ପାଳିତ



ଆଳି,୨୨।୬(ସମିସ): ଆନ୍ତର୍ଜାତିକ ଯୋଗ ଦିବସ ଅବସରରେ ଆଳି ବ୍ଲକ ପ୍ରଶାସନ ତରଫରୁ ଯୋଗ ଶିବିର ଆୟୋଜିତ ହୋଇଥିଲା। ଯୋଗ ଶିକ୍ଷୟିତ୍ରୀ ଶୁଭସ୍ମିତା ରାଉତ ସଂଯୋଜନା କରିଥିବାବେଳେ ବିଡିଓ ଅବିନାଶ ବିଶ୍ୱଜିତ ସେଠୀ, ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ଦେବାଶିଷ ଆଚାର୍ଯ୍ୟ, ଆଳି ତହସିଲଦାର ଶାନ୍ତିସ୍ୱରୂପ ମିଶ୍ର, ଆଳି ସ୍ୱାସ୍ଥ୍ୟକେନ୍ଦ୍ର ଭାରପ୍ରାପ୍ତ ଅଧିକାରୀ ପ୍ରଣବ ଶୁକ୍ଳା ପ୍ରମୁଖ ଉପସ୍ଥିତ ଥିଲେ। ବିଭିନ୍ନ ବିଭାଗର ପ୍ରଶାସନିକ ଅଧିକାରୀ, ଆଳି ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ, ଅଙ୍ଗନବାଡି କର୍ମୀ, ବ୍ଲକ କର୍ମଚାରୀ ଯୋଗଦେଇ ଯୋଗଭ୍ୟାସ କରିଥିଲେ। ସେହିଭଳି ଆଳି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ମହୁ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର, ବଡାମ୍ବିଳା ପଞ୍ଚାୟତ ଅଫିସ ଓ ନମୌଜା ହାଇସ୍କୁଲ ପରିସରରେ ଯୋଗ ଦିବସ ପାଳିତ ହୋଇଥିଲା। ଏଥିସହିତ ବିଜେପି ପକ୍ଷରୁ ୪ଟି ମଣ୍ଡଳରେ ଆଳି ବିଧାୟକ ପ୍ରାର୍ଥୀ କୃଷ୍ଣଚନ୍ଦ୍ର ପଣ୍ଡା ଓ ଜୋନ ସଭାପତିଙ୍କ ନେତୃତ୍ୱରେ ଅରଗଳ ହରଗୌରୀ ପଡିଆ, ଜାଭିୟର ଇଣ୍ଟରନ୍ୟାସନାଲ ସ୍କୁଲ, ପତ୍ରପୁର ହାଇସ୍କୁଲ, ଆଳି ସରସ୍ୱତୀ ଶିଶୁମନ୍ଦିରରେ ଯୋଗ ଦିବସ ପାଳନ କରାଯାଇଥିଲା।

# ଶ୍ରୀବଳଦେବଜୀଉ କଳା ସଂସ୍କୃତି ପ୍ରତିଷ୍ଠାନର ବାର୍ଷିକ ଉତ୍ସବ

କେନ୍ଦ୍ରାପଡ଼ା,୨୨।୬(ସମିସ): ଜିଲ୍ଲାର ପ୍ରତିଷ୍ଠିତ ସାଂସ୍କୃତିକ ଶିକ୍ଷାନୁଷ୍ଠାନ ଆଇନ କଲେଜ କଲୋନୀସ୍ଥ ଶ୍ରୀବଳଦେବଜୀଉ କଳା ସଂସ୍କୃତି ପ୍ରତିଷ୍ଠାନର ତ୍ରୟୋବିଂଶତମ ବାର୍ଷିକ ଉତ୍ସବ ଜିଲ୍ଲା ସଂସ୍କୃତି ଭବନରେ ଆୟୋଜିତ ହୋଇଯାଇଛି। ଅନୁଷ୍ଠାନର କାର୍ଯ୍ୟକାରୀ ସଭାପତି ଅଜୟ ସାମଲଙ୍କ ପରିଚାଳନାରେ ଉତ୍ସବକୁ ମୁଖ୍ୟଅତିଥି ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର ଉଦ୍‌ଘାଟନ କରିଥିବାବେଳେ ଡେରାବିଶ ବିଡିଓ ନମିତା ବାରିକ ମୁଖ୍ୟବକ୍ତା ଭାବେ ଯୋଗଦେଇ ପୂର୍ଣ୍ଣାଙ୍ଗ ମଣିଷ ଗଠନରେ କଳା ସଂସ୍କୃତିର ଉପଯୋଗିତା ବିଷୟରେ କହିଥିଲେ। ପ୍ରାଧ୍ୟାପକ ଦିଲ୍ଲୀପ ମିଶ୍ର, ଅଧ୍ୟାପିକା ଜୟଶ୍ରୀ ଜେନା ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିବାବେଳେ ସମ୍ପାଦକ ମହେନ୍ଦ୍ର ପଟ୍ଟନାୟକ ଅନୁଷ୍ଠାନର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ଏ ଅବସରରେ ଅନୁଷ୍ଠାନର ପ୍ରତିଷ୍ଠାତା ପ୍ରାଧ୍ୟାପକ ମୋହନ ଜେନାଙ୍କ ଚତୁର୍ଦ୍ଦଶ ପୁସ୍ତକ "ମୋହନ ବଂଶୀଦ' ଉନ୍ମୋଚିତ ହୋଇଥିଲା। ପରେ ଓଡିଶୀ ନାଚ, ଓଡିଶୀ ସଂଗୀତ, ତବଲା ବାଦନ, ଚିତ୍ରକଳା, ବକ୍ତୃତା ଆଦି ବିଭାଗରେ ଜିଲ୍ଲାର ବିଭିନ୍ନ କଳା ସଂସ୍କୃତି ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହାକୁ ସଂଗୀତଜ୍ଞ ରାଜେନ୍ଦ୍ର ସ୍ୱାଇଁ, ପ୍ରାଧ୍ୟାପକ ପ୍ରଭାକର ମଲ୍ଲିକ, ନୃତ୍ୟଗୁରୁ ଜୟଶ୍ରୀ ଦାସ, ନୃସିଂହ ମହାରଣା, ରଞ୍ଜନ ସାହୁ ପ୍ରମୁଖ ମୂଲ୍ୟାୟନ କରିଥିଲେ। ଅପରାହ୍ନରେ ପ୍ରତିଷ୍ଠାତା ସଭାପତି ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ସଭାପତିତ୍ୱରେ ଆୟୋଜିତ ପୁରସ୍କାର ବିତରଣ ସଭାରେ ଓଡିଶୀ ନୃତ୍ୟଗୁରୁ ରାଜଶ୍ରୀ ଚିନ୍ତକ ବେହେରା ମୁଖ୍ୟଅତିଥି, ସଂଗୀତ ନିର୍ଦ୍ଦେଶକ ଶରତ ନାୟକ ମୁଖ୍ୟବକ୍ତା ଓ ତବଲା ଗୁରୁ ସମୀରଞ୍ଜନ ଦାସ ସମ୍ମାନିତ ଅତିଥି ରୂପେ ଯୋଗଦେଇ ବ୍ୟକ୍ତି, ଗୋଷ୍ଠୀ ଓ ଦେଶ ଦେଶ ମଧ୍ୟରେ ସୁସମ୍ପର୍କ ସ୍ଥାପନ କରିବାରେ କଳା ସଂସ୍କୃତିର ଅମାପ ଶକ୍ତି ବିଷୟରେ ଅବତାରଣା କରିବା ସହ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ପଣ୍ଡିତ ପ୍ରତାପ ପତି ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ମଧୁସୂଦନ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରାଧ୍ୟାପକ ନନ୍ଦକିଶୋର ପରିଡ଼ା, ସଂଗୀତ ଗୁରୁ ରବୀନ୍ଦ୍ର ମିଶ୍ର, ଆଦିକନ୍ଦ ରାଉଳ, ଆକାଶ ନାୟକ, ଅରବିନ୍ଦ ମିଶ୍ର, ରାମକୃଷ୍ଣ ଦାଶ ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ରବୀନ୍ଦ୍ର ପାତ୍ର, ପ୍ରଦୀପ ପରିଡା, ଦୀପକ ସାହୁ ପରିଚାଳନା କରିଥିଲେ।

# ପଲେଇ ପଞ୍ଚାୟତରେ ସ୍ୱାସ୍ଥ୍ୟସେବା ଶିବିର




ଡେରାବିଶ,୨୨।୬(ସମିସ): ଡେରାବିଶ ବ୍ଲକ୍ ପଲେଇ ପଞ୍ଚାୟତ କାର୍ଯ୍ୟାଳୟରେ ଆଜି ଏକଦିବସୀୟ ମାଗଣା ସ୍ୱାସ୍ଥ୍ୟସେବା ଶିବିର ଅନୁଷ୍ଠିତ ହୋଇଯାଇଛି। ଚାନ୍ଦୋଳସ୍ଥ ଫ୍ୟୁଜନ ଫାଇନାନ୍ସ ସଂସ୍ଥା ପକ୍ଷରୁ ଆୟୋଜିତ ଏହି ଶିବିରକୁ ମୁଖ୍ୟଅତିଥି ସରପଞ୍ଚ ଅକ୍ଷୟ ସାହୁ ଉଦ୍‌ଘାଟନ କରିଥିଲେ। ଫ୍ୟୁଜନ ଫାଇନାନ୍ସ ସଂସ୍ଥାର ନିର୍ବାହୀ ପ୍ରଶାସକ ପୃଥ୍ୱିରାଜ ପାଣିନୀ ସଭାପତିତ୍ୱ କରିଥିବାବେଳେ ସମ୍ମାନିତ ଅତିଥି ଭାବେ ସମିତିସଭ୍ୟା ତୃପ୍ତିମୟୀ ଜେନା ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଫାଇନାନ୍ସ ସଂସ୍ଥାର ବ୍ୟାଙ୍କ ପରିଚାଳକ ସଂଜୀବ ମହାପାତ୍ର, ଅତିରିକ୍ତ ପରିଚାଳକ ଅବିନାଶ ଦାସ ଓ ସୁଶାନ୍ତ ସେନାପତି ଯୋଗ ଦେଇଥିଲେ। ଏହି ଶିବିରରେ ୨୫୦ରୁ ଊର୍ଦ୍ଧ୍ୱ ରୋଗୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯିବା ସହ ଆବଶ୍ୟକ ଔଷଧ ମାଗଣାରେ ପ୍ରଦାନ କରାଯାଇଥିଲା। ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ତଥା ପ୍ରସୂତୀ ଓ ସ୍ତ୍ରୀ ରୋଗ ବିଶେଷଜ୍ଞ ଡକ୍ଟର ଚିତ୍ତରଞ୍ଜନ ବେହେରା, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଭେଷଜ ବିଶେଷଜ୍ଞ ଡକ୍ଟର ସଞ୍ଜିତ ସେଠୀ, ଏସ୍‌ଆର ଷ୍ଟିଲ ହସ୍‌ପିଟାଲର ଅବସରପ୍ରାପ୍ତ ଭେଷଜ ବିଶେଷଜ୍ଞ ନିରଞ୍ଜନ ଦ୍ୱିବେଦୀ ରୋଗୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଥିବାବେଳେ ଫାର୍ମାଶିଷ୍ଟ ଦେବାଶିଷ ନାୟକ, ଲାବ୍ରୋଟୋରୀ ଟେକ୍ନିସିଆନ୍ ଭକ୍ତ ଭୂଷଣ ନାଥ ପ୍ରମୁଖ ସହଯୋଗ କରିଥିଲେ। ଫାଇନାନ୍ସ ସଂସ୍ଥାର କଲେକ୍ସନ ମ୍ୟାନେଜର ସ୍ୱରାଜ ଜେନା, ବରିଷ୍ଠ କର୍ମଚାରୀ ସୌଭାଗ୍ୟ ସାହୁ, ଆକାଶ ସାହୁ, ସୁନୀଲ ସୁଜିତ ଦାସ, ଚିତ୍ତରଞ୍ଜନ ଦାସ ପ୍ରମୁଖ ପରିଚାଳନା କରିଥିବାବେଳେ ସାଗର ନାଥ, ବିଜୟ ନାଥ ଓ ପ୍ରଭାତ ସାହୁ ସହଯୋଗ କରିଥିଲେ।

# ବେଲାରପୁରରେ ଝାଡ଼ାବାନ୍ତି, ୨ ଆକ୍ରାନ୍ତ

ପଞ୍ଚୁପାଣ୍ଡବ,୨୨।୬(ସମିସ): ଡେରାବିଶ ବ୍ଲକ୍‌ରେ ଝାଡ଼ାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। କେତେକ ମେଡିକାଲରୁ ଚିକିତ୍ସିତ ଫେରିବାବେଳେ ଆହୁରି ଅନେକ ଲୋକଙ୍କ ସଂଖ୍ୟା ମେଡ଼ିକାଲରେ ବଢ଼ିବାରେ ଲାଗିଛି। ସରକାରଙ୍କ ଖାମଖିଆଲି ମନୋଭାବ ଓ ପ୍ରଶାସନିକ ଅଧିକାରୀଙ୍କ ଅବହେଳା ଯୋଗୁଁ ଡାଇରିଆ ବ୍ୟାପୁଥିବା ଅଭିଯୋଗ ହେଉଛି। କେନ୍ଦ୍ରାପଡ଼ା ଜିଲ୍ଲାରେ ଦୁଇଜଣ ଡାଇରିଆରେ ମୃତ୍ୟୁବରଣ କରିଥିବାବେଳେ କେତେକ ପରିବାର ଲୋକେ ଚିକିତ୍ସିତ ହେଉଛନ୍ତି। ଝାଡ଼ାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ବଢୁଥିବାରୁ ଏ ରୋଗରୁ ବର୍ତ୍ତିବା ପାଇଁ ଲୋକେ ମଠ ମନ୍ଦିରରେ ପୂଜା କରୁଥିବା ଜଣେ ମନ୍ଦିର ପୂଜକ କହିଛନ୍ତି। ଏମିତି ଦେଖିବାକୁ ମିଳିଛି ଡେରାବିଶ ବ୍ଲକ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ବେଲାରପୁର ଗ୍ରାମର ଉପରକାଣ୍ଡି ସାହିରେ। ରବିବାର ହୃଷିକେଶ କାଣ୍ଡିଙ୍କ ସ୍ତ୍ରୀ ଝୁନି ସାମଲ (୩୨)ଙ୍କୁ ଝାଡ଼ାବାନ୍ତି ହେବାରୁ ତାଙ୍କୁ ୧୦୮ ଆମ୍ବୁଲାନ୍ସ ଯୋଗେ ଡେରାବିଶ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିବାବେଳେ ଅଚ୍ଛୁତା କାଣ୍ଡି (୫୫)ଙ୍କୁ ଡାକ୍ତରଖାନା ନିଆଯାଇଛି। ସେହି ଗ୍ରାମରେ କେତେକ ପରିବାରଙ୍କୁ ଝାଡାବାନ୍ତି ହେଉଥିବାବେଳେ ସେମାନେ ସ୍ଥାନୀୟ ମେଡିସିନ ଦୋକାନରୁ ଔଷଧ ଖାଉଛନ୍ତି। ତୁରନ୍ତ ପ୍ରଶାସନିକ ଅଧିକାରୀ ଘର ଘର ବୁଲି ଝାଡ଼ାବାନ୍ତିରେ ଆକ୍ରାନ୍ତ ଥିବା ଲୋକଙ୍କୁ ଚିକିତ୍ସା ବ୍ୟବସ୍ଥା ଓ ପଦକ୍ଷେପ ନେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ମହୁଲିଆ ଗାଁରେ ଅଗ୍ନିକାଣ୍ଡ, ଜଳିଗଲା ୬ ବଖରା

ରାଜନଗର,୨୨।୬(ସମିସ): ରାଜନଗର ବ୍ଲକ୍ ମହୁଲିଆ ପଞ୍ଚାୟତର ମହୁଲିଆ ଗାଁରେ ଗତକାଲି ରାତିରେ ଅଗ୍ନିକାଣ୍ଡ ଘଟି ୬ ବଖରା ଘର ସହିତ ଲକ୍ଷାଧିକ ଟଙ୍କାର ସମ୍ପତ୍ତି ପୋଡ଼ି ପାଉଁଶ ହୋଇଯାଇଛି। ମହୁଲିଆ ଗ୍ରାମର ପ୍ରମୋଦ ବେହେରା, ପ୍ରଶାନ୍ତ ବେହେରା, ଅଳକା ବେହେରାଙ୍କ ଘରେ ରାତି ପ୍ରାୟ ୨ଟା ସମୟରେ ନିଆଁ ଲାଗିଯାଇଥିଲା। ନିଆଁ ଧାସରେ ନିଦ ଭାଙ୍ଗିଯିବାରୁ ଘର ଜଳୁଥିବା ଦେଖିଥିଲେ। ପରିବାର ଲୋକେ ଜୀବନ ବଞ୍ଚାଇ କୌଣସି ପ୍ରକାରେ ବାହାରି ଆସିଥିଲେ। ଚାହୁଁଚାହୁଁ ୩ ପରିବାରର ୬ ବଖରା ଘର ଜଳି ପାଉଁଶ ହୋଇଯାଇଥିଲା। ଧାନ, ଚାଉଳ, ସମସ୍ତ ଆସବାବପତ୍ର, ଟଙ୍କା ଓ ଝିଅ ବାହାଘର ପାଇଁ ଥିବା ସୁନା ପୋଡ଼ିଯାଇଥିଲା। ପଡ଼ୋଶୀଙ୍କ ଘରେ ବିପନ୍ନ ପରିବାର ଆଶ୍ରୟ ନେଇଛନ୍ତି।

## ପକ୍‌ସୋ ଓ କିଶୋର ନ୍ୟାୟ ଆଇନ ସଚେତନତା

ଜଗତସିଂହପୁର,୨୨।୬(ସମିସ): ଜଗତସିଂହପୁର ସଦର ବ୍ଲକ୍ ଅନ୍ତର୍ଗତ ଅଳସୁଧାସ୍ଥ ପାର୍ବତୀ ବାଳିକା ଉଚ୍ଚବିଦ୍ୟାଳୟରେ ଜିଲ୍ଲା ଆଇନ ସେବା ପ୍ରାଧୀକରଣ ପକ୍ଷରୁ ପକ୍‌ସୋ



ଆଇନ, କିଶୋର ନ୍ୟାୟ (ଶିଶୁଙ୍କ ଯତ୍ନ ଓ ସୁରକ୍ଷା) ଆଇନ ଓ ପୀଡ଼ିତା କ୍ଷତିପୂରଣ ଯୋଜନା ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଆଇନ ସହାୟତା ପ୍ରତିରକ୍ଷା ଓକିଲ, ସହକାରୀ ଆଇନ ସହାୟତା ପ୍ରତିରକ୍ଷା ଓକିଲ, ବିଦ୍ୟାଳୟର ପ୍ରଧାନଶିକ୍ଷକ, ବରିଷ୍ଠ ଶିକ୍ଷକ, ଶିକ୍ଷୟିତ୍ରୀ ଓ ଛାତ୍ରୀ ଉପସ୍ଥିତ ଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ସ୍ୱାଗତ ଭାଷଣ ଦେଇଥିଲେ। ପରେ ଆଇନ ସେବା ପ୍ରାଧିକରଣ ସଚିବ କହିଥିଲେ, ପକ୍‌ସୋ ଆଇନ ଅନୁଯାୟୀ ଶିଶୁଙ୍କ ସହ ହେଉଥିବା ଯୌନ ଅପରାଧ ପାଇଁ ଜାତୀୟ ଆଇନ ସେବା ପ୍ରାଧିକରଣର ନିର୍ଦ୍ଦେଶକ୍ରମେ ଓଡ଼ିଶା ପୀଡ଼ିତା କ୍ଷତିପୂରଣ ଯୋଜନା କାର୍ଯ୍ୟକାରୀ ହେଉଛି। ଏହି ଯୋଜନାରେ ଯୌନ ଶୋଷଣର ଶିକାର ହେଉଥିବା ସମସ୍ତ ଶିଶୁଙ୍କୁ ଆର୍ଥିକ କ୍ଷତିପୂରଣ ପ୍ରଦାନ କରାଯାଇଥାଏ। ଏହି କ୍ଷତିପୂରଣ ରାଶି ଦୁଇଟି କିସ୍ତିରେ ପ୍ରଦାନ କରାଯାଏ। ଏତଲା ଦାଏର ହେବା ପରେ ପ୍ରଥମ କିସ୍ତି ଦିଆଯାଉଥିବାବେଳେ ଦ୍ୱିତୀୟ କିସ୍ତି ମୋକଦମ ସରିଲା ପରେ ଦିଆଯାଏ। ପରେ ମୁଖ୍ୟ ଆଇନ ସହାୟତା ପ୍ରତିରକ୍ଷା ଓକିଲ କହିଥିଲେ, ଶିଶୁଙ୍କ ସହ ଦୁଷ୍କର୍ମ କରୁଥିବା ୧୮ ବର୍ଷରୁ ଊର୍ଦ୍ଧ୍ୱ ଅଭିଯୁକ୍ତକୁ ପକ୍‌ସୋ ଆଇନ ଅନୁଯାୟୀ ଫାଶୀ କିମ୍ବା ଆଜୀବନ ଦଣ୍ଡରେ ଦଣ୍ଡିତ କରାଯାଇ ଜରିମାନାର ବ୍ୟବସ୍ଥା ଅଛି । ଯୁବପିଢି ଏହି ଅପରାଧରୁ ନିବୃତ୍ତ ରହିବା ଉଚିତ। ସହକାରୀ ଆଇନ ସହାୟତା ପ୍ରତିରକ୍ଷା ଓକିଲ କିଶୋର ନ୍ୟାୟ ଆଇନ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।

## ଓଡ଼ିଆ ଭାଷା ସାହିତ୍ୟକୁ ସୁରେନ୍ଦ୍ର ମହାନ୍ତିଙ୍କ ଅବଦାନ ଅତୁଳନୀୟ'

ଜଗତସିଂହପୁର,୨୨।୬(ସମିସ): ଓଡ଼ିଆ ଭାଷା ସାହିତ୍ୟକୁ ପଦ୍ମଶ୍ରୀ ସୁରେନ୍ଦ୍ର ମହାନ୍ତିଙ୍କ ଅବଦାନ ଅତୁଳନୀୟ ବୋଲି ଜଗତସିଂହପୁର ସାରସ୍ୱତ ପରିଷଦ ପକ୍ଷରୁ ତରଡାପଡ଼ାସ୍ଥ ଟାଇମ୍ସ ଗୁରୁକୁଳ ପରିସରରେ ଆୟୋଜିତ ଜୟନ୍ତୀ ଉତ୍ସବରେ ଯୋଗଦେଇ ଅତିଥିମାନେ ମତ ପୋଷଣ କରିଛନ୍ତି। ଗୁରୁକୁଳର ନିର୍ଦ୍ଦେଶକ ରଶ୍ମିରଞ୍ଜନ ମିଶ୍ର ଅଧ୍ୟକ୍ଷତା କରି ସୁରେନ୍ଦ୍ର ମହାନ୍ତି ଓଡ଼ିଆ ସାହିତ୍ୟ ଜଗତର ଜଣେ ପ୍ରଚଣ୍ଡ ସ୍ୱାଭିମାନୀ ଓ ସାଲିସ୍ ବିହୀନ ମଣିଷ ଥିଲେ ବୋଲି ମତବ୍ୟକ୍ତ କରିଥିଲେ। ସେହିପରି ସାରସ୍ୱତ ପରିଷଦର ସଭାପତି ତଥା ସ୍ତମ୍ଭକାର ହିମାଂଶୁ ଆଚାର୍ଯ୍ୟ ଯୋଗଦେଇ ସ୍ୱର୍ଗତ ମହାନ୍ତିଙ୍କ ରଚିତ ନୀଳଶୈଳ, ନୀଳାଦ୍ରି ବିଜୟ, ଗଳ୍ପ ସମୂହ ସାରୀପୁ, ଅମ୍ବାପଲ୍ଲୀ, ଅନ୍ଧଦିଗନ୍ତ ଓ ମଧୁବାବୁଙ୍କ ଉପରେ ଲିଖିତ ପୁସ୍ତକ କୁଳବୃଦ୍ଧ, ଶତାବ୍ଦୀର ସୂର୍ଯ୍ୟ ଓଡ଼ିଆ ଭାଷା ସାହିତ୍ୟକୁ ଋଦ୍ଧିମନ୍ତ କରିଛି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷୟିତ୍ରୀ ସୁଶ୍ରୀ ଅଞ୍ଜୁଷା, ସୌମ୍ୟା ପ୍ରିୟଦର୍ଶିନୀ ଓ ଜ୍ୟୋତିର୍ମୟୀ ମହାନ୍ତି ପ୍ରମୁଖ ସୁରେନ୍ଦ୍ର ମହାନ୍ତିଙ୍କ ବହୁମୁଖୀ ପ୍ରତିଭା ସମ୍ପର୍କରେ ଆଲୋକପାତ କରିଥିଲେ। ଶିକ୍ଷୟିତ୍ରୀ ସସ୍ମିତା ମିଶ୍ର ଧନ୍ୟବାଦ ଦେଇଥିଲେ ।

### ରାଜସ୍ୱ ଆଦାୟ କରୁଛି ଯାଜପୁର ଜିଲ୍ଲା ପ୍ରଶାସନ

# କଷ୍ଟ ଭୋଗୁଛନ୍ତି ଡେରାବିଶର ଜନସାଧାରଣ

ଡେରାବିଶ,୨୨।୬(ସମିସ)



କେନ୍ଦ୍ରାପଡ଼ା ଜିଲ୍ଲା ଡେରାବିଶ ବ୍ଲକ୍ ଓ ଯାଜପୁର ଜିଲ୍ଲା ମଧ୍ୟରେ ପ୍ରବାହିତ ହେଉଛି ବିରୂପା ନଦୀ। ବିରୂପା ନଦୀର ବିଭିନ୍ନ ବାଲିଘାଟକୁ ଯାଜପୁର ଜିଲ୍ଲା ପ୍ରଶାସନ ନିଲାମ କରୁଛନ୍ତି। ଏଠାରୁ ଯାଜପୁର ଜିଲ୍ଲା ପ୍ରଶାସନ ରାଜସ୍ୱ ପାଉଛନ୍ତି। ଯାଜପୁର ଜିଲ୍ଲା ପ୍ରଶାସନ ରାଜସ୍ୱ ଆଦାୟ କରୁଥିବା ବାଲିଘାଟ ପାଇଁ ଏବେ ଦୁର୍ଦ୍ଦଶା ଭୋଗୁଛନ୍ତି କେନ୍ଦ୍ରାପଡ଼ା ଜିଲ୍ଲାର ଡେରାବିଶ ବ୍ଲକର ଜନସାଧାରଣ। ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି। ବିରୂପା ନଦୀ ଉପରେ ଡେରାବିଶ ବ୍ଲକ୍‌ର ଛୋଟିଠାରେ ଯାଜପୁର ଜିଲ୍ଲାକୁ ସଂଯୋଗ କରିବା ପାଇଁ ଏକ ସେତୁ ନିର୍ମିତ ହୋଇଛି। ବିରୂପା ନଦୀର ମହାକାଳପଡ଼ା, କାଇପଡ଼ା ଘାଟରୁ ବାଲି ଉଠାଇ ଦୈନିକ ଶହ ଶହ ହାଇୱା ଛୋଟି ବ୍ରିଜ ବାଟ ଦେଇ କେନ୍ଦ୍ରାପଡ଼ା ଜିଲ୍ଲାକୁ ବାଲି ଚାଲାଣ କରୁଛନ୍ତି। ଏହି ହାଇୱା ଛୋଟି ବ୍ରିଜ ପାରି ହୋଇ ପଟ୍ଟାମୁଣ୍ଡାଇ କେନାଲ ବନ୍ଧ ଦେଇ ନିକିରାଇ ଆଡ଼କୁ, ଛୋଟି ବଜାର ଦେଇ ବାରିମୂଳ ଓ ଲକ୍ଷ୍ମୀନାରାୟଣପୁର ଆଡ଼କୁ ଚଳାଚଳ କରୁଛନ୍ତି। ଏହି ହାଇୱା ଚଳାଚଳ କରିବା ଦ୍ୱାରା ଡେରାବିଶ ବ୍ଲକ୍ ଅଞ୍ଚଳର ଛୋଟି, ବେଣୀପୁର, ନହଙ୍ଗ, ବାରିମୂଳ, ରଘୁଦେଇପୁର, ଲକ୍ଷ୍ମୀନାରାୟଣପୁର ଇତ୍ୟାଦି ପଞ୍ଚାୟତର ଗ୍ରାମ୍ୟ ରାସ୍ତା ଖାଲଖମାରେ ପରିପୂର୍ଣ୍ଣ ହେବା ସହିତ ରାସ୍ତାରେ ବାଲି ଝଡ଼ି ଜମା ହେବା ଫଳରେ ଲୋକଙ୍କ ଯାତାୟାତରେ ବାଧକ ସାଜୁଛି। ଏପରିକି ଏହି ହାଇୱା ଦିନରେ ଚଳାଚଳ କରିବା ଫଳରେ ଗ୍ରାମାଞ୍ଚଳ ରାସ୍ତାରେ ଟ୍ରାଫିକ ସମସ୍ୟା ସୃଷ୍ଟି ହେଉଛି। ହାଇୱା ଭଳି ଭାରୀଯାନ ଚଳାଚଳ ଫଳରେ ପ୍ରାଥମିକ ବିଦ୍ୟାଳୟ ଓ ଅଙ୍ଗନବାଡ଼ି ଯାଉଥିବା ଛାତ୍ରଛାତ୍ରୀଙ୍କ ଅଭିଭାବକ ସେମାନଙ୍କ ପିଲାଙ୍କୁ ରାସ୍ତାରେ ଛାଡ଼ିବାକୁ ସୁରକ୍ଷିତ ମଣୁନାହାଁନ୍ତି। ବହୁ ସ୍ଥାନରେ ରାସ୍ତା ଉପରେ ପାଖାପାଖି ୨ରୁ ୩ ଇଞ୍ଚ ବହଳର ବାଲି ଗଦା ହେବାରୁ ଦୈନିକ ଛୋଟବଡ଼ ଦୁର୍ଘଟଣା ଘଟୁଛି। ତେଣୁ କେନ୍ଦ୍ରାପଡ଼ା ଜିଲ୍ଲା ପ୍ରଶାସନ ଓ ଡେରାବିଶ ତହସିଲ ପ୍ରଶାସନ ଡେରାବିଶ ବ୍ଲକ୍ ଅଞ୍ଚଳରେ ବେଆଇନ ବାଲି ପରିବହନ କରୁଥିବା ହାଇୱାକୁ ରୋକ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

ପଟ୍ଟାମୁଣ୍ଡାଇ,୨୨।୬(ସମିସ): କଖାରୁଣୀ ଗ୍ରାମର ଯୁବକ ରାଜେଶ ମଲିକ (୨୪)ଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ଆଜି ସକାଳେ ଗ୍ରାମର କେତେକ ବ୍ୟକ୍ତି ପୋଖରୀ କୂଳକୁ ଶୌଚ ହେବାକୁ ଯାଇଥିବାବେଳେ ରାଜେଶଙ୍କ ମୃତଦେହ ପୋଖରୀରେ ଦେଖିବାକୁ ପାଇଥିଲେ। ରାଜେଶ ପିନ୍ଧିଥିବା ଜୋତାର ଗୋଟିଏ ପଟ ପୋଖରୀ କୂଳରେ ଦେଖିବାକୁ ମିଳିଥିଲା। ପୋଖରୀରେ ଆଣ୍ଠୁଏ ପାଣି ଥିବାବେଳେ ରାଜେଶ କିପରି ପାଣିରେ ବୁଡ଼ି ମୃତ୍ୟୁବରଣ କଲେ, ତାହା ସନ୍ଦେହ ସୃଷ୍ଟି କରିଛି। ଅନ୍ୟପକ୍ଷରେ ରାଜେଶ ମାନସିକ ରୋଗୀ ହୋଇଥିବାରୁ ନିୟମିତ ଔଷଧ ଖାଉଥିବା ପରିବାର ପକ୍ଷରୁ କୁହାଯାଇଛି। ରାଜେଶଙ୍କ ମୃତ୍ୟୁକୁ ନେଇ ଗ୍ରାମରେ ବିଭିନ୍ନ କଳ୍ପନାଜଳ୍ପନା ପ୍ରକାଶ ପାଇଛି।

# ସମ୍ପାଦକୀୟ



ଉପଯୁକ୍ତ ବୌଦ୍ଧିକ ଓ ଆର୍ଥିକ ସହାୟତା ମିଳିଲେ କୃଷି କ୍ଷେତ୍ର ନିଯୁକ୍ତିଭିତ୍ତିକ ଅର୍ଥନୈତିକ ପ୍ରଗତିରେ ଉଲ୍ଲେଖନୀୟ ଯୋଗଦାନ ଦେଇପାରିବ।
-ଏମ୍ ଏସ୍ ସ୍ୱାମୀନାଥନ୍

ସକାଳ THE SAKALA

## ଶ୍ରମିକ ମାରଣ ନୀତି

ଦେଶରେ ବେରୋଜଗାରୀ ହାର ଗତ ମେ' ମାସରେ ପୂର୍ବ ମାସ ତୁଳନାରେ ୦.୫ ପ୍ରତିଶତ ବୃଦ୍ଧି ପାଇଛି। ୧୪୫ କୋଟି ଜନସଂଖ୍ୟା ବିଶିଷ୍ଟ ଏକ ଦେଶ ପାଇଁ ଏହି ପରିସଂଖ୍ୟାନ କେତେ ଉଦ୍‌ବେଗଜନକ ତାହା ବୁଝାଇ କହିବା ଆବଶ୍ୟକ ନାହିଁ। ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳକୁ ମିଶାଇ ଏହି ପରିସଂଖ୍ୟାନ ପ୍ରକାଶ ପାଇଥିବା ବେଳେ ଅମଳ ପରେ କୃଷି ଶ୍ରମିକମାନଙ୍କ ହାତରେ ଆଉ କାମ ନଥିବାରୁ ତାହାର ପ୍ରଭାବ ସାମଗ୍ରିକ ଭାବେ ଦେଶର ବେରୋଜଗାରୀ ସୂଚକାଙ୍କ ଉପରେ ପଡ଼ିଛି ବୋଲି ସରକାରୀ ଭାବେ କୁହାଯାଇଛି। ଅଥଚ କେନ୍ଦ୍ର ସରକାର ରୋଜଗାରର ନିଶ୍ଚିତ ଓ ନିର୍ଭରଯୋଗ୍ୟ ପନ୍ଥା 'ଏମ୍‌ନରେଗା'ର ପାଣ୍ଠି ପ୍ରଦାନକୁ ସାମୟିକ ସ୍ଥଗିତ କରିଦେଇଛନ୍ତି। ଏହି ଦୁଇ ବିପରୀତଧର୍ମୀ ତଥ୍ୟକୁ ମିଶାଇ ଦେଖିଲେ ଯୋଜନା ପ୍ରଣୟନ ଓ ରୂପାୟନ ମଧ୍ୟରେ ଯେ ତ୍ରୁଟି ରହିଛି ତାହା ଅସ୍ୱୀକାର କରାଯାଇପାରିବ ନାହିଁ।

ଗ୍ରାମୀଣ ଭାରତରେ ଶ୍ରମଜୀବୀଙ୍କ ହାତକୁ ଅଧିକରୁ ଅଧିକ କାମ ଦେଇ ବେରୋଜଗାରୀ ସମସ୍ୟାର ସମାଧାନ ଲକ୍ଷ୍ୟରେ ଯୁଗାନ୍ତକାରୀ 'ମହାତ୍ମାଗାନ୍ଧୀ ଜାତୀୟ ଗ୍ରାମୀଣ କର୍ମନିଯୁକ୍ତି ନିଶ୍ଚିତ ଯୋଜନା(ଏମ୍‌ନରେଗା)' ଆରମ୍ଭ କରାଯାଇଥିଲା। ବିଶେଷକରି ବେଉଷଣ ଓ ଅମଳ ପରବର୍ତ୍ତୀ ସମୟରେ ଶ୍ରମଜୀବୀଙ୍କ ପାଖରେ ଆଉ ବିଶେଷ କାମ ରହୁ ନଥିବାରୁ ସେମାନଙ୍କ ରୋଜଗାରର ପନ୍ଥା ସଂକୁଚିତ ହୋଇଯାଏ। ତେଣୁ ସେହି ସମୟରେ ଭିତ୍ତିଭୂମି ବିକାଶ ଓ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଶ୍ରମଜୀବୀଙ୍କୁ ଅନ୍ତତଃ ପରବର୍ତ୍ତୀ ଚାଷବାସ ପର୍ଯ୍ୟନ୍ତ ଶହେ ଦିନର କାମ ଯୋଗାଇ ଦେବାର ପ୍ରତିଶ୍ରୁତି ଏହି ଯୋଜନାରେ ରହିଛି। ଉପା ସରକାର ଅମଳରେ ଆରମ୍ଭ ହୋଇଥିବା ଏହି ଯୋଜନା ପ୍ରତି ଏନ୍‌ଡିଏ ସରକାର ସମୟୋପଯୋଗୀ ଗୁରୁତ୍ୱ ଦେଉ ନଥିବା ଅଭିଯୋଗ ହୋଇଆସୁଛି। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟାକୁ ଦୃଷ୍ଟିରେ ରଖି କାର୍ଯ୍ୟଦିବସ ଓ ବଜେଟ୍ ବ୍ୟୟବରାଦ ବୃଦ୍ଧି ପାଇବା ବଦଳରେ ଦୀର୍ଘବର୍ଷ ଧରି ଏହା ଅପରିବର୍ତ୍ତିତ ରହିବା ଦ୍ୱାରା ସ୍ୱାଭାବିକ ଭାବେ କେନ୍ଦ୍ର ସରକାରଙ୍କ ଶ୍ରମିକ ରୋଜଗାର ପ୍ରସଙ୍ଗରେ ଥିବା ଆନ୍ତରିକତା ଓ ଅଙ୍ଗୀକାରବଦ୍ଧତା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ଆହୁରି ମଧ୍ୟ ଯନ୍ତ୍ରଚାଳିତ କାମ ଉପରେ ଅଧୁନା ଅଧିକ ଗୁରୁତ୍ୱ ଦିଆଯାଉଥିବାରୁ ଶ୍ରମଜୀବୀମାନଙ୍କ ହାତକୁ ଆଉ ସେପରି ଆଖିଦୃଶିଆ କାମ ଆସୁନି। ଏହି ପୃଷ୍ଠଭୂମିରେ କେନ୍ଦ୍ର ସରକାର ଚଳିତ ଆର୍ଥିକ ବର୍ଷର ପ୍ରଥମ ଛଅ ମାସ ପାଇଁ ଏମ୍‌ନରେଗା ବାବଦ ମୋଟ ବ୍ୟୟବରାଦର କେବଳ ୬୦% ଅର୍ଥ ମଞ୍ଜୁର କରିବାକୁ କଟକଣା ଜାରି କରିଛନ୍ତି। ଏମ୍‌ନରେଗାରେ ପ୍ରଥମ ଥର ପାଇଁ ଏଭଳି କଟକଣା ଜାରି ହେବା ପଛରେ ନିର୍ଦ୍ଦିଷ୍ଟ ଯୁକ୍ତିଯୁକ୍ତତା ମଧ୍ୟ ନାହିଁ।

ସମସ୍ତ ଯୋଜନା, ପ୍ରକଳ୍ପର ବ୍ୟୟମଞ୍ଜୁରୀକୁ ମାସିକ ଓ ତ୍ରୈମାସିକ ଭିତ୍ତିକ କରିବା ଲାଗି ୨୦୧୭ ମସିହାରେ କେନ୍ଦ୍ର ସରକାର ଏମ୍‌ଇପି ଓ କ୍ୟୁଏପି ନାମକ ସରକାରୀ ବ୍ୟବସ୍ଥା ଆରମ୍ଭ କରିଥିଲେ। ଏମ୍‌ନରେଗାକୁ ଏହି ବ୍ୟବସ୍ଥାରୁ ବାଦ୍ ଦିଆଯାଇଥିବା ବେଳେ ଚଳିତ ଆର୍ଥିକ ବର୍ଷରେ ସାମିଲ୍ କରାଯାଇଛି। ନିର୍ଦ୍ଦିଷ୍ଟ ସମୟ ସୀମା ଭିତରେ ବିଭିନ୍ନ ଯୋଜନା ଓ ପ୍ରକଳ୍ପର ବ୍ୟୟବରାଦ ଅର୍ଥ ଖର୍ଚ୍ଚ ନ ହୋଇପାରି ପଡ଼ି ରହୁଥିବାରୁ ତାହା ଅତିରିକ୍ତ ବଜେଟ୍ ଓ ପରବର୍ତ୍ତୀ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତ କରିବା ବେଳେ ସମସ୍ୟା ସୃଷ୍ଟି କରୁଛି। ଏଥିରେ ସମାନୁପାତିତା ଆଣିବା ପାଇଁ ଉପରୋକ୍ତ ଏମ୍‌ଇପି ଓ କ୍ୟୁଏପି ବଜେଟ୍ ପରିଚାଳନାର ଏକ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ହୋଇପାରେ। କିନ୍ତୁ ଏହା ଅଧୀନକୁ ଗ୍ରାମୀଣ ଗରିବ ଲୋକଙ୍କ ପେଟପାଟଣା ସହିତ ଜଡ଼ିତ ଜନକଲ୍ୟାଣ ଯୋଜନାଗୁଡ଼ିକୁ ଆଣିବା ଠିକ୍ ନୁହେଁ ବୋଲି ମତ ପ୍ରକାଶ ପାଇଛି। ଏମ୍‌ନରେଗାରେ କାର୍ଯ୍ୟ ଚାହିଦା ଏପ୍ରିଲ୍‌ରୁ ଜୁନ୍ ମାସରେ ସର୍ବାଧିକ ହୋଇଥିବା ବେଳେ ସେହି ସମୟରେ ହିଁ ବଜେଟ୍ କଟକଣା ଲାଗୁ ହେବାରୁ ବିଭିନ୍ନ ମହଲରୁ ସମାଲୋଚନା ଆରମ୍ଭ ହୋଇଛି।

ଏମ୍‌ନରେଗାରେ କାର୍ଯ୍ୟଦିବସ ବଣ୍ଟନ ସରକାରଙ୍କ ଏକ ବୈଧାନିକ ଦାୟିତ୍ୱ। ଏଥିରୁ ହିତାଧିକାରୀଙ୍କୁ ବଞ୍ଚିତ କରିବା ସମ୍ବିଧାନର ଧାରା ୨୧ର ଉଲ୍ଲଙ୍ଘନ ବୋଲି ଧରାଯିବ। ଅତୀତରେ ଦେଶର ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ସ୍ପଷ୍ଟ କରିଛନ୍ତି ଯେ ସରକାର ପାଣ୍ଠି ଅଭାବ କିମ୍ବା ଅନ୍ୟ କୌଣସି ଆର୍ଥିକ ଦୁରବସ୍ଥା ଆଳରେ ଲୋକମାନଙ୍କ ରୋଜଗାର ଉତ୍ସକୁ ବନ୍ଦ କରିପାରିବେ ନାହିଁ। ଏମ୍‌ନରେଗାର ଧାରା ୩ ଅନୁଯାୟୀ ହିତାଧିକାରୀମାନେ କାମ ମାଗିବାର ୧୫ ଦିନ ଭିତରେ ସରକାର ସେମାନଙ୍କୁ କାମ ଦେବାକୁ ବାଧ୍ୟ ଏବଂ କାମ ସରିବାର ୧୫ ଦିନ ମଧ୍ୟରେ ସେମାନେ ନିଜର ପାଉଣା ବା ପାରିଶ୍ରମିକ ପାଇବାକୁ ହକ୍‌ଦାର। ଏବେ କେନ୍ଦ୍ର ସରକାର ଏହା ଉପରେ କଟକଣା ଜାରି କରିଥିବାରୁ ରାଜ୍ୟମାନେ ଅସୁବିଧା ଓ ଆଇନଗତ ଆହ୍ୱାନର ସମ୍ମୁଖୀନ ହୋଇପାରନ୍ତି। ଏମ୍‌ନରେଗାରେ ଦାବି କରିବା ସତ୍ତ୍ୱେ ଧାର୍ଯ୍ୟ ସମୟରେ କାମ ନ ମିଳିଲେ ହିତାଧିକାରୀମାନଙ୍କୁ ରାଜ୍ୟ ସରକାରମାନେ ବେକାରୀ ଭତ୍ତା ଦେବାକୁ ବାଧ୍ୟ ହେବେ ଏବଂ ପାରିଶ୍ରମିକ ବାବଦ ପାଉଣା ଦେବାରେ ବିଳମ୍ବ ହେଲେ ସୁଧ ବୋଝ ମଧ୍ୟ ରାଜ୍ୟ ରାଜକୋଷମାନଙ୍କ ଉପରେ ବଢ଼ି ଚାଲିବ।

କେନ୍ଦ୍ର ସରକାରଙ୍କ ନୀତି ନିର୍ଦ୍ଧାରକ ଓ ନିଷ୍ପତ୍ତି ନେଉଥିବା ଅଧିକାରୀମାନେ ଯେ ଏ ବିଷୟରେ ଅଜ୍ଞ ଥିବେ ତାହା ନୁହେଁ। ତଥାପି ଏମ୍‌ଇପି ଓ କ୍ୟୁଏପି ପ୍ରକ୍ରିୟାରେ ଏମ୍‌ନରେଗାକୁ ଅନ୍ତର୍ଭୁକ୍ତ କରିବା ପଛର କାରଣ ସେମାନେ ହିଁ କହିପାରିବେ। କିନ୍ତୁ ଯାହା ଆଖିକୁ ଦେଖାଯାଉଛି ତାହା ସାଧାରଣ ଭାଷାରେ ଶ୍ରମିକ ମାରଣ ନୀତି ଭାବରେ ଅଭିହିତ କରାଗଲେ ଭୁଲ୍ ହେବ ନାହିଁ। କେନ୍ଦ୍ର ସରକାର କେବଳ ମାଗଣା ରାସନ୍ ଯୋଗାଣର ଦ୍ୱାହି ଦେଇ ଏ କ୍ଷେତ୍ରରେ ନିଜ ଦାୟିତ୍ୱରୁ ଓହରି ଯାଇପାରିବେ ନାହିଁ। କାରଣ ମାଗଣା ରାସନ୍ ଯୋଜନାରେ ଯେତିକି ଚାଉଳ ଓ ଗହମ ମିଳୁଛି ସେଥିରେ ଖାଦ୍ୟ ସୁରକ୍ଷା ସମ୍ପୂର୍ଣ୍ଣ ନିଶ୍ଚିତ କରିହେବ ନାହିଁ, ତାହାକୁ କେବଳ ଏକ ସହାୟକ ରୂପେ ଗ୍ରହଣ କରାଯାଇପାରିବ। ଅଧିକନ୍ତୁ ବର୍ତ୍ତମାନ ବଜାରରେ ଖାଦ୍ୟ ଶସ୍ୟର ଦରଦାମ ଯେଉଁଭଳି ବଢ଼ି ଚାଲିଛି ସେଥିରେ କେବଳ ମାଗଣା ରାସନ୍ ଲୋକଙ୍କ ଜୀବନକୁ ଧାରଣଯୋଗ୍ୟ କରିବାରେ ସକ୍ଷମ ହେବ ନାହିଁ।

ଶୀତତାପ ନିୟନ୍ତ୍ରିତ କୋଠରିରେ ବସି ନିଆଯାଉଥିବା ନିଷ୍ପତ୍ତି ଏବଂ ତୃଣମୂଳସ୍ତରର ବାସ୍ତବତା ଭିତରେ ଆକାଶପାତାଳ ଫରକ ଅଛି। ତେଣୁ ସରକାର ବାସ୍ତବତାକୁ ହୃଦୟଙ୍ଗମ କରନ୍ତୁ। ନୀତି ନିର୍ଦ୍ଧାରକମାନେ କ୍ଷେତ୍ର ପରିଦର୍ଶନ କରନ୍ତୁ। ଖୋଦ୍ ସରକାରଙ୍କ ବେରୋଜଗାରୀ ପରିସଂଖ୍ୟାନକୁ ଆଧାର ଭାବେ ଗ୍ରହଣ କରି ନୀତି ନିର୍ଦ୍ଧାରକମାନେ ଏଭଳି ଶ୍ରମିକ ମାରଣ ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ।

# ଜିଜ୍ଞାସା ପ୍ରେରିତ ବନାମ ବଜାର ପରିଚାଳିତ ବିଜ୍ଞାନ

ଡକ୍ଟର ଚିତ୍ତରଞ୍ଜନ ମିଶ୍ର

୧୮୭୬ରେ କୋଲକାତାରେ ପ୍ରତିଷ୍ଠିତ 'ଦି ଇଣ୍ଡିଆନ ଆସୋସିଏସନ୍ ଫର ଦି କଲ୍‌ଟିଭେସନ ଅଫ ସାଇନ୍ସ'ରେ ଗବେଷଣା କରି ସାର୍ ଚନ୍ଦ୍ରଶେଖର ଭେଙ୍କଟ ରମଣ ଭାରତବର୍ଷ ଏବଂ ଏସିଆ ମହାଦେଶର ପ୍ରଥମ ନୋବେଲ ପୁରସ୍କାର ବିଜେତା ଭାବେ ଅଦ୍ୱିତୀୟ ଗୌରବର ଅଧିକାରୀ ହୋଇଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ରମଣଙ୍କ ମୂଳ ଲକ୍ଷ୍ୟ କ'ଣ ଥିଲା? ସେ କ'ଣ ତାତ୍କାଳିକ ସାମାଜିକ ସମସ୍ୟା ସମାଧାନର ସମ୍ଭାବନା ଦ୍ୱାରା ଅଭିପ୍ରେରିତ ହୋଇଥିଲେ ନା ବିଜ୍ଞାନ ପଛରେ ଅଣନିଃଶ୍ୱାସୀ ହୋଇ ଅନୁଧାବନ କରିବାର ଅଦମ୍ୟ ନିଶା ତାଙ୍କୁ ଘାରିଥିଲା ? ନା ପଦାର୍ଥ ବିଜ୍ଞାନ କ୍ଷେତ୍ରରେ ଗଭୀର ଅନୁଧ୍ୟାନ ଓ ଅନୁସନ୍ଧାନ ପାଇଁ ସେ ଅମଡ଼ାବାଟର ପଥିକଟିଏ ହେବା ପାଇଁ ଅଧିକ ପସନ୍ଦ ମଣିଥିଲେ?

ରମଣଙ୍କ ଉଦ୍‌ଭାବନ କୌଣସି ବାଣିଜ୍ୟିକ ଲାଭ କିମ୍ବା ତୁରନ୍ତ ବ୍ୟବହାର ଲକ୍ଷ୍ୟରେ ପରିଚାଳିତ ହୋଇନଥିଲା। ଏହା ଜନ୍ମ ନେଇଥିଲା ମାନବୀୟ ଜିଜ୍ଞାସା ଓ କଳ୍ପନାର ଗର୍ଭାଶୟରୁ। କିନ୍ତୁ ଆଜି ବୈଜ୍ଞାନିକ ଅନ୍ୱେଷଣର ଧର୍ମ ଅର୍ଥନୈତିକ ଓ ବଜାର ସମ୍ବନ୍ଧୀୟ ଚିନ୍ତାଧାରା ଦ୍ୱାରା ବହୁଳ ପ୍ରଭାବିତ ହେଉଥିବା ଲକ୍ଷ୍ୟ କରାଯାଉଛି। ଭାରତ ସମେତ ସମଗ୍ର ବିଶ୍ୱରେ ଗବେଷଣା ପ୍ରକଳ୍ପ ପାଇଁ ପାଣ୍ଠି ସହାୟତା ପ୍ରଦାନ କରୁଥିବା ସଂସ୍ଥାମାନେ ବ୍ୟାବସାୟିକ ରୂପରେ ସଂଚାଳିତ ଅନୁସନ୍ଧାନକୁ ପ୍ରାଥମିକତା ଦେଉଛନ୍ତି। ଫଳତଃ ଗବେଷଣାର ଫଳାଫଳ ପେଟେଣ୍ଟ, ଉଦ୍ୟମଶୀଳତା, ବାଣିଜ୍ୟିକ ଉପକ୍ରମ, ଷ୍ଟାର୍ଟଅପ୍ ଏବଂ କନ୍‌ସଲ୍‌ଟ୍ୟାନ୍ସି, ଇଣ୍ଡଷ୍ଟ୍ରି ପାର୍ଟନରସିପ୍ ଆଧାରରେ ଦ୍ରୁତଗତିରେ ମୂଲ୍ୟାଙ୍କନ କରାଯାଉଛି। 'ଆପ୍ଲାଏଡ ରିସର୍ଚ୍ଚ' ବା ବ୍ୟାବହାରିକ ଗବେଷଣା ସଂପ୍ରତି ପ୍ରମୁଖ ପ୍ରତିମାନ ପାଲଟିଯାଇଛି।

ଥରେ ବିଶ୍ୱ ପ୍ରସିଦ୍ଧ ପ୍ରାୟୋଗିକ ବୈଜ୍ଞାନିକ ମାଇକେଲ ଫାରାଡେ ଜଣେ ଉଚ୍ଚ ପଦସ୍ଥ ବ୍ରିଟିଶ ଅଧିକାରୀଙ୍କୁ ଇଲେକ୍‌ଟ୍ରୋ- ମ୍ୟାଗ୍ନେଟିଜିମ୍ ଉପରେ ତାଙ୍କ ଆବିଷ୍କାରକୁ ପ୍ରଦର୍ଶିତ କରାଉଥିଲେ। ଏକ କୁଣ୍ଡଳିତ ସ୍ପ୍ରିଙ୍ଗ୍ ମଧ୍ୟରେ ଏକ ଚୁମ୍ବକକୁ ଘୂରାଇଲେ କିଭଳି ଭାବେ ତାହା ବିଦ୍ୟୁତ ତରଙ୍ଗ ସୃଷ୍ଟି କରୁଛି ତାହା ସେ ପରୀକ୍ଷା କରି ବୁଝାଉଥିଲେ। ବରିଷ୍ଠ ବ୍ରିଟିଶ ଅଧିକାରୀଜଣକ ଏହି ପରୀକ୍ଷା ନିରୀକ୍ଷା ଦ୍ୱାରା ପ୍ରଭାବିତ ନହୋଇ ମାଇକେଲ୍ ଫାରେଡଙ୍କୁ ପଚାରିଲେ- ଇଲେକ୍‌ଟ୍ରିସିଟି ଉତ୍ପାଦନରେ ତୁମର ଏ ପରୀକ୍ଷା ନିରୀକ୍ଷା ରାଷ୍ଟ୍ରକୁ କ'ଣ ବ୍ୟାବହାରିକ ଲାଭ ପହଞ୍ଚାଇବ? ଉତ୍ତରରେ ଫାରାଡ଼େ କହିଥିଲେ - ସାର୍, ମୁଁ ଜାଣିନାହିଁ। ହେଲେ ମୁଁ ଏତିକି ଜାଣିଛି ଯେ ଦିନେ ଆପଣଙ୍କ ସରକାର ଏହା ଉପରେ ଟିକସ ଲଗାଇପାରନ୍ତି।

ଯଦିଓ ବିଜ୍ଞାନର ବ୍ୟାବହାରିକ ଉପଯୋଗ ନିଃସନ୍ଦେହରେ ମହତ୍ତ୍ୱପୂର୍ଣ୍ଣ, କିନ୍ତୁ ଏହି ଉପଯୋଗିତାବାଦୀ ଦୃଷ୍ଟିକୋଣ ବୈଜ୍ଞାନିକ ଅନୁସନ୍ଧାନର ପ୍ରକୃତ ଧର୍ମର ଅବକ୍ଷୟ ହେବାର ଆଶଙ୍କା ସୃଷ୍ଟି କରିଥାଏ। ଅନ୍ୟ ଅର୍ଥରେ କହିଲେ ବୈଜ୍ଞାନିକ ଗବେଷଣା ବଜାର ଶକ୍ତି ଦ୍ୱାରା ନିର୍ଦ୍ଧାରିତ, ପ୍ରଭାବିତ ଓ ପରିଚାଳିତ ହେଲେ ମୁକ୍ତ ଅନ୍ୱେଷଣ ବହୁଳ ବାଧାପ୍ରାପ୍ତ ହେବା ସହ ଉଦ୍‌ଭାବନ ଅଧୋଗତିର ସମ୍ମୁଖୀନ ହେବ। ବୈଜ୍ଞାନିକ ପ୍ରଗତିକୁ କେବଳ ମାତ୍ର ପ୍ରୌଦ୍ୟୋଗିକୀ ନବାଚାର ସହ ସମୀକୃତ କରିବା ଦ୍ୱାରା ବିଜ୍ଞାନର ଗଭୀର ବୌଦ୍ଧିକ ଓ ଅନ୍ୱେଷଣାତ୍ମକ ଅନୁସନ୍ଧାନ ଉପେକ୍ଷିତ ହୋଇଯାଏ। ଗତ ଦୁଇ ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ମଧ୍ୟରେ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା ଅଭୂତପୂର୍ବ ସଫଳତା ହାସଲ କରିପାରିଛି ଏବଂ କୃତ୍ରିମ ବୁଦ୍ଧିମତ୍ତା ବିପ୍ଳବ ଅସାଧାରଣ ଗତିରେ ତା'ର ରୂପ ଲାବଣ୍ୟ ଆମ ସମ୍ମୁଖରେ ଉନ୍ମୋଚନ କରିଚାଲିଛି। ସ୍ୱାସ୍ଥ୍ୟ ସେବାଠୁଁ ଆରମ୍ଭ କରି ଅଣପାରମ୍ପରିକ ଶକ୍ତି ଉତ୍ସର ବିକାଶ ପର୍ଯ୍ୟନ୍ତ ଏକାଧିକ ଆହ୍ୱାନର ମୁକାବିଲା କରିବା କ୍ଷେତ୍ରରେ ବିଜ୍ଞାନ ପ୍ରମୁଖ ଭୂମିକା ସୁଚାରୁରୂପେ ସଂପାଦିତ ହୋଇଚାଲିଛି। ଯଦିଓ ଏହି ସବୁ ନବଉନ୍ମେଷର ବାସ୍ତବିକ ମୂଲ୍ୟ ରହିଛି ତଥାପି ଆମ ମନରେ ଏକ ମହତ୍ତ୍ୱପୂର୍ଣ୍ଣ ପ୍ରଶ୍ନ ଉତ୍ଥାପନ ହୋଇଥାଏ ଯେ ବିଜ୍ଞାନକୁ କ'ଣ ବାସ୍ତବିକ ସମସ୍ୟାର ସମାଧାନ ଓ ପୋଷଣୀୟ ବିକାଶ ପାଇଁ ପରିଚାଳିତ କରାଯାଇଥାଏ? ଜିଜ୍ଞାସା, ଗଭୀର ଅନୁଧ୍ୟାନ, ଅନୁସନ୍ଧାନ ଓ ଅନ୍ୱେଷଣ ମାଧ୍ୟମରେ ଜ୍ଞାନର ଦିଗ୍‌ବଳୟକୁ ସଂପ୍ରସାରଣ କରିବା ମଧ୍ୟ ଏକ ମହତ୍ତର କାର୍ଯ୍ୟ, ଯାହାକୁ ବିଜ୍ଞାନ ସମ୍ପାଦିତ କରିଥାଏ।

ସଂଗୀତ, ସାହିତ୍ୟ, କଳା ପରି ବିଜ୍ଞାନ ମଧ୍ୟ ଏକ ରଚନାତ୍ମକ ପ୍ରୟାସ। ଏହା ସଦାସର୍ବଦା ବାସ୍ତବତା ସମ୍ବନ୍ଧୀୟ ମୌଳିକ ପ୍ରଶ୍ନକୁ ନେଇ ଅନ୍ୱେଷଣ କରିବା ପାଇଁ ଇଚ୍ଛା ପ୍ରକଟ କରିଥାଏ। ଆଇନଷ୍ଟାଇନଙ୍କ ଆପେକ୍ଷିତ ତତ୍ତ୍ୱ ହେଉ କିମ୍ବା ରମଣଙ୍କ ଆଲୋକର ବିଚ୍ଛୁରଣକୁ ନେଇ ହେଉ, ବିଜ୍ଞାନ କ୍ଷେତ୍ରରେ ଏକାଧିକ ସର୍ବଶ୍ରେଷ୍ଠ ଆବିଷ୍କାର ତାହା ବ୍ୟାବହାରିକ ସମାଧାନର ଦାବି ଦ୍ୱାରା ନୁହେଁ, ବରଂ ଭୌତିକ ବ୍ରହ୍ମାଣ୍ଡ ବିଷୟରେ ଅନିର୍ବଚନୀୟ ଜିଜ୍ଞାସା ବା ଅତୃପ୍ତ ଜିଜ୍ଞାସା ଦ୍ୱାରା ସଂଚାଳିତ ହୋଇଥାଏ। ଏକାଧିକ କ୍ଷେତ୍ରରେ ଏ ସମସ୍ତ ଆବିଷ୍କାର ବର୍ଷ ବର୍ଷ ପରେ କିମ୍ବା ଦଶନ୍ଧି ଦଶନ୍ଧି ପରେ ତାହାର ବ୍ୟାବହାରିକ ଉପଯୋଗକୁ ଖୋଜି ପାଇଥିଲା। କ୍ୱାଣ୍ଟମ୍ ମେକାନିକ୍ସର କାହାଣୀ,ଯାହାକି ଏବେ ଆଧୁନିକ ଇଲେକ୍‌ଟ୍ରୋନିକ୍ସ ଓ କମ୍ପ୍ୟୁଟିଂ କ୍ଷେତ୍ରକୁ ସମୃଦ୍ଧ କରିଛି କିମ୍ବା ସାଧାରଣ ଆପେକ୍ଷିକ ତତ୍ତ୍ୱର ସିଦ୍ଧାନ୍ତ ଯାହାକି ସଠିକ ଜି.ପି.ଏସ୍ ନାଭିଗେସନ୍ ବା ମାର୍ଗଦର୍ଶନକୁ ସକ୍ଷମ କରିଛି, ତାହା ବିଳମ୍ବରେ ହେଲେ ମଧ୍ୟ ମୌଳିକ ବିଜ୍ଞାନର ଗଭୀର ପ୍ରଭାବ ସଂପର୍କରେ ଅନନ୍ୟ ଉଦାହରଣ ସୃଷ୍ଟି କରିଛି।

ଯେଉଁ ମନଟି ସଦାସର୍ବଦା ଲାଭ କ୍ଷତିର ହିସାବ ନିକାଶ କରୁଥାଏ ତାହା ଆବଶ୍ୟକତାର ସଂକୀର୍ଣ୍ଣ ଗଳିରେ ଛନ୍ଦି ହୋଇ ପଡ଼ିଯାଇଥାଏ। ରଚନାତ୍ମକ ବା ସୃଜନଶୀଳ ମନଟି ହିଁ ସଦାସର୍ବଦା ମାନବତାକୁ ଆଡ଼କୁ ବାଟ କଢ଼େଇ ନେଇଥାଏ। ଯେଉଁ ମୁହୂର୍ତ୍ତରେ ଆମେ ଆମର ଅସ୍ତିତ୍ୱକୁ କ୍ରିୟାଶୀଳ କରିବାର ପ୍ରକ୍ରିୟା ପ୍ରତି ଉଦାସୀନ ହୋଇପଡୁ, ସେତେବେଳେ ଆମେ ନିଜକୁ ଏକ ଯନ୍ତ୍ରରେ ପରିଣତ କରିଦେଇଥାଉ। ବିସ୍ତୀର୍ଣ୍ଣ ଆକାଶର ଛାତି ଉପରେ ଏକ ଇନ୍ଦ୍ରଧନୁ ତା'ର ରୂପ ଲାବଣ୍ୟର ଅମୂଲ୍ୟ ପସରା ମେଲେଇ ଦେଇଥିଲେ ବି ତାହା ବ୍ୟସ୍ତବହୁଳ ଜୀବନ ବିତାଉଥିବା ସହରୀ ମଣିଷ ପାଇଁ କୌଣସି ବ୍ୟାବାହାରିକ ମୂଲ୍ୟ ରଖିନଥାଏ, ପରନ୍ତୁ ଜଣେ କୋମଳମତି ପିଲା ଓ ଜଣେ କବି ସେହି ଇନ୍ଦ୍ରଧନୁର ଅପରୂପ ସୌନ୍ଦର୍ଯ୍ୟରେ ବିମୁଗ୍ଧ ହୋଇ ତା'ର ବିଦଗ୍ଧ ମନକୁ ଶୀତଳ କରିଥାଏ।

ଜ୍ୟୋତିର୍ବିଜ୍ଞାନ ବିନା ଏକ ବିଶ୍ୱର ଚିନ୍ତା କରନ୍ତୁ, ଯେଉଁଠାରେ କି ମଣିଷମାନେ କେବେ ବି ଥରେ ନିଜ ମୁଣ୍ଡ ଟେକି ଉପରକୁ ଚାହିଁ ନଥିବେ। କେବେ କୌଣସି ପ୍ରଶ୍ନ ପଚାରି ନଥିବେ ବା କେବେ କୌଣସି ସ୍ୱପ୍ନ ବି ଦେଖି ନ ଥିବେ। ନକ୍ଷତ୍ରମାନଙ୍କ ଅବସ୍ଥିତି ବାସ୍ତବତା ବା ଉପଯୋଗିତା ଦୃଷ୍ଟିକୋଣରୁ ଯାହା ଖଗୋଳ ବିଜ୍ଞାନୀଙ୍କ ପାଇଁ ତାହା ଜ୍ୟୋତିଷକାରଙ୍କ ପାଇଁ ନୁହେଁ। ଆମେ କିଏ? ଆମେ କେଉଁଠୁ ଆସିଲୁ? ଏହି ବିଶ୍ୱ ବ୍ରହ୍ମାଣ୍ଡରେ ଆମର ସ୍ଥାନ କେଉଁଠି? ଏହା ସେହି ପ୍ରଶ୍ନ ନୁହେଁ, ଯାହାର ଉତ୍ତର ଗୋଟେ ହିସାବ ଖାତା ଦେଇପାରିବ। ଏହା ହେଉଛି ସେହି ପ୍ରଶ୍ନ, ଯାହାକି ଆମେ ଜଣେ ଜଣେ ମଣିଷ ବୋଲି ଆମକୁ ପରିଭାଷିତ କରିଥାଏ, ନିର୍ଦ୍ଧାରିତ କରିଥାଏ, ନିରୂପଣ କରିଥାଏ। ଆମେ ସତ୍ୟ, ଶିବ ଓ ସୁନ୍ଦରର ପୂଜାରୀ, ଅନ୍ୱେଷକ ଓ ଜିଜ୍ଞାସୁ ବୋଲି ଆମକୁ ପରିଚିତ କରାଇଥାଏ। କବିଟିଏ, ଚିତ୍ରକରଟିଏ, ସଂଗୀତଜ୍ଞଟିଏ, ରହସ୍ୟବାଦୀଟିଏ ଯେ କି ଈଶ୍ୱରଙ୍କର ସାକ୍ଷାତ ଦର୍ଶନର ଅଭିଳାଷୀଟିଏ, ଆଧ୍ୟାତ୍ମିକବାଦୀଟିଏ କିମ୍ବା ଜଣେ ବୈଜ୍ଞାନିକଟିଏ ଏମାନେ ସମସ୍ତେ ଅନନ୍ତ, ଅସୀମିତ ଓ ଅପରିମିତର ଜଣେ ଜଣେ ସନ୍ଧାନୀ। ଏହା ସାଂସାରିକତାର ବହୁ ଊର୍ଦ୍ଧ୍ୱରେ ଅନନ୍ତ ଅସୀମର ଉପଲବ୍ଧି ପାଇଁ ସଦା ଉନ୍ମୁକ୍ତ ହୋଇଥିବା ଏକ ଦ୍ୱାରଦେଶ।

(ଯୁଗ୍ମ ମ୍ୟାନେଜିଂ ଟ୍ରଷ୍ଟି, କଳିଙ୍ଗ ଫାଉଣ୍ଡେସନ ଟ୍ରଷ୍ଟ)
ଭୁବନେଶ୍ୱର, ମୋ: ୯୩୩୮୨୦୪୯୯୩

# ଅବିଶ୍ରାନ୍ତ ସବୁଜ ଅଭିଯାନର ନାୟିକା

ମିନାକ୍ଷୀ ଦ୍ୱିବେଦୀ

ପୃଥିବୀର ମଙ୍ଗଳ ପାଇଁ ବୃକ୍ଷ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ବିଶ୍ୱ ତାପମାନ ବୃଦ୍ଧି ନିୟନ୍ତ୍ରଣରେ ଗଛଗୁଡ଼ିକ ପ୍ରକୃତିର ସୈନିକ। ସେମାନେ ପ୍ରାକୃତିକ ବାୟୁ ବିଶୋଧକ ଭାବରେ କାର୍ଯ୍ୟ କରନ୍ତି; ଅଙ୍ଗାରକାମ୍ଳ ଶୋଷଣ କରି ଅମ୍ଳଜାନ ତ୍ୟାଗ କରନ୍ତି। ଏହା ସହିତ ସେମାନେ ମୃତ୍ତିକା ସ୍ୱାସ୍ଥ୍ୟ ଓ ମୃତ୍ତିକା ସଂରକ୍ଷଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରନ୍ତି। ଏହାବ୍ୟତୀତ, ବୃକ୍ଷଗୁଡ଼ିକ ଅଗଣିତ ପ୍ରଜାତି ପାଇଁ ବାସସ୍ଥାନ ଓ ସମ୍ପଦ ପ୍ରଦାନ କରନ୍ତି, ଜୈବ ବିବିଧତା ଏବଂ ପରିବେଶ ସନ୍ତୁଳନରେ ଅବଦାନ ରଖନ୍ତି।

ପରିବେଶ ସୁରକ୍ଷାରେ ବୃକ୍ଷଲତାଙ୍କ ଏହି ଗୁରୁତ୍ୱପୂର୍ଣ୍ଣ ଭୂମିକା ଓ ମହତ୍ତ୍ୱକୁ ଉପଲବ୍ଧି କରିଥିବା 'ମଦର ଅଫ୍ ଟ୍ରି' ବା 'ଗଛର ମାଆ' ଭାବେ ପରିଚିତ ସାଲୁମାରାଦା ଥିମ୍ମାକା ସମଗ୍ର ବିଶ୍ୱ ପାଇଁ ଏକ ଆଦର୍ଶ। କର୍ଣ୍ଣାଟକର ଗ୍ରାମୀଣ ଜିଲ୍ଲାର ମାଗାଡ଼ି ତାଲୁକ ଅନ୍ତର୍ଗତ ହୁଲିକାଲ ନାମକ ଏକ ଗ୍ରାମରେ ସାଧାରଣ ପରିବାରରେ ଜନ୍ମଗ୍ରହଣ କରିଥିବା ଏହି ଅସାଧାରଣ ମହିଳା ପରିବେଶ ସୁରକ୍ଷା ନିମନ୍ତେ ଅତ୍ୟନ୍ତ ମୂଲ୍ୟବାନ ଅଂଶଦାନ କରିଛନ୍ତି। ସେ କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ। ବାଲ୍ୟକାଳରୁ ଘର ପାଖରେ ଏକ ପଥର ଖଣିରେ ଶ୍ରମିକ ଭାବରେ କାମ କରୁଥିଲେ। ତାଙ୍କର ବିବାହ ହୁଲିକାଲ ଗାଁର ଶ୍ରୀବିକ୍କାଲା ଚିକ୍କାୟାଙ୍କ ସହିତ ହୋଇଥିଲା। ବିବାହର ୨୫ ବର୍ଷ ପରେ ମଧ୍ୟ ସନ୍ତାନସନ୍ତତି ଜନ୍ମ ନ ହେବାରୁ ଦିନ କାଟିବା ପାଇଁ ଦମ୍ପତି ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ। ନିଃସନ୍ତାନ ଦମ୍ପତିଙ୍କ ଦୁଃଖ ଓ ନିଃସଙ୍ଗତା ଦୂର ଲକ୍ଷ୍ୟରୁ ଅରମ୍ଭ ହୋଇଥିବା ଏହି ପ୍ରୟାସ ପରବର୍ତ୍ତୀ ସମୟରେ ଏକ ଅସାଧାରଣ ଅଭିଯାନର ରୂପ ନେଇଥିଲା।

ଥିମ୍ମାକ୍କା ଓ ତାଙ୍କ ସ୍ୱାମୀ ରାସ୍ତା ପାର୍ଶ୍ୱରେ ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ ଏବଂ ପରବର୍ତ୍ତୀ ସମୟରେ ବୃକ୍ଷଶୂନ୍ୟ ଗ୍ରାମ କୁଦୁରକୁ ବାଛିଥିଲେ। ସେମାନେ ବର ଗଛରୁ ଚାରା କଲମୀ କରିବା ଆରମ୍ଭ କରିଥିଲେ। ପ୍ରଥମ ବର୍ଷ ୧୦ଟି ଚାରା କଲମୀ କରି ରାସ୍ତାରେ ୪ କିଲୋମିଟର ପର୍ଯ୍ୟନ୍ତ ରୋପଣ କରିଥିଲେ। ଦ୍ୱିତୀୟ ବର୍ଷରେ ୧୫ଟି ଏବଂ ତୃତୀୟ ବର୍ଷରେ ୨୦ଟି ଗଛ ଲଗାଇଥିଲେ। ଏହିକ୍ରମରେ ପ୍ରତି ବର୍ଷ ଚାରାରୋପଣ ସଂଖ୍ୟା ବୃଦ୍ଧି କରିଚାଲିଲେ। ସେମାନେ ଚାରା ଲଗାଇବା ସହିତ ସନ୍ତାନସନ୍ତତିଙ୍କ ପରି ସେଗୁଡ଼ିକର ଯତ୍ନ ମଧ୍ୟ ନେଲେ। ଚାରାଗୁଡ଼ିକ ବଡ଼ ଗଛରେ ପରିଣତ ହେବା ପରେ ସେମାନଙ୍କର ଅକ୍ଲାନ୍ତ ପରିଶ୍ରମ ଫଳ ଦେବା ଆରମ୍ଭ କରିଥିଲା। ଏହି ଦମ୍ପତି ପ୍ରାୟତଃ ବର୍ଷା ଋତୁରେ ଚାରା ରୋପଣ କରୁଥିଲେ। ଥିମ୍ମାକ୍କା ତାଙ୍କ ସ୍ୱାମୀଙ୍କ ସହିତ ମିଶି ୮, ୦୦୦ ରୁ ଅଧିକ ଗଛ ଲଗାଇ ଯତ୍ନ ନେବା ଫଳରେ ଏକ ବୃକ୍ଷଶୂନ୍ୟ ଜମି ସବୁଜ ପ୍ରାନ୍ତରେ ପରିଣତ ହୋଇଗଲା।



୧୯୯୧ ମସିହାରେ ସ୍ୱାମୀଙ୍କ ଦେହାନ୍ତ ପରେ ଥିମ୍ମାକ୍କା ଏକାକୀ ନିରନ୍ତର ଭାବରେ ତାଙ୍କର ଅଭିଯାନ ଜାରିଲେ। ସେ ଆଲା ମାରାଦା ଥିମ୍ମାକ୍କା ନାମରେ ମଧ୍ୟ ପରିଚିତ ଥିଲେ। ୩୮୫ ବର ଗଛ ସମେତ ୮୦୦୦ରୁ ଅଧିକ ଗଛ ଲଗାଇ ଯତ୍ନ ନେବାର ଉଲ୍ଲେଖନୀୟ ଅବଦାନ ପାଇଁ ତାଙ୍କୁ 'ସାଲୁମାର୍ଦା ଥିମ୍ମାକ୍କା' କୁହାଯାଉଥିଲା। କନ୍ନଡ ଭାଷାରେ 'ସାଲୁମାର୍ଦା' ଅର୍ଥ ଗଛର ଧାଡ଼ି। ରାସ୍ତାରେ ସେ ଓ ତାଙ୍କ ସ୍ୱାମୀଙ୍କୁ ସମ୍ମୁଖୀନ ହେବାକୁ ପଡ଼ିଥିବା ଅନେକ କଷ୍ଟ ସତ୍ତ୍ୱେ ଚାରା ରୋପଣ ଏବଂ ପରିବେଶ ସଂରକ୍ଷଣ ପ୍ରତି ତାଙ୍କର ଉତ୍ସର୍ଗକୁ ସମ୍ମାନ ଜଣାଇବା ପାଇଁ ତାଙ୍କୁ ଏହି ନାମ ଦିଆଯାଇଥିଲା।

ସାଲୁମାର୍ଦା ଥିମ୍ମାକ୍କା କେବଳ ଗଛ ଲଗାଇ ନଥିଲେ। ସେ ତାଙ୍କ ଗ୍ରାମର ବାର୍ଷିକ ମେଳା ପାଇଁ ବର୍ଷା ଜଳ ସଂରକ୍ଷଣ କରିବା ପାଇଁ ଏକ ଟାଙ୍କି ନିର୍ମାଣ ଭଳି ବିଭିନ୍ନ ସାମାଜିକ କାର୍ଯ୍ୟକଳାପରେ ସାମିଲ ହୋଇଥିଲେ। ତାଙ୍କର ଜୀବନର ସରଳ ଦର୍ଶନ ହେଉଛି ଯେ ଏହି ପୃଥିବୀର ପ୍ରତ୍ୟେକ ବ୍ୟକ୍ତି ମାନବତା ପାଇଁ କିଛି ସମ୍ପତ୍ତି ଛାଡ଼ିଯିବା ଉଚିତ। ତାଙ୍କର ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ନଥିଲା। ବିଭିନ୍ନ ପୁରସ୍କାର ଓ ଅତ୍ୟଳ୍ପ ମାସିକ ପେନସନରୁ କୌଣସି ପ୍ରକାରେ ଜୀବିକା ନିର୍ବାହ କରୁଥିଲେ। କିନ୍ତୁ ଆର୍ଥିକ ଦୁରବସ୍ଥା କେବେବି ମାନବଜାତି ପାଇଁ ଭଲ କାମ କରିବାରେ ତାଙ୍କ ଆଗ୍ରହକୁ ଭାଙ୍ଗି ପାରି ନାହିଁ। ସାଲୁମାର୍ଦା ଥିମ୍ମାକ୍କା ଆଜି ପ୍ରତ୍ୟେକ ପରିବେଶବିତଙ୍କ ଆଦର୍ଶ। ସେ ବିଶ୍ୱକୁ ଦେଖାଇଛନ୍ତି ଯେ ଜଣେ ନିରକ୍ଷର ମହିଳା ତାଙ୍କ କଠିନ ପରିଶ୍ରମ ଏବଂ ଧୈର୍ଯ୍ୟ ବଳରେ ସମାଜରେ ଏକ ବିରାଟ ପରିବର୍ତ୍ତନ ଆଣିପାରନ୍ତି।

ଯଦିଓ ଥିମ୍ମାକ୍କା କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ, ତାଙ୍କ କାର୍ଯ୍ୟକୁ ଭାରତର ଜାତୀୟ ନାଗରିକ ପୁରସ୍କାରରେ ସମ୍ମାନିତ କରାଯାଇଛି। ଭାରତ ସରକାରଙ୍କ ଦ୍ୱାରା ସ୍ୱୀକୃତି ଦିଆଯାଇଛି ଏବଂ ତାଙ୍କୁ ୨୦୧୯ରେ 'ପଦ୍ମଶ୍ରୀ'ରେ ସମ୍ମାନିତ କରାଯାଇଛି। ଆମେରିକାରେ ତାଙ୍କ ନାମରେ 'ଥିମ୍ମାକ୍କାର ରିସୋର୍ସ ଫର୍ ଏନଭାର୍ନାମେଣ୍ଟାଲ୍ ଏଜୁକେସନ୍' ନାମରେ ଏକ ପରିବେଶ ସଂଗଠନ ମଧ୍ୟ ଅଛି। ସେ ମଧ୍ୟ ବନମିତ୍ର, ନିସର୍ଗରତ୍ନ, ବୃକ୍ଷପ୍ରେମୀ ଓ ବୃକ୍ଷଶ୍ରୀ ଭଳି ଉପାଧିରେ ସମ୍ମାନିତ ହୋଇଛନ୍ତି। ପରିବେଶ ରକ୍ଷା ଦିଗରେ ତାଙ୍କର ଅବିଶ୍ରାନ୍ତ ପ୍ରୟାସ ପାଇଁ ତାଙ୍କୁ ଅନେକ ପୁରସ୍କାର ଏବଂ ପ୍ରଶଂସାପତ୍ରରେ ସମ୍ମାନିତ କରାଯାଇଛି।

୧୧୩ ବର୍ଷ ବୟସରେ ଆଜି ମଧ୍ୟ ସେ ଅଧିକ ଗଛ ଲଗାଇବାର ସ୍ୱପ୍ନକୁ ଦେଖି ତାହାକୁ ବାସ୍ତବତାରେ ରୂପାୟନ କରୁଛନ୍ତି। ଯୁଗରେ ଦ୍ରୁତଜଙ୍ଗଲ କ୍ଷୟ ଏବଂ ଜଳବାୟୁ ପରିବର୍ତ୍ତନ ପାଇଁ ଥିମ୍ମାକାଙ୍କ ବାର୍ତ୍ତା ଆଜି ବହୁ ଅଧିକ ପ୍ରାସଙ୍ଗିକ। ତାଙ୍କ କାହାଣୀ ଆମକୁ ଶିଖାଏ 'ଗୋଟିଏ ମଣିଷ ମଧ୍ୟ ପରିବର୍ତ୍ତନ ଆଣିପାରେ। ଆଜି ଗଛ ଲଗାଇଲେ, ଆସନ୍ତା କାଲି ଉଜ୍ୱଳ ହେବ। ସମୁଦାୟ ଉଦ୍‌ଯୋଗ ଭୂଦୃଶ୍ୟର ପରିବର୍ତ୍ତନ କରିପାରେ।'

ଆମେ ଯଦି ସମସ୍ତେ ତାଙ୍କ ଉଦାହରଣକୁ ଅନୁସରଣ କରିବା ଆମ ଜଗତ ସତରେ କେତେ ସବୁଜ, ସୁନ୍ଦର, ଶ୍ୟାମଳ ହୋଇ ଗଢ଼ି ଉଠିବ। ପ୍ରକୃତି ସଂରକ୍ଷଣ ହେଉଛି ଆମର କର୍ତ୍ତବ୍ୟ। ଗଛ ଲଗାନ୍ତୁ, ପରିବେଶ ସୁରକ୍ଷିତ ରଖନ୍ତୁ। ଏକ ସବୁଜ ଓ ସୁସ୍ଥ ଭବିଷ୍ୟତ ପାଇଁ ଆଜିଠାରୁ ପଦକ୍ଷେପ ନିଅନ୍ତୁ। ସବୁଜ ଥିଲେ ସ୍ୱାସ୍ଥ୍ୟ ମିଳିବ, ପରିବେଶ ସୁନ୍ଦର ରହିବ। ଏକ ଗଛ ଏକ ପ୍ରାଣ, ଗଛ ବଞ୍ଚାଏ ଜୀବନ। ପ୍ରତି ଘରେ ଗଛ ହେଉ, ପୃଥିବୀ ସବୁଜ ହେଉ।

ଗୁରୁଗ୍ରାମ, ମୋ: ୭୯୭୮୦୮୨୮୩୪

# ଆମ ବୃକ୍ଷଲତା ଆମ ଜୀବନ

## ଅଗ୍ନିଶିଖା

**ପ୍ରକୃତି-ପରିବେଶ**

ସୌଭାଗ୍ୟସୁନ୍ଦର

ଅଗ୍ନିଶିଖାକୁ ଓଡ଼ିଶାରେ ସାଧାରଣତଃ ଲଙ୍ଗଲଙ୍ଗଳିଆ, ଟାଙ୍ଗି ଫୁଲ, ଦଶହରା ଫୁଲ, ଶିବଲିଙ୍ଗି, ପାଞ୍ଚ ଆଙ୍ଗୁଳିଆ, ଗର୍ଭ ଘଟନ, ଖଣ୍ଡାଫୁଲ, ଡାଙ୍ଗଗହଣା ଭାବରେ ଜଣାଯାଏ। ଭାରତୀୟ ଉପମହାଦେଶ ଓ ଦକ୍ଷିଣପୂର୍ବ ଏସିଆର ମୂଳଜାତ ଏହି ସୁନ୍ଦର ତୃଣଜାତୀୟ ଆରୋହୀ ଉଦ୍ଭିଦ ଦକ୍ଷିଣ-କେନ୍ଦ୍ରୀୟ ଚୀନ୍ ଓ ଆଫ୍ରିକାର ଅଧିକାଂଶ ସ୍ଥାନ, ପୂର୍ବ ଅଷ୍ଟ୍ରେଲିଆ, ଆମେରିକାର ଆଲାବାମା, ସୁରିନାମ୍, କାରିବିଆନର କିଛି ଅଂଶ ଏବଂ ବିଭିନ୍ନ ପ୍ରଶାନ୍ତ ମହାସାଗରୀୟ ଦ୍ୱୀପପୁଞ୍ଜରେ ଦେଖିବାକୁ ମିଳେ। ଏହା ତାମିଲନାଡୁର 'ରାଜ୍ୟ ଫୁଲ'। ଏହା ଜିମ୍ବାୱେର ମଧ୍ୟ ଜାତୀୟ ଫୁଲ। ୧୯୪୭ ମସିହାରେ ରାଣୀ ଏଲିଜାବେଥ(ଦ୍ୱିତୀୟ) ରୋଡେସିଆରେ (ବର୍ତ୍ତମାନ ଜିମ୍ବାୱେ) ଯାତ୍ରା କରିବା ସମୟରେ ତାଙ୍କର ଏକବିଂଶତମ ଜନ୍ମଦିନ ପାଳନ ପାଇଁ ଏହି ଫୁଲ ଆକୃତିର ଏକ ହୀରା ବ୍ରୁଚ୍ ତାଙ୍କୁ ଉପହାର ଦିଆଯାଇଥିଲା।

ପ୍ରାୟ ୬ ମିଟର ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବୃକ୍ଷର ପତ୍ରଗୁଡ଼ିକ ଡେମ୍ଫ ବିହୀନ, ପ୍ରତ୍ୟେକ ଗଣ୍ଠିରୁ ଗୋଟିଏ ଲେଖାଏଁ ପତ୍ର ବିପରୀତ ଭାବରେ ସଜାଯାଇଥାଏ, ପତ୍ର ଅଗ୍ରରୁ ସରୁ ତାର ଭଳି ଡଙ୍କ ସୃଷ୍ଟି ହୋଇଥାଏ, ଯାହା ସାହାଯ୍ୟରେ ଏହା ଅନ୍ୟାନ୍ୟ ଗଛଲତା ଉପରେ ଆରୋହଣ କରେ। ୫ ରୁ ୭ ସେମି ପର୍ଯ୍ୟନ୍ତ ଲମ୍ବା ଛଅଟି ପାଖୁଡ଼ା ବିଶିଷ୍ଟ ଫୁଲଗୁଡ଼ିକ ପ୍ରଥମେ ସବୁଜ, ପରେ ହଳଦିଆ ଏବଂ ଶେଷରେ ଲାଲ ରଙ୍ଗର ହୋଇଥାଏ। ୬ ରୁ ୧୨ ସେମି ପର୍ଯ୍ୟନ୍ତ ଲମ୍ବ ଫଳଟି ଏକ ମାଂସଳ କ୍ୟାପସୁଲ୍, ଯେଉଁଥିରେ ଅନେକ ଲାଲ ରଙ୍ଗର ବିହନ ଥାଏ। ଗଛରେ ସେପ୍ଟେମ୍ବର - ଅକ୍ଟୋବର ମାସରେ ଫୁଲ ଫୁଟେ।

ଆୟୁର୍ବେଦରେ ଅଗ୍ନିଶିଖା ବହୁଳ ବ୍ୟବହୃତ ଔଷଧି, ଯାହା ମାଂସପେଶୀ ଯନ୍ତ୍ରଣା, ଗଣ୍ଠିବାତ, ସନ୍ଧି ପ୍ରଦାହ, କାନ ଓ ଚର୍ମ ରୋଗ, କୋଲିକ୍, ଦୀର୍ଘକାଳୀନ ଅଲସର, ପାଇଲ୍ସ, ଗନୋରିଆ, ଶ୍ୱାସରୋଗ, ଉକୁଣୀ, କୁଷ୍ଠ, ଆଘାତ, ଅର୍ଶ, କୃମି, କର୍କଟ, ନପୁଂସକତା, ଯୌନ ସଂକ୍ରମିତ ରୋଗ ଉପଶମ ପାଇଁ ବ୍ୟବହାର କରାଯାଏ। ଏହାର ରାଇଜୋମଗୁଡ଼ିକୁ ଏକ ଟନିକ୍, ସାମୟିକ-ପ୍ରତିରୋଧୀ, କୃମି-ପ୍ରତିରୋଧୀ ଏବଂ ସାପ କାମୁଡ଼ା ଏବଂ ବିଛା ଦଂଶନ ଚିକିତ୍ସା, ପ୍ରସବ ଯନ୍ତ୍ରଣାକୁ ପ୍ରୋତ୍ସାହିତ କରିବା ସହିତ ଗର୍ଭପାତ ପାଇଁ ବ୍ୟବହାର କରାଯାଏ। ଉଦ୍ଭିଦର ଔଷଧୀୟ ଗୁଣ ମୁଖ୍ୟତଃ କୋଲଚିସିନ୍ ଓ ଗ୍ଲୋରିଓସିନ୍ ଆଲକାଲଏଡ୍ ଉପସ୍ଥିତି ଯୋଗୁଁ ହୋଇଥାଏ।

ବିହନରେ କୋଲଚିସିନ୍ ବ୍ୟତୀତ ଆଇସୋପରଲୋଲିରିନ୍ ଓ ସମ୍ପର୍କିତ ଟ୍ରୋପୋଲେନ୍ ଆଲକାଲଏଡ୍, ଶୃଙ୍ଖଳା ରାଇଜୋମ୍ରେ- ସିଟୋଷ୍ଟେରୋଲ୍, ଗ୍ଲୁକୋସାଇଡ୍, ୨-ହାଇଡ୍ରୋକ୍ସି, ୬-ମେଥୋକ୍ସି ବେଞ୍ଜୋଇକ୍ ଏସିଡ୍ ଥାଏ। ଉଦ୍ଭିଦର ପ୍ରତ୍ୟେକ ଅଂଶ ବିଷାକ୍ତ। କନ୍ଦକୁ ମିଠା ଆଳୁ କିମ୍ବା କନ୍ଦମୂଳ ଭାବି ଭୁଲ୍‌ବଶତଃ ଖାଇଲେ କିମ୍ବା ଏହା ପ୍ରତ୍ୟକ୍ଷ ପେଟକୁ ଗଲେ ମଣିଷ ଓ ପଶୁଙ୍କ ପ୍ରାଣହାନି ଘଟିପାରେ। ପାର୍ଶ୍ୱ ପ୍ରଭାବରେ ବାନ୍ତି, ପାଟି ଚାରିପାଖରେ ଝିମ୍ଝିମ୍, ଗଳାରେ ଜଳାପୋଡ଼ା, ପେଟ ଯନ୍ତ୍ରଣା ଏବଂ ରକ୍ତାକ୍ତ ଡାଇରିଆ, ଚର୍ମ ଛଡ଼ାଇ ଦେବା ଏବଂ ମହିଳାମାନଙ୍କ ଦୀର୍ଘକାଳୀନ ଯୋନି ରକ୍ତସ୍ରାବ ହୋଇପାରେ। ତେଣୁ ନାଇଜେରିଆରେ ତୀରରେ ବିଷ ଏବଂ ଭାରତରେ ସାପ ପାଇଁ ବିଷ ଦେବାରେ ଏହା ବ୍ୟବହାର କରାଯାଏ। ତେଣୁ ଆୟୁର୍ବେଦ ଶାସ୍ତ୍ର ଅନୁଯାୟୀ ଏହାର ଅନୁପାନ ବାଞ୍ଛନୀୟ।

ସାଧାରଣତଃ, ଏହି ଗଛ ଜଙ୍ଗଲରେ ପ୍ରାକୃତିକ ଭାବରେ ବଢ଼ିଥାଏ। ଔଷଧୀୟ ବ୍ୟବହାର ପାଇଁ ଏହାର ବହୁତ ଚାହିଦା ଅଛି। ତେଣୁ ଏହାକୁ ଭାରତରେ ଫାର୍ମଗୁଡ଼ିକରେ ଚାଷ କରାଯାଏ। କିନ୍ତୁ ଔଷଧ ବାଣିଜ୍ୟରେ ବିକ୍ରି ହେଉଥିବା ଅଧିକାଂଶ ଉଦ୍ଭିଦ ସାମଗ୍ରୀ ଜଙ୍ଗଲୀ ପରିସଂସ୍ଥାରୁ ଆସିଥାଏ। ଫୁଲଗୁଡ଼ିକ ଧାର୍ମିକ ରୀତିନୀତିର ଏକ ଅଂଶ। ଓଡ଼ିଶାରେ ଏହା ବିଲୁପ୍ତ ହେବାକୁ ଯାଉଛି ଏବଂ ଶ୍ରୀଲଙ୍କାରେ ଏହା ବିରଳ ହୋଇଯାଇଛି। ଅନ୍ୟପକ୍ଷରେ ଏହା ଅଷ୍ଟ୍ରେଲିଆ, ସିଙ୍ଗାପୁର ଏବଂ ଅନ୍ୟ କିଛି ଦେଶରେ ଏକ ଆକ୍ରମଣାତ୍ମକ ଜାତୀୟ ଲତା ବୋଲି କୁହାଯାଉଛି। ପ୍ରାକୃତିକ ସଂରକ୍ଷଣ ପାଇଁ ଆନ୍ତର୍ଜାତିକ ସଂଘ ଏହି ଲତାକୁ ଲାଲ୍ କିତାବରେ ସଙ୍କଟାପନ୍ନ ଉଦ୍ଭିଦ ବର୍ଗରେ ସ୍ଥାନିତ କରିଥିବା ଜଣାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## +୩ ଦ୍ୱିତୀୟ ରାଉଣ୍ଡ ମେଧା ତାଳିକା

# ନାମଲେଖା ପାଇଁ ୪୫,୫୦୨ ଚୟନ

**ଭୁବନେଶ୍ୱର,୨୨।୬(ସମିସ):** ପ୍ରଥମ ପର୍ଯ୍ୟାୟ +୩ ନାମଲେଖା ପାଇଁ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା ରବିବାର ପ୍ରକାଶ ପାଇଛି। ସମୁଦାୟ ୪୫,୫୦୨ ପିଲା ନାମଲେଖା ପାଇଁ ଚୟନ ହୋଇଛନ୍ତି। ତନ୍ମଧ୍ୟରେ ୨୦,୦୩୧ ଛାତ୍ର ଥିବା

- ■ ପ୍ରଥମ ରାଉଣ୍ଡରେ ଦୂରେଇ ରହିଲେ ୪୩,୮୪୪
- ■ ଖାଲି ପଡ଼ିବ ୫୪ ହଜାର ସିଟ୍

ବେଳେ ୨୫,୪୬୮ ଛାତ୍ରୀ ଓ ୩ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି। ବଡ଼ କଥା ହେଲା, ୪୩,୮୪୪ଜଣ ଚୟନ ହୋଇଥିଲେ ମଧ୍ୟ ନାମଲେଖା ପ୍ରକ୍ରିୟାରେ ଆଦୌ ସାମିଲ ହୋଇନାହାନ୍ତି। ଫଳରେ ଅବଶିଷ୍ଟ ପ୍ରକ୍ରିୟାରୁ ସେମାନେ ବାଦ୍ ପଡ଼ିଛନ୍ତି। ପ୍ରଥମ ରାଉଣ୍ଡରେ ୭୯,୭୫୨ଜଣ ନାମ ଲେଖାଇଥିବା ବେଳେ ୫୨,୧୨୬ ଜଣ ସ୍ଲାଇଡ୍ ଅପସନ୍ ଦେଇଛନ୍ତି। ସମୁଦାୟ ୧,୭୫,୭୨୨ ଜଣଙ୍କୁ ନାମଲେଖା ପାଇଁ ଚୟନ କରାଯାଇଥିବାରୁ ପ୍ରାୟ ୪୪ ହଜାର ସିଟ୍ ଖାଲି ପଡ଼ିବା ସୁନିଶ୍ଚିତ ହୋଇଛି। ପ୍ରାୟ ୧୦ ହଜାର ପିଲା କମ୍ ଆବେଦନ କରିଥିବାରୁ ୫୪ ହଜାର ସିଟ୍ ଖାଲି ପଡ଼ିବ।

ଏହି ରାଉଣ୍ଡରେ ଚୟନ ହୋଇଥିବା ପିଲାମାନେ ୨୫ତାରିଖ ମଧ୍ୟରେ ନାମଲେଖାଇ ପାରିବେ। ଜୁଲାଇ ୧ରେ ତୃତୀୟ ରାଉଣ୍ଡ ମେଧା ତାଲିକା ପ୍ରକାଶ ପାଇବ ଓ ୪ ତାରିଖ ମଧ୍ୟରେ ନାମଲେଖା ହେବ। ଏହାପରେ ୱେଟିଂଲିଷ୍ଟ ରାଉଣ୍ଡ ପାଇଁ ଜୁଲାଇ ୭ରୁ ୧୦ତାରିଖ ମଧ୍ୟରେ ଆବେଦନ ହେବ। ୧୨ତାରିଖରେ ଇ-ସ୍ପେସ୍‌ରେ ଓ ୧୩ ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନର ନୋଟିସ୍ ବୋର୍ଡରେ ମେଧା ତାଲିକା ପ୍ରକାଶ ପାଇବ। ୧୫ ତାରିଖରେ ନାମଲେଖା ହେବ। +୨ ଇନ୍‌ଷ୍ଟାଣ୍ଟ ଓ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ବାହାରିବା ପରେ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ପାଇଁ ପ୍ରକ୍ରିୟା ଆରମ୍ଭ ହେବ।

ଅପରପକ୍ଷେ, ପୂର୍ବରୁ ଦିନ ୧୧ଟାରେ ମେଧା ତାଲିକା ପ୍ରକାଶ କରିବାକୁ ବିଜ୍ଞପ୍ତିରେ ଦର୍ଶାଯାଇଥିଲେ ମଧ୍ୟ ବିଭାଗ ବିଫଳ ହୋଇଛି। ସନ୍ଧ୍ୟା ୭ଟାରେ ମେଧା ତାଲିକା ପ୍ରକାଶ ପାଇଥିବାରୁ ନାମଲେଖା ପାଇଁ ପ୍ରକ୍ରିୟା ସାମାନ୍ୟ ବିଳମ୍ବ ହୋଇଛି। ବିଳମ୍ବର କାରଣ ସମ୍ପର୍କରେ ବୈଷୟିକ କାର୍ଯ୍ୟ କରୁଥିବା ଫାର୍ମର ଜଣେ କର୍ମଚାରୀ କହିଛନ୍ତି ଯେ ପୂର୍ବ ସୂଚୀରେ ପରିବର୍ତ୍ତନ କରି ନାମଲେଖା ପାଇଁ ଦୁଇଦିନ ଅତିରିକ୍ତ ସମୟ ଦିଆଯାଇଥିଲା। ଶନିବାର ଅପରାହ୍ନ ୩ଟାରେ ନାମଲେଖା ଅବଧି ସରିବା ପରେ ରାତିଦିନ କାମ କରିଛନ୍ତି। ଆଗକୁ ପ୍ରକ୍ରିୟା ମଝିରେ ପରିବର୍ତ୍ତନ କରାଗଲେ ବିଳମ୍ବ ହୋଇପାରେ ଏବଂ ସମ୍ପୂର୍ଣ୍ଣ ପ୍ରକ୍ରିୟା ନିର୍ଭୁଲ୍ ହେବା ନେଇ ମଧ୍ୟ ସେ ଆଶଙ୍କା ପ୍ରକାଶ କରିଛନ୍ତି।

## ବାହାରୁନି ଉଚ୍ଚଶିକ୍ଷା ବିଭାଗ ଏଚ୍‌ପିସି ପ୍ରୋସିଡିଂ

# ନୂତନ ଶିକ୍ଷାନୁଷ୍ଠାନ ଖୋଲିବାକୁ ଡିଲ୍!

**ଭୁବନେଶ୍ୱର,୨୨।୬(ସମିସ):** ଉଚ୍ଚଶିକ୍ଷା ବିଭାଗର ଉଚ୍ଚକ୍ଷମତା ସଂପନ୍ନ କମିଟି (ଏଚ୍‌ପିସି) ବୈଠକ ଗତ ୧୧ତାରିଖରେ ଅନୁଷ୍ଠିତ ହୋଇଛି। ନୂତନ ଉଚ୍ଚଶିକ୍ଷାନୁଷ୍ଠାନ ଖୋଲିବା ପାଇଁ ହୋଇଥିବା ସମସ୍ତ ଆବେଦନ ଉପରେ ଆଲୋଚନା ହୋଇଛି। ସାଧାରଣ ପାଠ୍ୟକ୍ରମ ସହ ଏମ୍‌ବିଏ, ଏମ୍‌ସିଏ ପାଠ୍ୟକ୍ରମ ପାଇଁ ଅନୁମତି ଦେବା ସମ୍ପର୍କରେ ବିଚାରବିମର୍ଷ ହୋଇଛି। ହେଲେ ବୈଠକକୁ ୧୨ଦିନ ଅତିକ୍ରମ କରିଥିଲେ ମଧ୍ୟ ଏହାର ଚୂଡ଼ାନ୍ତ ନିଷ୍ପତ୍ତି (ପ୍ରୋସିଡିଂସ୍) ବାହାରିନାହିଁ। ଚୂଡ଼ାନ୍ତ ନିଷ୍ପତ୍ତି ନ ବାହାରିବା ପଛରେ ଯେଉଁ କାରଣଟି କୁହାଯାଉଛି, ତାହା ଅତ୍ୟନ୍ତ ସାଂଘାତିକ। ଏବେ କିଛି ନିର୍ଦ୍ଦିଷ୍ଟ ଶିକ୍ଷାନୁଷ୍ଠାନ ନୂତନ ପାଠ୍ୟକ୍ରମ ଖୋଲିବା ପାଇଁ ଆଗ୍ରହୀ ଥିବାରୁ ଶିକ୍ଷା ବିଭାଗ ସହ ସେମାନଙ୍କର ଡ଼ିଲ୍ ଚୂଡ଼ାନ୍ତ ହୋଇ ପାରୁନାହିଁ। ଯାହା ଫଳରେ ସମସ୍ୟା ସୃଷ୍ଟି ହୋଇଛି ବୋଲି କୁହାଯାଉଛି।

ପୂର୍ବରୁ ଏଚ୍‌ପିସି ବୈଠକ ସରିବାର ଅଳ୍ପ ଦିନ ମଧ୍ୟରେ ନିଷ୍ପତ୍ତି ସମ୍ପର୍କରେ ପ୍ରୋସିଡିଂସ୍ ପ୍ରକାଶ ପାଇଥାଏ। ନୂତନ ଶିକ୍ଷାନୁଷ୍ଠାନ ପାଇଁ ହୋଇଥିବା ସମସ୍ତ ଆବେଦନକାରୀଙ୍କ ତଥ୍ୟ ସଦସ୍ୟମାନଙ୍କ ପାଖରେ ଥାଏ। ବିଭିନ୍ନ ଦିଗକୁ ଯାଞ୍ଚ କରିବା ପରେ ଅନୁମୋଦନ କିମ୍ବା ନାକଚ ସମ୍ପର୍କରେ ନିଷ୍ପତ୍ତି ହୋଇଥାଏ। ବୈଠକରେ ଅଧ୍ୟକ୍ଷତା କରୁଥିବା ଅଧିକାରୀଙ୍କ ଅନୁମୋଦନ ପରେ ବିଜ୍ଞପ୍ତି ପ୍ରକାଶ ପାଏ। କେବେ ପ୍ରୋସିଡିଂ ପ୍ରକାଶ କରାଯିବ ସେନେଇ ନିର୍ଦ୍ଦିଷ୍ଟ ନିୟମ ନ ଥିବାବେଳେ ଅତିବେଶୀରେ ସପ୍ତାହେ ମଧ୍ୟରେ ବାହାରିବା କଥା। ହେଲେ ଚଳିତଥର ୧୦ଦିନ ବିତିଥିଲେ ମଧ୍ୟ ପ୍ରୋସିଡିଂ ପ୍ରକାଶ ପାଇନଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଅପରପକ୍ଷରେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ଆବେଦନ କରିଥିବା ଜଣେ ଆବେଦନକାରୀ ନିଜ ନାମ ଗୋପନ ରଖିବା ସର୍ତ୍ତରେ କହିଛନ୍ତି ଯେ ସେମାନେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ସମସ୍ତ ପ୍ରକାର ମାନଦଣ୍ଡ ପୂରଣ କରୁଛନ୍ତି। ହେଲେ ଅନୁମତି ସୁନିଶ୍ଚିତ କରିବା ପାଇଁ ୟୁନିଟ୍-୬ ଅଞ୍ଚଳରେ ରହୁଥିବା ଜଣେ ନିର୍ଦ୍ଦିଷ୍ଟ ଅଧିକାରୀଙ୍କୁ ସାକ୍ଷାତ କରିବାକୁ କୁହାଯାଉଛି। ଉଚ୍ଚଶିକ୍ଷା ବିଭାଗର ବରିଷ୍ଠ ଅଧିକାରୀଜଣକ ଆବେଦନରେ ବିଭିନ୍ନ ତ୍ରୁଟି ରହିଥିବା ଦର୍ଶାଇବା ସହ ଅନୁମତି ପାଇଁ ପରୋକ୍ଷ ଭାବେ ଅର୍ଥ ଦାବି କରୁଛନ୍ତି। ଏପରିକି ସେ ଅଗ୍ରୀମ ମଧ୍ୟ ଦେଇସାରିଛନ୍ତି। ଏଚ୍‌ପିସି ନିଷ୍ପତ୍ତିକୁ ବିଳମ୍ବ କରି ଅର୍ଥ ଆଦାୟ କରିବାକୁ ଏହା ଏକ ନୂଆ ବ୍ୟବସ୍ଥା ବୋଲି ମଧ୍ୟ ସେ ଅଭିହିତ କରିଛନ୍ତି। ଅପରପକ୍ଷରେ ଆବେଦନକାରୀଙ୍କ ଡିପିଆର୍ ସମେତ ଭିତ୍ତିଭୂମି ଯାଞ୍ଚ କରିବାକୁ ଏକ ସବ୍-କମିଟି ଗଠନ କରାଯାଇଛି। ତାଙ୍କ ରିପୋର୍ଟ ଆଧାରରେ ନିଷ୍ପତ୍ତି ନିଆଯିବ। ଏଣୁ ପ୍ରେସିଡିଂ ପ୍ରକାଶରେ ବିଳମ୍ବ ହେଉଥିବା ଜଣେ ବିଭାଗୀୟ ଅଧିକାରୀ କହିଛନ୍ତି।

# ବ୍ୟବସାୟୀଙ୍କୁ ଗୁଳିମାଡ଼ ଘଟଣା: ଡିଆଇଜିଙ୍କ ତନାଘନା

**ଭଦ୍ରକ, ୨୨।୬(ସମିସ):** ଭଦ୍ରକ ସହରର ଚରମ୍ପାଠାରେ ହୋଇଥିବା ଗୁଳିକାଣ୍ଡ ଘଟଣା ପରେ ପୁଲିସର ତନାଘନା ଆରମ୍ଭ ହୋଇଛି। ପୂର୍ବାଞ୍ଚଳ ଡିଆଇଜି ଓ ଏସ୍‌ପି ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ପ୍ରକ୍ରିୟା ଯାଞ୍ଚ କରିଛନ୍ତି। ଶନିବାର ଚରମ୍ପା ଛକ ନିକଟରୁ କିଛି ଦୂରରେ ବ୍ୟବସାୟୀ ବିଦ୍ୟାଧର ପାତ୍ରଙ୍କୁ କେତେକ ଦୁର୍ବୃତ୍ତ ଦୁଇରାଉଣ୍ଡ ଗୁଳି ଚଳାଇଥିଲେ। ପରେ ସ୍ଥାନୀୟ ଲୋକେ ବିଦ୍ୟାଧରଙ୍କୁ ଗୁରୁତର ଭାବେ ପ୍ରଥମେ ଭଦ୍ରକ ମେଡିକାଲ ଓ ପରେ କଟକ ମେଡିକାଲକୁ ସ୍ଥାନାନ୍ତର କରିଥିଲେ। ବିଦ୍ୟାଧରଙ୍କ ଦେହରୁ ଅପରେସନ ପରେ ଗୁଳି ବାହାର କରାଯାଇଛି ବୋଲି ସୂଚନା ମିଳିଛି। ତେବେ ଘଟଣା ପରେ ପୂର୍ବାଞ୍ଚଳ ଡିଆଇଜି ଡ. ସତ୍ୟଜିତ ନାୟକ, ଭଦ୍ରକ ଏସ୍‌ପି ମନୋଜ କୁମାର ରାଉତଙ୍କ ସହ ଅନ୍ୟ ଅଧିକାରୀମାନେ ଗୁଳିକାଣ୍ଡ ହୋଇଥିବା



ସ୍ଥାନକୁ ଯାଇ ତଦନ୍ତ କରିଛନ୍ତି। ବିଦ୍ୟାଧରଙ୍କ ପରିବାର ଲୋକଙ୍କ ସହ ଆଲୋଚନା କରିଛନ୍ତି ଡିଆଇଜି। ଏପର୍ଯ୍ୟନ୍ତ ଗୁଳିକାଣ୍ଡର କାରଣ ଅସ୍ପଷ୍ଟ ହୋଇଥିବା ବେଳେ ସିସିଟିଭି ଯାଞ୍ଚ ସହ ବିଭିନ୍ନ ସ୍ଥାନରେ ବ୍ଲକିଂ ଓ ଚଢ଼ଉ ଚାଲିଥିବା କହିଛନ୍ତି ଡିଆଇଜି। ଘଟଣା ପରେ ପୁଲିସ ତଦନ୍ତ ଆରମ୍ଭ କରିଥିବା ବେଳେ ଖୁବ୍‌ଶୀଘ୍ର ଅପରାଧୀଙ୍କୁ ପୁଲିସ ଧରିବ ବୋଲି କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଭଦ୍ରକ ସହରର ଚରମ୍ପା ଛକ ନିକଟରେ ବ୍ୟବସାୟୀଙ୍କୁ ଗୁଳିମାଡ ହୋଇଥିଲା। ଗୁଳିମାଡର ଶିକାର ହୋଇଥିଲେ ଭଦ୍ରକ ଗ୍ରାମାଞ୍ଚଳ ଥାନା ବେଲାମଳା ଗ୍ରାମର ବିଦ୍ୟାଧର ପାତ୍ର। ଚରମ୍ପା ସ୍ଥିତ ନିଜ ଦୋକାନ ବନ୍ଦ କରି ଘରକୁ ଯାଉଥିବା ସମୟରେ କେତେକ ଦୁର୍ବୃତ୍ତ ଆସି ଗୁଳି ଫୁଟାଇଥିଲେ। ଲୁଟ୍ ଉଦ୍ଦେଶ୍ୟରେ ବିଦ୍ୟାଧରଙ୍କୁ ଗୁଳି ମାଡ଼ କରାଯାଇଥିବା ସନ୍ଦେହ କରାଯାଉଥିଲା। ପରେ ଗୁଳି ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ି ଆସିଥିଲେ। ଦୁର୍ବୃତ୍ତମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପ୍ରତ୍ୟେକ୍ଷଦର୍ଶୀଙ୍କ ଅନୁଯାୟୀ ଦୁଇ ରାଉଣ୍ଡ ଗୁଳି ଫୁଟିଥିଲା। ବାଇକରେ ଯାଉଥିବା ବିଦ୍ୟାଧର ରାସ୍ତାରେ ଟଳି ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ପରେ ଗୁରୁତର ଭାବେ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା।

# ଅନ୍‌ଲାଇନ୍ ଟ୍ରେଡିଂ ଆଳରେ ୧୯ ଲକ୍ଷର ଚୂନ

**ବାରିପଦା, ୨୨।୬ (ସମିସ):** ବାରିପଦା ମଧୁବନ ଅଞ୍ଚଳର ଜଣେ ଯୁବକଙ୍କୁ ସାଇବର୍ ଠକ ୧୯ ଲକ୍ଷ ଟଙ୍କାର ଚୂନ ମାରିଛନ୍ତି। ଠକେଇର ଶିକାର ହୋଇଥିବା ଯୁବକଜଣଙ୍କ ହେଲେ, ଶିବେନ୍ଦୁ ସୁରଜିତ ଜେନା। ଏ ସଂପର୍କରେ ସେ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ତାଙ୍କୁ ଏକ ଅଜଣା ନମ୍ବରରୁ ଫୋନ୍ ଆସିଥିଲା। ଘରେ ବସି ଅନ୍‌ଲାଇନ ଜରିଆରେ କାମ କରିବାକୁ ତାଙ୍କୁ ଠକମାନେ ପ୍ରବର୍ତ୍ତାଇଥିଲେ। ଏଥିପାଇଁ ମୋଟା ଅଙ୍କର ଟଙ୍କା ମିଳିବ ବୋଲି ପ୍ରଲୋଭନ ମଧ୍ୟ ଦେଖାଇଥିଲେ। ଅଧିକ ଅର୍ଥ ଉପାର୍ଜନ ଆଶାରେ ସୁରଜିତ୍ ସେମାନଙ୍କ କଥାରେ ରାଜି ହୋଇ କାମ ଆରମ୍ଭ କରିଥିଲେ। ତାଙ୍କ ବିଶ୍ୱାସ ଜିତିବା ପାଇଁ ଠକ ପ୍ରଥମେ ପ୍ରଥମେ ତାଙ୍କୁ ଟଙ୍କା ପ୍ରଦାନ କରିଥିଲେ। ପରେ ତାଙ୍କ ରୋଜଗାର ଟଙ୍କାକୁ ଅନ୍‌ଲାଇନ୍ ଟ୍ରେଡିଂରେ ବିନିଯୋଗ କରିବାକୁ ଠକ ପ୍ରବର୍ତ୍ତାଇଥିଲେ। ଠକଙ୍କ କହିବା ମୁତାବକ ସେ ଅନ୍‌ଲାଇନ୍ ଟ୍ରେଡିଂରେ ଟଙ୍କା ବିନିଯୋଗ କରିବା ଆରମ୍ଭ କରିଥିଲେ। ବିଭିନ୍ନ ପର୍ଯ୍ୟାୟରେ ସୁରଜିତ୍ ସମୁଦାୟ ୧୯,୯୭,୦୭୩ ଟଙ୍କା ବିନିଯୋଗ କରିବା ପରେ ଠକମାନେ ଆଉ ଧରାଛୁଆଁ ଦେଇନଥିଲେ। ସୁରଜିତ୍ ବାରମ୍ବାର ଯୋଗାଯୋଗ କରିଥିଲେ ହେଁ ସଫଳ ହୋଇନଥିଲେ। ତେଣୁ ଠକେଇର ଶିକାର ହୋଇଥିବା ଜାଣିବା ପରେ ଏନେଇ ସେ ଥାନାର ଦ୍ୱାରସ୍ଥ ହୋଇଥିଲେ।

# ଯୁବତୀଙ୍କ ଭିଡିଓ ଭାଇରାଲ

**ବାରିପଦା,୨୨।୬(ସମିସ):** ଜଣେ ଯୁବତୀଙ୍କ ଆପତ୍ତିଜନକ ଭିଡିଓ ଭାଇରାଲ କରିବାକୁ ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ପରିବାରଲୋକଙ୍କ ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନହେବାରୁ ପୁନଃ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ଜଣେ ଯୁବକ ତାଙ୍କ ଝିଅର ଭିଡିଓ ମୋବାଇଲରେ ଉତ୍ତୋଳନ କରି ସୋସିଆଲ ମିଡିଆରେ ଭାଇରାଲ କରିଛି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ ସୁଦ୍ଧା ଅଭିଯୁକ୍ତ ଗିରଫ ହୋଇନାହିଁ। ଫଳରେ ଯୁବତୀ ଓ ତାଙ୍କ ପରିବାରକୁ ନାନାଦି ଅପବାଦ ଶୁଣିବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଯୁଦ୍ଧକୁ ଡେଇଁଲା...

ତିନିଟି ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଥିବା ଆମେରିକା ଦାବି କରିଛି। ୧୯୭୯ରେ ଇରାନ ବିପ୍ଳବ ପରେ ପ୍ରଥମ ଥର ଲାଗି ଇରାନ ଭିତରେ ଆକ୍ରମଣ କରିଛି ଆମେରିକା। ରାଷ୍ଟ୍ରପତି ଟ୍ରମ୍ପ ଏହି ଆକ୍ରମଣ ସଫଳ ହୋଇଛି ଏବଂ ଇରାନର ପରମାଣୁ କ୍ଷମତା ଶୂନ ହୋଇଯାଇଛି ବୋଲି କହିଛନ୍ତି। ଏବେ ମଧ୍ୟପ୍ରାଚ୍ୟ ଓ ଇସ୍ରାଏଲ ବିପଦମୁକ୍ତ ବୋଲି ସେ କହିଛନ୍ତି। ଇରାନ ତୁରନ୍ତ କଥାବାର୍ତ୍ତା କରୁ, ନହେଲେ ଆହୁରି ଭୟଙ୍କର ଆକ୍ରମଣ କରାଯିବ ବୋଲି ସେ ଧମକ ଦେଇଛନ୍ତି। ଆମେରିକାର ପ୍ରତିରକ୍ଷା ସଚିବ କହିଛନ୍ତି ଯେ 'ମିଡନାଇଟ୍ ହାମର' ନାମରେ ହୋଇଥିବା ଆକ୍ରମଣରେ ୧୨୫ଟି ଲଢୁଆ ବିମାନ ମଧ୍ୟ ସାମିଲ ହୋଇଥି।ଲେ। ଏହାସହିତ ଆମେରିକା ନୌ।।ସେନାର ସବମେରିନରୁ ୨୪ଟି ଟୋମହକ୍ କ୍ଷେପଣାସ୍ତ୍ର ମଧ୍ୟ ମାଡ଼ କରାଯାଇଛି।

ଏହି ଆକ୍ରମଣ ନେଇ ଇରାନ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି। ଇରାନର ବୈଦେଶିକ ମନ୍ତ୍ରୀ ଅବ୍ବାସ କହିଛନ୍ତି ଯେ ଇରାନ ଉପରେ ଆକ୍ରମଣ କରି ଆମେରିକା ସବୁ ସୀମା ଅତିକ୍ରମ କରିଛି। ଇରାନ ଏହାର ଦୃଢ଼ ଜବାବ ଦେବ। ଇରାନ ମଧ୍ୟ ମଧ୍ୟପ୍ରାଚ୍ୟେରେ ଥିବା ଆମେରିକାର ସାମରିକ ପ୍ରତିଷ୍ଠାନକୁ ଟାର୍ଗେଟ କରିବ ବୋଲି ସେ କହିଛନ୍ତି। ଏସଂପର୍କରେ ଅଧିକ ବିଚାରବିମର୍ଶ ଲାଗି ଆଜି ସେ ମସ୍କୋ ଯାଉଛନ୍ତି। ସେଠାରେ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହିତ ଆଲୋଚନା କରିବେ। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ନିନ୍ଦା କରିବା ସହିତ ତୁରନ୍ତ ଯୁଦ୍ଧ ବନ୍ଦ କରିବାକୁ ପରାମର୍ଶ ଦେଇଛନ୍ତି। ରୁଷ ଏବଂ ଚୀନ ମଧ୍ୟ ଏହାର ନିନ୍ଦା କରି କହିଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟ ସ୍ଥିତି ଆହୁରି ବିଗିଡ଼ିଯିବ। ରୁଷ ରାଷ୍ଟ୍ରପତି ପୁଟିନଙ୍କ ବରିଷ୍ଠ ପରାମର୍ଶଦାତା ତଥା ପୂର୍ବତନ ରାଷ୍ଟ୍ରପତି ଡୁମିଟ୍ରି ମେଦଭେଦେଭ କହିଛନ୍ତି ଯେ ଆମେରିକାର ଆକ୍ରମଣ ସଫଳ ହୋଇନାହିଁ। ଏହା ଆମେରିକା ପାଇଁ ମହଙ୍ଗା ପଡ଼ିବ। ରୁଷ ସମେତ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି ବୋଲି ସେ କହିଛନ୍ତି। ଅନ୍ୟପକ୍ଷରେ ବ୍ରିଟେନ ଓ ଇସ୍ରାଏଲ ଏହି ଆକ୍ରମଣକୁ ସମର୍ଥନ କରିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଏସଂପର୍କରେ ଇରାନ ରାଷ୍ଟ୍ରପତିଙ୍କ ସହିତ ଫୋନରେ କଥା ହୋଇଛନ୍ତି। ମଧ୍ୟପ୍ରାଚ୍ୟ ସ୍ଥିତି ନେଇ ଉଦବେଗ ପ୍ରକାଶ କରିବା ସହିତ ତୁରନ୍ତ ଉତ୍ତେଜନା ଦୂର କରିବା ସପକ୍ଷରେ ମତ ରଖିଛନ୍ତି। ଦୁଇ ନେତାଙ୍କ ମଧ୍ୟରେ ୪୫ ମିନିଟ୍ ଧରି କଥାବାର୍ତ୍ତା ହୋଇଥିଲା।

ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାପାଇଁ ଅଭିଯାନ ଚଳାଇଥିବା ପାକିସ୍ତାନର ଆଜିର ଆମେରିକୀୟ କାର୍ଯ୍ୟାନୁଷ୍ଠାନକୁ ନିନ୍ଦା କରିଛି। ପାକିସ୍ତାନ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ ଇରାନ ଉପରେ ଆମେରିକା ଆକ୍ରମଣକୁ ନିନ୍ଦା କରି କହିଛନ୍ତି ଯେ ଏହା ମଧ୍ୟପ୍ରାଚ୍ୟରେ ଉଦବେଗଜନକ ପରିସ୍ଥିତି ସୃଷ୍ଟି କରିଛି।

ଆମେରିକା ଆକ୍ରମଣ ପରେ ଇରାନ ଓ ଇସ୍ରାଏଲ ମଧ୍ୟରେ ଯୁଦ୍ଧ ଆହୁରି ଭୟଙ୍କର ରୂପ ଧାରଣ କରିଛି। ଆମେରିକା ଆକ୍ରମଣର କିଛି ସମୟ ମଧ୍ୟରେ ଇସ୍ରାଏଲ ଉପରେ ପ୍ରଚଣ୍ଡ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲର ୪ଟି ସହରକୁ ଟା।।ର୍ଗେଟ କରି ଇରାନ ଏହାର ସବୁଠାରୁ ଶକ୍ତିଶାଳୀ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲ ମଧ୍ୟ ଏହା ଯୁଦ୍ଧବିମାନ ଜରିଆରେ ଇରାନର ଅନେକ ସାମରିକ ପ୍ରତିଷ୍ଠାନ ଉପରେ ଆକ୍ରମଣ କରିଥିବା କହିଛି।

### ବଢ଼ିବ ତୈଳ...

ହୋଇଯାଏ ତେବେ ତାହାର ପ୍ରଭାବ ବିଶ୍ୱ ଅର୍ଥ ବ୍ୟବସ୍ଥା ଉପରେ ପଡ଼ିବ। ମଧ୍ୟ ପ୍ରାଚ୍ୟକୁ ସାମଗ୍ରୀ ଯୋଗାଣ ପାଇଁ ଏହି ମାର୍ଗ ଗୁରୁତ୍ୱପୂର୍ଣ୍ଣ। ଏହାର ପ୍ରଭାବରେ ଭାରତରେ ମଧ୍ୟ ତୈଳ ଦର ବୃଦ୍ଧି ପାଇପାରେ। ଭାରତର ପ୍ରାୟ ୫୦ ପ୍ରତିଶତ ତୈଳ ଏବଂ ଗ୍ୟାସ ହର୍ମୁଜ ଦେଇ ଆସୁଛି।

### ଅସ୍ତ୍ରୋପଚାର ସଫଳ...

ମଧ୍ୟରେ ଅସ୍ତ୍ରୋପଚାର ଶେଷ ହୋଇଛି। ଡାକ୍ତର ରମାକାନ୍ତ ପଣ୍ଡା କହିଛନ୍ତି ଯେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦରୁ ନବୀନ ପଟ୍ଟନାୟକଙ୍କ ସଫଳତା ସହ ଅପରେସନ ହୋଇଛି। ବୟସ ବଢିଲେ ସର୍ଭିକାଲ୍ ଆର୍ଥ୍ରାଇଟିସ୍ ହୁଏ। ଏଥିପାଇଁ ସେ (ନବୀନ) ଟିକିଏ କଷ୍ଟ ଅନୁଭବ କରୁଥିଲେ। ଏବେ ଚିକିତ୍ସା ପରେ ଆଉ ତାଙ୍କୁ କଷ୍ଟ ହେବ ନାହିଁ। ଦୁଇ ଘଣ୍ଟା ଅପରେସନ ହୋଇଛି ଓ ଗୋଟେ ଛୋଟ ଷ୍ଟିଚ ପଡିଛି। ୫ ରୁ ୭ ଦିନ ପରେ ଷ୍ଟିଚ ଖୋଲାଯିବ ବୋଲି ସେ କହିଛନ୍ତି। ଅପରେସନ ସମୟରେ ଏହି ସମୟରେ ନବୀନଙ୍କ ଭାଇ ପ୍ରେମ୍ ପଟ୍ଟନାୟକ ଓ ଭାଉଜ, ନବୀନଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ମଧ୍ୟ ଉପସ୍ଥିତ ରହିଥିଲେ। ଶ୍ରୀ ମିଶ୍ର କହିଛନ୍ତି ଯେ ନବୀନ ବାବୁ ଅବଜରଭେସନରେ କେତେ ସମୟ ରହିବେ, ଡାକ୍ତରଙ୍କ ମତାମତ ଉପରେ ନିର୍ଭର କରେ। ସେ ଏବେ ଆଇସିୟୁରେ ଅଛନ୍ତି। ଅନେକ ପ୍ରତିଷ୍ଠିତ ଲୋକ ନବୀନ ପଟ୍ଟନାୟକଙ୍କୁ ଦେଖା କରିବାକୁ ଚାହୁଁଛନ୍ତି। ଅପରେସନ ପରେ ସଂକ୍ରମଣର ଭୟ ରହିଥାଏ। ତେଣୁ ଆଇସିୟୁରୁ କ୍ୟାବିନ୍‌କୁ ସ୍ଥାନାନ୍ତର ହେବା ପର୍ଯ୍ୟନ୍ତ ସମସ୍ତଙ୍କୁ ଅପେକ୍ଷା କରିବାକୁ ଆମେ ବିନମ୍ର ଭାବରେ ଅନୁରୋଧ କରିଛୁ ବୋଲି ଶ୍ରୀ ମିଶ୍ର କହିଛନ୍ତି।

ଦୀର୍ଘ ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ ନିରଳସ ଓ ନିସ୍ୱାର୍ଥପର ଭାବରେ ରାଜ୍ୟବାସୀଙ୍କ ପାଇଁ କାର୍ଯ୍ୟ କରିଛନ୍ତି। ବିରୋଧୀଦଳ ନେତା ଭାବରେ ମଧ୍ୟ ସମର୍ପିତ ଭାବରେ ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ କାର୍ଯ୍ୟ କରି ଚାଲିଛନ୍ତି। ନବୀନଙ୍କ ସ୍ୱାସ୍ଥ୍ୟ ଖବର ଶୁଣି ସାରା ରାଜ୍ୟବାସୀ ତାଙ୍କର ସୁସ୍ୱାସ୍ଥ୍ୟ କାମନା କରିଛନ୍ତି। ଉପବାସ, ପୂଜାର୍ଚ୍ଚନା ସହ ଦୀପଦାନ କରି ନବୀନଙ୍କ ଶୀଘ୍ର ଆରୋଗ୍ୟ ଲାଭ ପାଇଁ ପ୍ରାର୍ଥନା କରିଛନ୍ତି। ଆଜି ତାଙ୍କର ଅସ୍ତ୍ରୋପଚାର ସଫଳ ହେବା ସୂଚନା ମିଳିବା ପରେ ରାଜ୍ୟବାସୀ ଆଶ୍ୱସ୍ତ ହୋଇଛନ୍ତି।

### ୨ ଦଳିତଙ୍କୁ...

ସୂଚନା ଅନୁଯାୟୀ, ଝିଅକୁ ଯୌତୁକ ଦେବାକୁ ଦୁହେଁ ହରିପୁରରୁ ତିନୋଟି ଗାଈ ଧରି ସିଙ୍ଗିପୁର ଯାଉଥିଲେ। ଖାରିଗୁମ୍ମାଠାରେ ତାଙ୍କୁ କିଛି ଲୋକ ଅଟକାଇବା ସହ ଗୋ-ଚାଲାଣ କରୁଥିବା କହି ଟଙ୍କା ମାଗିଥିଲେ। କିନ୍ତୁ ଦୁହେଁ ଟଙ୍କା ଦେବାକୁ ରାଜି ନ ହେବାରୁ ସେମାନେ ତାଙ୍କୁ ମାଡ଼ ମାରିବା ସହ ସେଲୁନ୍‌ରେ ଅଧାଲଣ୍ଡା କରାଇଥିଲେ। ପରେ ସେମାନଙ୍କୁ ଖାରିଗୁମ୍ମାଠାରୁ ଜାହାଡ଼ା ପର୍ଯ୍ୟନ୍ତ ପାଖାପାଖି ଦୁଇ କିଲୋମିଟର ପାଦରେ ଚଲାଇ ଚଲାଇ ନେଇଥିଲେ। ପରେ ଜାହାଡା ଗାଁ ଦାଣ୍ଡରେ ଦୁହିଁଙ୍କୁ ଆଣ୍ଠେଇ ଆଣ୍ଠେଇ ଚଲାଇଥିଲେ। ନିର୍ଯାତନା ସେତିକିରେ ସରିନଥିଲା; ପରେ ଅଭିଯୁକ୍ତମାନେ ସେମାନଙ୍କୁ ଘାସ ଖାଇବାକୁ ଦେବା ସହ ନର୍ଦ୍ଦମା ପାଣି ପିଆଇଥିଲେ। ତେବେ, ସୁଯୋଗ ପାଇ ଦୁଇଜଣ ଯାକ ସେଠାରୁ ଖସି ଆସି ଧରାକୋଟ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୁକ୍ତଙ୍କ ମୁଣ୍ଡ ଆଉ ପିଠିରେ ଆଘାତ ଲାଗିଥିବା ବେଳେ ଧରାକୋଟ ପୁଲିସ୍ ତାଙ୍କୁ ମେଡିକାଲରେ ଭର୍ତ୍ତି କରି ଘଟଣାରେ ତଦନ୍ତ କରୁଛି। ଏହି ଘଟଣାରେ ୭ରୁ ୮ ଜଣଙ୍କ ସଂପୃକ୍ତି ଥିବା ଧରାକୋଟ ଥାନା ଅଧିକାରୀ ଚନ୍ଦ୍ରିକା ସ୍ୱାଇଁ ସୂଚନା ଦେଇଛନ୍ତି।

ଉଲ୍ଲେଖଯୋଗ୍ୟ, ଗଞ୍ଜାମ ଜିଲ୍ଲାରେ ଆଇନଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇପଡ଼ିଲାଣି। ପୁଲିସ୍‌କୁ ଅପରାଧୀଙ୍କ ଭୟ ରହୁନଥିବାରୁ ପ୍ରତିଦିନ ଏଭଳି ହୃଦୟବିଦାରକ ଘଟଣା ଘଟୁଛି। ଫଳରେ ସରକାର ଓ ପୁଲିସ ପ୍ରତି ଲୋକଙ୍କ ବିଶ୍ୱାସ ତୁଟିବାରେ ଲାଗିଛି ଓ ଜିଲ୍ଲାବାସୀ ନିଜକୁ ନିରାପଦ ମଣୁନାହାନ୍ତି।

## ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର ନିର୍ବାଚନ

# ପ୍ରଫେସର୍ ଧର୍ମବ୍ରତ ସଭାପତି ନିର୍ବାଚିତ




**ଭୁବନେଶ୍ୱର,୨୨।୬(ସମିସ):** ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର କର୍ମକର୍ତ୍ତା ନିର୍ବାଚନ ରେଭେନ୍ସା ବିଶ୍ୱବିଦ୍ୟାଳୟ ସେଭେନ୍ ପିଲାର୍ସ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ରେଭେନ୍ସା ବିଶ୍ୱବିଦ୍ୟାଳୟର ପ୍ରଫେସର୍ ଧର୍ମବ୍ରତ ମହାପାତ୍ର ସଭାପତି ଭାବେ ନିର୍ବାଚିତ ହୋଇଥିବା ବେଳେ ପ୍ରଫେସର୍ ମଧୁସ୍ମିତା ପତି, ବିଶ୍ୱଜିତ ପ୍ରସାଦ ଛାଟୋଇ, ଏକାମ୍ରର କରେଇଲା, ପ୍ରସନ୍ନ କୁମାର ପାତ୍ର ଓ ଈଶ୍ୱର ଚନ୍ଦ୍ର ନାୟକ ଉପ-ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ସେହିପରି ସମ୍ପାଦକ ଭାବେ ମନୋରଞ୍ଜନ ମିଶ୍ର, ଯୁଗ୍ମ ସମ୍ପାଦକ ଭାବେ ସଂଯୁକ୍ତା ପାଢ଼ୀ ଓ ପ୍ରିୟଙ୍କା ଚକ୍ରବର୍ତ୍ତୀ ଏବଂ କୋଷାଧ୍ୟକ୍ଷ ଭାବେ ପରେଶ କୁମାର ଲେଙ୍କା ନିର୍ବାଚିତ ହୋଇଛନ୍ତି।

ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ପ୍ରାୟ ଦୁଇଶହରୁ ଅଧିକ ଅଧ୍ୟାପକ/ଅଧ୍ୟାପିକା ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରିବା ସହ ଉଚ୍ଚଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଛନ୍ତି। ଏହାସହ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧିତ ଅଧିନିୟମ-୨୦୨୪ କାର୍ଯ୍ୟକାରୀ କରିବା, ବିଶ୍ୱବିଦ୍ୟାଳୟଗୁଡ଼ିକର ସ୍ୱାୟତ୍ତତା ଉପରେ ଆଲୋଚନା ହୋଇଥିଲା। ବିଶ୍ୱବିଦ୍ୟାଳୟରେ ଆରମ୍ଭ କରାଯାଇଥିବା ଶିକ୍ଷକ ପଦ ସଂଗଠୀକରଣ (ସ୍କୁଲ୍ ଗଠନ)କୁ ବିରୋଧ କରିବା ସହ ତୁରନ୍ତ ବନ୍ଦ କରିବାକୁ ସଦସ୍ୟମାନେ ଦାବି କରିଛନ୍ତି।

# କମୁଛି ବନ୍ୟା; ବଢୁଛି ଦୁର୍ଦ୍ଦଶା

## ତିନି ଦିନ ପରେ ମିଳିଲା ମୁଠେ ଶୁଖିଲା ଖାଦ୍ୟ

■ **ବାଲେଶ୍ୱର(ଉତ୍ତର)/ ଭୋଗରାଇ/ବାଲିଆପାଳ/ କାଳୀପଦା, ୨୨।୬ (ସମିସ):** ସୁବର୍ଣ୍ଣରେଖା ନଦୀରେ ବନ୍ୟାକୁ ତିନି ଦିନ ବିତିଛି। ବିପଦ ସଂକେତ ତଳେ ଏବେ ବନ୍ୟାଜଳ ପ୍ରବାହିତ ହେଉଥିଲେ ହେଁ ଭୋଗରାଇ ଓ ବାଲିଆପାଳରେ ବିପନ୍ନଙ୍କ ଦୁର୍ଦ୍ଦଶା ବଢ଼ିବାରେ ଲାଗିଛି।

ଭୋଗରାଇ ବ୍ଲକ୍‌ର ୮ଟି ପଞ୍ଚାୟତର ପ୍ରାୟ ୪୦ରୁ ଅଧିକ ଗାଁର ଲୋକେ ଏବେବି ପାଣିଘେରରେ ଅଛନ୍ତି। ତିନି ଦିନ ପରେ ଆଜି ବ୍ଲକ ପ୍ରଶାସନ ପକ୍ଷରୁ ଅଳ୍ପ କେତେକ ଗାଁରେ ଶୁଖିଲା ଖାଦ୍ୟ ଓ ପାଣି ବୋତଲ ବଣ୍ଟନ କରାଯାଇଛି। ମାତ୍ର ପର୍ଯ୍ୟାପ୍ତ ପରିମାଣରେ ପାନୀୟ ଜଳର ଆବଶ୍ୟକତା ଥିବା ବେଳେ ପ୍ରଶାସନ ଯୋଗାଇବାରେ ଫେଲ୍ ମାରିଥିବା ଅଭିଯୋଗ ହୋଇଛି। ଏବେ ବି ବ୍ଲକ୍‌ର ଖରିଦପିପଳ, ଆରୁହାବୃତ୍ତି-୧, ନାଚିନ୍ଦା, କୁସୁଡ଼ା, ଗବ ଗାଁ, ପୁଟିଣା, କୁମ୍ଭୀରଗଡ଼ି ଓ ଜୟରାମପୁର ପଞ୍ଚାୟତର



ଅନେକ ଗାଁ ବନ୍ୟା ବନ୍ୟାଜଳ ଘେରରେ ରହିଛି। ମାତ୍ର ପ୍ରଶାସନ ପକ୍ଷରୁ ସେମାନଙ୍କୁ ଏ ପର୍ଯ୍ୟନ୍ତ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇନାହିଁ। ପ୍ରଶାସନ ପକ୍ଷରୁ ଭୋଗରାଇ ବ୍ଲକ୍‌ର ମାତ୍ର ୮ଟି ଗ୍ରାମରେ ଚୁଡା ଗୁଡ଼, ପାଣି ବୋତଲ ବଣ୍ଟନ କରାଯାଇଛି। ଅପରପକ୍ଷେ, ବନ୍ୟା ପାଣି ସ୍ରୋତରେ ଗତକାଲି ଭାସି ଯାଇଥିବା କୁମ୍ଭୀରଗଡ଼ି ପଞ୍ଚାୟତର କୁହ୍ଲା ଗ୍ରାମର ନବକୃଷ୍ଣ ପିଲାଙ୍କ ପୁଅ ମହେଶ୍ୱର ପିଲାଙ୍କ ମୃତଦେହ ଆଜି ଉଦ୍ଧାର ହୋଇଛି। ସକାଳେ ସ୍ଥାନୀୟ ଲୋକେ ନଦୀରେ ଏକ ଶବ ଭାସୁଥିବା ଦେଖି ପ୍ରଶାସନକୁ ଖବର ଦେବା ପରେ ଓଡ୍ରାଫ ଟିମ ପହଁଚି ଶବକୁ ଉଦ୍ଧାର କରିଥିଲା। ଉକ୍ତ ଶବକୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

ଶନିବାର ଅପରାହ୍ଣରେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀ ବୋଟ୍ ଯୋଗେ ବନ୍ୟା ପ୍ରପୀଡ଼ିତ ଗାଁକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ସହ ଲୋକଙ୍କ ସହ ଆଲୋଚନା କରିଥିଲେ। ଏଥିସହିତ କୁମ୍ଭୀରଗଡ଼ି ପଞ୍ଚାୟତ କୁହ୍ଲା ଗ୍ରାମର ବନ୍ୟା ପାଣିରେ ବୁଡ଼ି ପ୍ରାଣ ହରାଇଥିବା ଯୁବକଙ୍କ ଘରକୁ ଯାଇ କିଛି ଆର୍ଥିକ ସାହାଯ୍ୟ କରିଥିଲେ। ତା ଛଡ଼ା ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ କିଛି ଆର୍ଥିକ ଆଣିଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ତୁରନ୍ତ ଭୋଗରାଇ ପ୍ରଶାସନକୁ ବନ୍ୟା ଅଞ୍ଚଳର ଲୋକମାନଙ୍କୁ ଶୁଖିଲା ଖାଦ୍ୟ ବାଣ୍ଟିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ। ସାଂସଦ ଶ୍ରୀ ଷଡ଼ଙ୍ଗୀଙ୍କ ସହିତ ବିଜେପି ନେତା ଆଶିଷ ପାତ୍ର, ମଣ୍ଡଳ ସଭାପତି ପରମାନନ୍ଦ ପରିଡ଼ା ତଥା ଦଳୀୟ କର୍ମୀମାନେ ଉପସ୍ଥିତ ଥିଲେ।

ସେହିପରି ବନ୍ୟାରେ ବାଲିଆପାଳ ବ୍ଲକର ୧୦ ପଞ୍ଚାୟତର ୫୦ରୁ ଅଧିକ ଗ୍ରାମ ବିଶେଷ ମାତ୍ରାରେ ପ୍ରଭାବିତ ହୋଇଛନ୍ତି। ଏବେବି ଏହି ସବୁ ଗ୍ରାମରେ ବନ୍ୟାପାଣି ପ୍ରବାହିତ ହେଉଥିବାରୁ ଲୋକଙ୍କ ଯାତାୟାତରେ ବାଧା ସୃଷ୍ଟି ହେଉଛି। କୁଦମାନସିଂ, ଆଠବାଟିଆ, ରାଉତୁରାପୁର, ତଳ ବାଲିଆପାଳ, ଶୁଙ୍ଘମୁହଁ, ପାଳଚମ୍ପେ, ବିଷ୍ଣୁପୁର, ଇକଡପାଳ, ଚୌଧୁରିକୁଦ, କୁହ୍ଲାଚଡ, ବଡତାଳପଦା, ନଖପାଳ ପ୍ରଭୃତି ଗ୍ରାମ ସଂପୂର୍ଣ୍ଣ ରୂପେ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଛି। ବନ୍ୟା ଯୋଗୁଁ ୨ଦିନ ହେଲା ଗ୍ରାମର ଅନେକ ଲୋକଙ୍କ ଘରେ ଚୁଲି ଜଳି ନଥିବା ବେଳେ ସେମାନେ ଭୋକ ଉପବାସରେ ଦିନ ବିତାଉଛନ୍ତି। ପିଇବା ପାଣି ପାଇଁ ଲୋକେ ସବୁଠାରୁ ଅଧିକ ସଙ୍କଟର ସମ୍ମୁଖୀନ ହେଉଛନ୍ତି। ନଳକୂପଗୁଡ଼ିକ ପାଣିରେ ବୁଡ଼ି ରହିଥିବାରୁ ଲୋକେ ଦୂଷିତ ପାଣି ପିଇବାକୁ ବାଧ୍ୟ ହେଉଛନ୍ତି। ପ୍ରଶାସନ ପକ୍ଷରୁ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଇ ଦେବାର ବ୍ୟବସ୍ଥା କରାଯାଇଥିଲେ ମଧ୍ୟ ଲୋକମାନେ ଟ୍ୟାଙ୍କର ପାଖକୁ ପାଣି ନେବା ପାଇଁ ଅଣ୍ଟେ ପେଟେ ପାଣିରେ ପଶି ରାସ୍ତା ଉପରକୁ ଆସିବାକୁ ପଡୁଛି। ଏହା ପର୍ଯ୍ୟାପ୍ତ ନୁହଁ ବୋଲି ବହୁ ବିପନ୍ନ ଅଭିଯୋଗ କରିଛନ୍ତି। ସେହିପରି ବନ୍ୟା ଯୋଗୁଁ ଗୃହପାଳିତ ପଶୁ ଘରୁ ପଦାକୁ ବାହାରି ନପାରି ଭୋକିଲା ଅଛନ୍ତି। ବନ୍ୟା ପାଣି ସମ୍ପୂର୍ଣ୍ଣ ଛାଡ଼ିବାକୁ ଆହୁରି ଦିନେ ଦୁଇଦିନ ଲାଗିବ। ତେବେ ପ୍ରଶାସନ ପକ୍ଷରୁ ଲୋକମାନଙ୍କ ପାଖରେ ରିଲିଫ ପହଂଚାଇ ନପାରିବା ପ୍ରଶାସନର ଅପାରଗତାକୁ ପଦାରେ ପକାଇଛି।

ବନ୍ୟା ପରେ ଗ୍ରାମବାସୀମାନେ ଝାଡାବାନ୍ତି ରେ ଆକ୍ରାନ୍ତ ହେବାର ସମ୍ଭାବନା ଅଧିକ ଥିବାରୁ ପ୍ରସାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ନଳକୂପ ଏବଂ ଗ୍ରାମ ଗୁଡିକ ବିଶୋଧନ ପାଇଁ ଦାବି ହୋଇଛି। ସେହିପରି ଶହଶହ ଏକର ଜମିରେ ହୋଇଥିବା ପରିବା ଚାଷ ପାଣିରେ ବୁଡି ରହି ସମ୍ପୂର୍ଣ୍ଣ ନଷ୍ଟ ହେବାକୁ ବସିଛି। ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ଜ୍ୟୋସ୍ନାରାଣି ନାୟକ ବିଭିନ୍ନ ବନ୍ୟାଅଂଚଳ ବୁଲି ସ୍ଥିତି ଉପରେ ନଜର ରଖିଛନ୍ତି। ପ୍ରଶାସନ ପକ୍ଷରୁ ୬ଟି ପଞ୍ଚାୟତର ୧୮ ହଜାର ଲୋକଙ୍କ ପାଇଁ ୯୫ କୁଇଣ୍ଟାଲ ଚୁଡା ୧୦ କୁଇଣ୍ଟାଲ ଗୁଡ ଏବଂ ପାଣି ବୋତଲ ଯୋଗାଇ ଦିଆଯାଇଥିବା ବାଲିଆପାଳ ବ୍ଲକ ବନ୍ୟା ଦାୟିତ୍ୱରେ ଥିବା ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ କହିଛନ୍ତି। ସେହିପରି ବିଭିନ୍ନ ସ୍ଥାନରେ ୬ଟି ପାଓ୍ୱାର ବୋଟ ନିୟୋଜିତ ହୋଇଛି। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ୬ଟି ଟିମ କରାଯାଇ ବିଭିନ୍ନ ଅଂଚଳରେ ସ୍ୱାସ୍ଥ୍ୟସେବା ତଦାରଖ କରାଯାଉଥିବା ଉପଜିଲ୍ଲାପାଳ ଡ. ସାମନ୍ତରାୟ କହିଛନ୍ତି। ପ୍ରଶାସନ ପକ୍ଷରୁ ତୁରନ୍ତ କ୍ଷତିଗ୍ରସ୍ତ ଗ୍ରାମ ଗୁଡିକର ସ୍ଥିତି ଅନୁଧ୍ୟାନ କରି ଲୋକଙ୍କୁ ସହାୟତା ଯୋଗାଇ ଦେବାକୁ ଦାବି ହେଉଛି।

**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
GADHWAL GROUP
Mob.: 9437015112

**AFFIDAVIT**

By virtue of an Affidavit No. 596 Dt: 12.06.2025 sworn before the Executive Magistrate, Lephripara, I Manash Ranjan Sahoo, S/o- Nityananda Sahoo R/o At/P.O./P.S.- Lephripara, Dist- Sundargarh - 770012 declare that my minor daughter SRUSTI KUMARI SAHOO changed her name to SONAKSHI SAHOO. Henceforth, she will be known as **SONAKSHI SAHOO** for all purposes.

**NOTICE**
(above 18 years of age)

By virtue of an affidavit sworn before Notary Public, Udala, Mayurbhanj, dated 21st June, 2025 I, Narayan Tudu, Address At- Badaolia, PO- Bholagadia, PS- Khunta, Dist- Mayurbhanj, PIN- 757104 declare that I have changed my name from Narayan Majhi to Narayan Tudu. Henceforth, I shall be known as Narayan Tudu for all purposes.

Narayan Tudu

**NOTICE**

ମୁଁ ଶ୍ରୀ ଜକତା ଟୁଡୁ ବୟସ ବ୪୮ ବର୍ଷ, ପିତା- ସ୍ୱର୍ଗତ ସବନ ଟୁଡୁ, ସା- ଉଦଳା ୱାର୍ଡ ନଂ.-୧୨, ଜ୍ୟୋତି ନଗର, ପୋ.ଅ./ଥା- ଉଦଳା, ଜି- ମୟୂରଭଞ୍ଜ। ଏତଦ୍ୱାରା ଘୋଷଣା କରୁଅଛୁ କି, ମୋର ଝିଅ କୁମାରୀ ଟି. କୌଶଲ୍ୟା କୁମାରୀଙ୍କ ପ୍ରକୃତ ଜନ୍ମ ତାରିଖ ୦୨.୦୮.୨୦୦୮ ଅଟେ। ଯାହାକି ତା'ର ବୋର୍ଡ ସାର୍ଟିଫିକେଟ୍ (BSE) ରେଜିଷ୍ଟ୍ରେସନ ନଂ. B123/17249/ 0031 ଲେଖାଅଛି। ମାତ୍ର ତା'ର ଆଧାର ନ.- 680347351865 ରେ ଭୁଲ କ୍ରମେ ତା. ୦୮.୦୨.୨୦୦୮ ଲେଖା ଅଛି। ଏଥିପାଇଁ ଆମେ ଶ୍ରୀଯୁକ୍ତ ଏକଜିକ୍ୟୁଟିଭ ମାଜିଷ୍ଟ୍ରେଟ୍ କପ୍ତିପଦା, ଉଦଳାଙ୍କ ଠାରେ ନଂ. 3833/ 21.6.25ମୁର ମୂଳେ ସତ୍ୟପାଠ କରିଅଛୁ।

ଜକତା ଟୁଡୁ

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

CONTACT : 6371093914

# ନବୀନଙ୍କ ଆଶୁ ଆରୋଗ୍ୟ କାମନା
# ବିଜେଡି ପକ୍ଷରୁ ସମୂହ ଦୀପଦାନ, ହନୁମାନ ଚାଳିଶା ପାଠ


ଜଗତସିଂହପୁର


ଜଗତସିଂହପୁର/ଏରସମା


ପାରାଦୀପ


ପାରାଦୀପ


ରଘୁନାଥପୁର


ବାଲିକୁଦା


ତିର୍ତ୍ତୋଲ

ଜଗତସିଂହପୁର,୨୨।୬(ସମିସ): ଜଗତସିଂହପୁର ଜିଲ୍ଲାର ବିରିଡି ବ୍ଲକ୍ ଅନ୍ତର୍ଗତ ବାରେଡ଼ିଆ ସିଦ୍ଧେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଓଡ଼ିଶାର ଲୋକପ୍ରିୟ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ବିଜେଡି ପକ୍ଷରୁ ସମୂହ ଦୀପଦାନ ଓ ପ୍ରାର୍ଥନା କରାଯାଇଛି। ତିର୍ତ୍ତୋଲ ବିଧାୟକ ରମାକାନ୍ତ ଭୋଇଙ୍କ ନେତୃତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପୂର୍ବତନ ସାଂସଦ ଡା. ରାଜଶ୍ରୀ ମଲ୍ଲିକ, ପୂର୍ବତନ ଜିଲ୍ଲା ବିଜେଡି ସଭାପତି ରବିନାରାୟଣ ଜେନା, ରଘୁନାଥପୁର ପଞ୍ଚାୟତ ସମିତି ଉପାଧ୍ୟକ୍ଷ ଦେବାଶିଷ ତ୍ରିପାଠୀ, ଜିଲ୍ଲା ପରିଷଦ ସଭ୍ୟା ଦୀପ୍ତିମୟୀ ରାୟ, ପବିତ୍ର ପଶାୟତ, ଗୟାଧର ମହାନ୍ତି, ରବୀନ୍ଦ୍ର ନାଥ ସାହୁ, ବିଜେଡି ସମର୍ଥିତ ସରପଞ୍ଚ, ସମିତିସଭ୍ୟ ଓ ସହସ୍ରାଧିକ ନବୀନପ୍ରେମୀ ଯୋଗଦେଇ ଦୀପଦାନ ସହିତ ନବୀନଙ୍କ ଦୀର୍ଘ ନିରାମୟ ଜୀବନ କାମନା କରି ସମୂହ ପ୍ରାର୍ଥନାରେ ଭାଗ ନେଇଥିଲେ।

ଜଗତସିଂହପୁର/ଏରସମା: ଓଡ଼ିଶାର ଜନପ୍ରିୟ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଜଗତସିଂହପୁର ଜିଲ୍ଲାର ଏରସମା ବ୍ଲକ୍ ଅନ୍ତର୍ଗତ କାଶୀ ବିଶ୍ୱନାଥ ମନ୍ଦିରରେ ବାଲିକୁଦା-ଏରସମା ବିଧାୟକ ସାରଦା ପ୍ରସନ୍ନ ଜେନାଙ୍କ ନେତୃତ୍ୱରେ ନିର୍ବାଚନମଣ୍ଡଳୀର ସମସ୍ତ ନବୀନପ୍ରେମୀ ଏକତ୍ରିତ ହୋଇ ଦୀପଦାନ ସହିତ ସମୂହ ପ୍ରାର୍ଥନା କରିଛନ୍ତି। ଶ୍ରୀ ପଟ୍ଟନାୟକ ଶୀଘ୍ର ଆରୋଗ୍ୟ ଲାଭ କରି ଓଡ଼ିଶାବାସୀଙ୍କ ସେବା କରିବାକୁ ଯେଉଁ ସଂକଳ୍ପ ରଖିଛନ୍ତି, ତାହା ପୁନର୍ବାର କରିବା ପାଇଁ ସକ୍ଷମ ହୁଅନ୍ତୁ ଓ ଓଡ଼ିଶା ଫେରିଆସି ସେବା କାର୍ଯ୍ୟରେ ନିଜକୁ ନିୟୋଜିତ କରନ୍ତୁ ବୋଲି ବିଧାୟକ ଶ୍ରୀ ଜେନା ବିଶ୍ୱନାଥଙ୍କ ପାଖରେ କାମନା କରିଛନ୍ତି। ସମବାୟବିତ୍ ସମୀର ରଞ୍ଜନ ସ୍ୱାଇଁ, ଏରସମା ବ୍ଲକ ଯୁବ ବିଜୁ ଜନତା ଦଳର ଉପସଭାପତି ଲୋକନାଥ ରାଉତ, ଏରସମା ସରପଞ୍ଚ ସଚ୍ଚିଦାନନ୍ଦ ଦାସ, ବାଲିକୁଦା ବ୍ଲକ୍‌ର ଯୁବ ସଭାପତି ଶୁଭେନ୍ଦୁ ଦାସ, ବିଜୟ ସ୍ୱାଇଁ, ରଶ୍ମିରଞ୍ଜନ ଖୁଣ୍ଟିଆ, ସତ୍ୟଜିତ ପରିଡ଼ା, ରାଜେଶ ମାସ୍ତାନ, ଅଭେୟ ମାଝି, ଧନେଞ୍ଜୟ ସାହୁ, ସୋନକ ସାସମଲଙ୍କ ସମେତ ବାଲିକୁଦା- ଏରସମା ନିର୍ବାଚନମଣ୍ଡଳୀର ସମସ୍ତ ନବୀନପ୍ରେମୀ ଏହି ସମୂହ ଦୀପଦାନ ଓ ପ୍ରାର୍ଥନା କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।

ପାରାଦୀପ: ସାଢେ ଚାରି କୋଟି ଓଡ଼ିଆଙ୍କ ଜନମାନସର ନାୟକ, ସଭିଙ୍କ ପ୍ରିୟ ନେତା, ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ ଓ ଦୀର୍ଘାୟୁ କାମନା କରି ପାରାଦୀପ ବିଜୁ ଜନତା ଦଳ ପକ୍ଷରୁ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳଙ୍କ ନେତୃତ୍ୱରେ ଆଜି ସନ୍ଧ୍ୟାରେ ସ୍ଥାନୀୟ ହନୁମାନ ମନ୍ଦିରରେ ୧୦୮ ଦୀପଦାନ ସହିତ ହନୁମାନ ଚାଳିଶା ପାଠ ଓ ପୂଜାର୍ଚ୍ଚନା କରାଯାଇଛି। ଏହି ସମୂହ ଦୀପଦାନ କାର୍ଯ୍ୟକ୍ରମରେ ବିଜେଡି ଯୁବ ନେତା ଆଲୋକ ମହାପାତ୍ରଙ୍କ ସମେତ ପାରାଦୀପ ବିଜେଡିର ବରିଷ୍ଠ କର୍ମୀ ଶଙ୍କର ରାଉତ, ଉଲ୍ଲାସ ବିଶ୍ୱାଳ, କାଉନସିଲର ଅଜିତ ଷଡ଼ଙ୍ଗୀ, ସୁଶାନ୍ତ ଦାସ, ସ୍ୱପ୍ନାରାଣୀ ଜେନା, କବିତା ସାହୁ, ସରୋଜିନୀ ସାହୁ, ନବକିଶୋର ବେହେରା, ରୁନୁ ପରିଡ଼ା, ବନିତା ରାଉତ, ସୌଦାମିନୀ ସାହୁ, ଚପଳା ସ୍ୱାଇଁ, ନଳିନୀପ୍ରଭା ସାହୁ, ଭାରତୀ ସାମନ୍ତରାୟ, ରେଖା ପରିଜା, ସତ୍ୟବାଦୀ ସ୍ୱାଇଁ, ଦିବ୍ୟଜ୍ୟୋତି ଲେଙ୍କା, ଆସନ୍ତ ପରିଡ଼ା, ବିଭୂତି ମହାରଣା, ରଞ୍ଜନ ସାହୁ, ସମୀର ସାହୁ, ଅନନ୍ତ ଜେନା, ତପନ ନାୟକ, ଚକ୍ରଧର ପରିଡ଼ା, ମନୋରଞ୍ଜନ ବାରିକ, କମଳ ଦାସ, ଅଟଳ ପରିଡ଼ା, ପୁପୁନି ପରିଡ଼ା, ବାବୁ ମଲିକ, ମନୋଜ ମଣ୍ଡଳ, ସୁବ୍ରତ ବଳ ପ୍ରମୁଖଙ୍କ ସମେତ ଶତାଧିକ ବିଜେଡି କର୍ମକର୍ତ୍ତା ଓ କର୍ମୀ ଉପସ୍ଥିତ ହୋଇ ଦଳର ସର୍ବୋଚ୍ଚ ନେତା ନବୀନ ପଟ୍ଟନାୟକଙ୍କ ଆରୋଗ୍ୟ କାମନା କରିଥିଲେ।

ପାରାଦୀପ: ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ପାରାଦୀପ ବିଜୁ ଜନତା ଦଳ ପକ୍ଷରୁ ବରିଷ୍ଠ ନେତା କୁମରବର ନାୟକଙ୍କ ନେତୃତ୍ୱରେ ଆଜି ସନ୍ଧ୍ୟାରେ ସ୍ଥାନୀୟ ନୂଆବଜାର ମୁକ୍ତେଶ୍ୱର ମନ୍ଦିରରେ ୧୦୮ ଦୀପଦାନ ଓ ପୂଜାର୍ଚ୍ଚନା କରାଯାଇଛି। ଏହି କାର୍ଯ୍ୟକ୍ରମରେ ପାରାଦୀପ ପୌର ପରିଷଦ ଉପାଧ୍ୟକ୍ଷା ଶ୍ରୀମତୀ ଛବିଲତା ରାଉତଙ୍କ ସମେତ ପାରିଷଦ ମନୋଜ ନାୟକ, ଅନୁପ ସାହାଣୀ, ନଗେନ୍ଦ୍ର ରାଉତ, ମାନସ ବିଶ୍ୱାଳ, ସୁଶୀଲ ମହାପାତ୍ର, କୈଳାସ ସାହୁ, ରମାକାନ୍ତ ସ୍ୱାଇଁ, ପ୍ରକାଶ ଲେଙ୍କା, ପ୍ରଦୀପ ସାମଲ, ଦୀପକ ସ୍ୱାଇଁ, ରଶ୍ମିରଞ୍ଜନ ପରିଡା, ଚିତ୍ତରଞ୍ଜନ ମଲ୍ଲିକ, ଦୀପକ ବେହେରା, ଝଡ଼େଶ୍ୱର ମାନ୍ନା, ଲପନ ପରିଡ଼ା, ଲିତା ବିଶ୍ୱାଳ, କୌଶଲ୍ୟା ବାରିକ, ସନ୍ଧ୍ୟାରାଣୀ ପ୍ରଧାନ, ଅନୁପମା ସ୍ୱାଇଁ ପ୍ରମୁଖଙ୍କ ସମେତ ପାରାଦୀପ ବିଜୁ ଜନତା ଦଳର ସମସ୍ତ ନେତୃମଣ୍ଡଳୀ ଉପସ୍ଥିତ ଥିଲେ।

ରଘୁନାଥପୁର: ରୁଦ୍ରେଶ୍ୱର ମହାଦେବ ମନ୍ଦିରରେ ବିଜେଡି ପକ୍ଷରୁ ଓଡ଼ିଶାର ଜନପ୍ରିୟ ନେତା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ ଓ ଦୀର୍ଘାୟୁ କାମନା କରି ଜଗତସିଂହପୁର ଜିଲ୍ଲା ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ରଘୁନାଥପୁର ବ୍ଲକ ବିଜେଡି ପକ୍ଷରୁ ଉପାଧ୍ୟକ୍ଷା ଦେବାଶିଷ ତ୍ରିପାଠୀଙ୍କ ନେତୃତ୍ୱରେ ସମୂହ ଦୀପଦାନ କରାଯାଇଛି। ଏହି କର୍ଯ୍ୟକ୍ରମରେ ହଜାର ହଜାର ମହିଳା ଓ ପୁରୁଷ ଦୀପଦାନ କରିଥିଲେ। ଏଥିରେ ତିର୍ତ୍ତୋଲ ବିଧାୟକ ଡଃ ରମାକାନ୍ତ ଭୋଇ, ବ୍ଲକ ଅଧ୍ୟକ୍ଷା ଶ୍ରୀମତୀ ବେହେରା ଜିଲ୍ଲା ପରିଷଦ ସଭ୍ୟା ରିନାରାଣୀ ମଲ୍ଲିକ, ଇତିଶ୍ରୀ ମଲ୍ଲିକ, ଅନ୍ତର୍ଯାମୀ ରାଉତ, ନାରୀନେତ୍ରୀ ଶାନ୍ତିଲତା ଦ୍ୱିବେଦୀ ଓ ବିଭିନ୍ନ ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟସଭ୍ୟା, ଦଳୀୟ କର୍ମୀ ଓ ନେତା ଉପସ୍ଥିତ ଥିଲେ।

ବାଲିକୁଦା: ବାଲିକୁଦା ବ୍ଲକ ବରମୁଣ୍ଡଳୀ ପଞ୍ଚାୟତ ବିଜେଡି ପକ୍ଷରୁ ଜିଲ୍ଲା ପରିଷଦ ସଭ୍ୟା ତଟିନା ସ୍ୱାଇଁଙ୍କ ନେତୃତ୍ୱରେ ବରଦିଆସ୍ଥ ଗ୍ରାମେଶ୍ୱର ମହାଦେବ ମନ୍ଦିର ପ୍ରାଙ୍ଗଣରେ ୧୦୮ ଦୀପଦାନ କରାଯାଇ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରାଯାଇଛି। ଏହି କାର୍ଯ୍ୟକ୍ରମରେ ବିଜେଡି ନେତା ମୁନା ସ୍ୱାଇଁ, ପୂର୍ବତନ ସମିତି ସଭ୍ୟ ରାଜୁ ମିଶ୍ର, ସମିତି ସଭ୍ୟ ପ୍ରତିନିଧି ଅନାଦୀ ବେହେରା, ବନ୍ଧୁ ଚରଣ ନାୟକ, ସୁବାସ ନାୟକ, ନିର୍ମଳ ମହାନ୍ତି, ସଞ୍ଜୟ ନାୟକ, ସଞ୍ଜୟ ସ୍ୱାଇଁ, ଆସିକ ମହାନ୍ତି, ସରୋଜ ନାୟକ, ଧୀରେନ ମହାନ୍ତି, ଉଲ୍ଲାସ ଜେନା, ବିଜେଡି ସମର୍ଥିତ ୱାର୍ଡ ସଭ୍ୟସଭ୍ୟା ରଥ ଗାଇଆ, ନିତ୍ୟାନନ୍ଦ ସ୍ୱାଇଁ, କ୍ଷୀରୋଦ ରାଉତ, ଶିଶିର ପରିଡ଼ାଙ୍କ ସମେତ ବହୁ ଛାମୁଆ କର୍ମୀ ଓ ଯୁବ ଛାତ୍ର ବିଜେଡି କର୍ମୀ ଯୋଗ ଦେଇଥିଲେ।

ତିର୍ତ୍ତୋଲ: ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବିଜେଡି ପକ୍ଷରୁ ଆଜି ସନ୍ଧ୍ୟାରେ ତେନ୍ତୁଳିପଦା ଆଦିକବି ସାରଳା ଦାସ ସମାଧି ପୀଠରେ ଦୀପଦାନ କରାଯାଇଛି। ତେନ୍ତୁଳିପଦା ପଞ୍ଚାୟତ ବିଜେଡି ପକ୍ଷରୁ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଅନୀଲ ମହାନ୍ତି, ସୁବ୍ରତ ଦାଶ, ଆଶିଷ ମହାପାତ୍ର, ଶ୍ରୀନିବାସ ଦାଶ, ଭବେଶ ଚୌଧୁରୀ, ଚିତ୍ତରଞ୍ଜନ ପରିଜା, ପ୍ରଭାତ ପରିଜା, ଅକ୍ଷୟ ମହାନ୍ତି, ସୁରନାରାୟଣ ପଟ୍ଟନାୟକ, ପ୍ରଦୀପ୍ତ ପରିଜା, ଟୁନଲତା ପରିଜା, ରଞ୍ଜନ ସେଠୀ, କାଞ୍ଚନବଳା ପଟ୍ଟନାୟକ ପ୍ରମୁଖ ଯୋଗ ଦେଇଥିଲେ।

## ଡାଇରିଆ ପାଇଁ ସ୍ୱାସ୍ଥ୍ୟ ପରୀକ୍ଷା ଓ ସଚେତନତା



ପାରାଦ୍ୱୀପ,୨୨।୬(ସମିସ): ରାଜ୍ୟରେ ଡାଇରିଆ ରୋଗ ବ୍ୟାପୁଥିବାରୁ ସରକାରଙ୍କ ପକ୍ଷରୁ ବ୍ୟାପକ ସଚେତନତା ଅଭିଯାନ ଆରମ୍ଭ କରାଯାଇଛି। ପାରାଦୀପ ପୋର୍ଟ ହେଲଥ ଅର୍ଗାନାଇଜେସନ ଓ କଳିଙ୍ଗ ମହିଳା ଶକ୍ତି ମିଳିତ ସହଯୋଗରେ ୧୫ ନମ୍ବର ୱାର୍ଡସ୍ଥ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଡାଇରିଆ ନିୟନ୍ତ୍ରଣ ପାଇଁ ସଚେତନତା କରାଯାଇ ସ୍ଥାନୀୟ ବସ୍ତିବାସିନ୍ଦାଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଛି। ପାଣି ଫୁଟାଇ ପିଇବା, ଘର ପରିଷ୍କାର ରଖିବା, ବାହାର ଖାଦ୍ୟ ନ ଖାଇବା ପାଇଁ ପରାମର୍ଶ ଦିଆଯାଇଛି। କାର୍ଯ୍ୟକ୍ରମକୁ କାଉନସିଲର ଶ୍ରୀମତୀ ସୌଦାମିନୀ ସାହୁ ଉଦଘାଟନ କରିଥିଲେ। କଳିଙ୍ଗ ମହିଳା ଶକ୍ତି ସଭାପତି ମନୋରମା ଖଟୁଆ, କମଳା ଓଝା, ଗୋଲେଖ ଚନ୍ଦ୍ର ସାହୁ ,ବିଜୟଲକ୍ଷ୍ମୀ ଦାସ, କଲ୍ୟାଣୀ ସ୍ୱାଇଁ, ଗଦାଧର ମହାନ୍ତି, ଉର୍ମିଳା ସାହୁ, ପ୍ରମିଳା ଗୋଛାୟତ, ସରୋଜିନୀ ସାହୁ, ଜ୍ୟୋସ୍ନା ମହାରଣା, ଲକ୍ଷ୍ମୀପ୍ରିୟା ପାଲ ପ୍ରମୁଖ ଯୋଗ ଯୋଗ ଦେଇଥିଲେ।

## ନିଖୋଜ ମହିଳାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ନାଉଗାଁ,୨୨।୬(ସମିସ): ନାଉଗାଁ ଥାନା ଅନ୍ତର୍ଗତ ଅରଖକୁଦରୁ ଦେବୀଦୋଳ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାର ଚକୁଳି ନିକଟରେ ଥିବା ଏକ ଗଛରୁ ମହିଳାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର କରାଯାଇଛି। ଛତିଆନା ଗ୍ରାମର ସ୍ୱର୍ଗତ ଜଟାଧାରୀ ସାହୁଙ୍କ ଝିଅ ବବିତା ସାହୁ ୫ ବର୍ଷ ପୂର୍ବେ ନିମାପଡାର ଶିବ ସାହୁଙ୍କ ପୁଅ ନବ ସାହୁଙ୍କୁ ବିବାହ କରିଥିଲେ। ତାଙ୍କୁ ନିର୍ଯାତନା ଦିଆଯାଉଥିବା ବାପଘରକୁ ଜଣାଇଥିଲେ। ତେବେ ଗତକାଲିଠାରୁ ବବିତା କେଉଁଆଡେ ପଳାଇ ଯାଇଥିବା ନେଇ ଶାଶୂଘର ଲୋକେ ବାପଘରକୁ ଖବର ଦେଇଥିଲେ।



ବବିତାଙ୍କ ଦାଦା ଓ ଭାଇ ସେଠାରେ ପହଞ୍ଚି ବବିତାଙ୍କୁ ନିର୍ଯାତନା ଦିଆଯାଉଥିବା ଓ ନିଖୋଜ ସମ୍ପର୍କରେ ନିମାପଡ଼ା ଥାନାରେ ଅଭିଯୋଗ କରିଥିଲେ। ଆଜି ଝିଅ ବବିତାଙ୍କ ମୃତଦେହ ଗଛରେ ଝୁଲୁଥିବା ଦେଖିବାକୁ ମିଳିଥିଲା। ବବିତାଙ୍କୁ ଶାଶୁଘର ଲୋକେ ହତ୍ୟାକରି ଟାଙ୍ଗୀ ଦେଇଥିବା ନେଇ ବାପଘର ଲୋକ ଅଭିଯୋଗ ଆଣିଛନ୍ତି। ଏହା ହତ୍ୟା କି ଆତ୍ମହତ୍ୟା ପୁଲିସର ତଦନ୍ତ ପରେ ସ୍ପଷ୍ଟ ହେବ।

## ବଡ଼ପଡିଆ ଅଞ୍ଚଳରେ ଖାଦ୍ୟ ସୁରକ୍ଷା ବିଭାଗର ଚଢ଼ଉ

ପାରାଦୀପ,୨୨।୬(ସମିସ): ଜିଲ୍ଲା ପ୍ରଶାସନ ପକ୍ଷରୁ ବିଭିନ୍ନ ହୋଟେଲ ଓ ଜଳଖିଆ ଦୋକାନରେ ଚଢ଼ଉ ଆରମ୍ଭ କରାଯାଇଛି। ଜଗତସିଂହପୁର ଜିଲ୍ଲା ଖାଦ୍ୟ ସୁରକ୍ଷା ବିଭାଗର ଏକ ଟିମ୍ ହୋଟେଲ ଓ ଜଳଖିଆ ଦୋକାନରେ ଚଢ଼ଉ କରି ଖାଦ୍ୟର ମାନ



ଯାଞ୍ଚ କରିଛନ୍ତି। ହୋଟେଲରେ ବ୍ୟବହୃତ ପାନୀୟଜଳ, ବାସୀ ଖାଦ୍ୟ ଉପରେ ବିଶେଷ ଦୃଷ୍ଟି ଦିଆଯାଇଛି। ସ୍ୱଚ୍ଛ ପାନୀୟଜଳ ବ୍ୟବହାର କରିବା, ଦୋକାନ ପରିଷ୍କାର ରଖିବା ସହିତ ଖାଦ୍ୟ ଓ ମସଲା ରଖାଯାଉଥିବା ଫ୍ରିଜ୍ ସଫା ରଖିବାକୁ ପରାମର୍ଶ ଦିଆଯାଇଛି। ଏପରିକି ହୋଟେଲର କାଗଜପତ୍ର ଯାଞ୍ଚ କରିବା ସହ ଡ୍ରେନ ନିକଟରେ ଥିବା ହୋଟେଲ ଓ ଜଳଖିଆ ଦୋକାନ ବନ୍ଦ କରିବା ସହ ଅନେକଙ୍କୁ ଜରିମାନା କରାଯାଇଛି। ଏଭଳି ଚଢ଼ଉ ଜିଲ୍ଲାର ବିଭିନ୍ନ ସ୍ଥାନରେ ଜାରି ରହିବ ବୋଲି ଜଗତସିଂହପୁର ଖାଦ୍ୟ ସୁରକ୍ଷା ଅଧିକାରୀ ସସ୍ମିତା ଦାସ କହିଛନ୍ତି।

## ଓଡ଼ିଆ ନାଟକ ଜଗତକୁ ସୁଧାକର ଦ୍ୱିବେଦୀଙ୍କ ଅବଦାନ ଚିରସ୍ମରଣୀୟ

ଜଗତସିଂହପୁର,୨୨।୬(ସମିସ): ନାଟ୍ୟକାର ସୁଧାକର ଦ୍ୱିବେଦୀ ସ୍ମୃତି ପରିଷଦ ପକ୍ଷରୁ ସୁନାମଧନ୍ୟ ନାଟ୍ୟକାର ସୁଧାକରଙ୍କ ୪୩ତମ ଶ୍ରାଦ୍ଧବାର୍ଷିକୀ ତାଙ୍କ ଜନ୍ମସ୍ଥାନ ଗହ୍ଲାପୁର ଗ୍ରାମରେ ପାଳିତ ହୋଇଛି। ଅତିଥିମାନେ ନାଟ୍ୟକାରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ପରିଷଦର ସଭାପତି ସାହିତ୍ୟିକ ଅଲେଖ ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଅଧ୍ୟାପକ ହିମାଂଶୁ ଆଚାର୍ଯ୍ୟ ଯୋଗଦେଇ ପ୍ରଖ୍ୟାତ ନାଟ୍ୟକାର, ନିର୍ଦ୍ଦେଶକ ସୁଧାକର ଦ୍ୱିବେଦୀଙ୍କ ନାଟକ ଗୃହଲକ୍ଷ୍ମୀ, ଶପଥ ନୁହେଁ କଳଙ୍କ, ଅକାଳ ଝଡ଼, ରଘୁ ଅରକ୍ଷିତ, ଶଙ୍ଖା ଶାଢ଼ି ସିନ୍ଦୁର, ଗରିବ ଝିଅ, ବିପ୍ଳବୀର ଅପମୃତ୍ୟୁ ଓ ଚମ୍ବଲ ଡାକୁ ସମ୍ପର୍କରେ ଆଲୋକପାତ କରି ଏହି ନାଟକରେ ଥିବା ସାମାଜିକ ଚେତନା ଉପରେ ବିସ୍ତୃତ ଭାବେ ଆଲୋଚନା କରିଥିଲେ। ସମ୍ମାନିତ ଅତିଥି ଭାବେ ରାଜ୍ୟ ପୁରସ୍କାରପ୍ରାପ୍ତ ପ୍ରାକ୍ତନ ପ୍ରଧାନଶିକ୍ଷକ ସୁରେଶ ରାଉତ, ସାମାଜିକ କର୍ମୀ ଗୋବିନ୍ଦ ଓଝା, ରବି ମହାନ୍ତି, ପୂର୍ବତନ ସରପଞ୍ଚ ବିଜନ ମହାପାତ୍ର, ବୈଷ୍ଣବ ରାଉତ, ରବୀନ୍ଦ୍ର ବିଶ୍ୱାଳ, ଶିକ୍ଷକ ରାଜକିଶୋର ସାହୁ, ରମାକାନ୍ତ ମିଶ୍ର, ରବୀନ୍ଦ୍ର ଦ୍ୱିବେଦୀ, ପ୍ରଦ୍ୟୁମ୍ନ ବିଶ୍ୱାଳ ଓ ପ୍ରଭାତ ଦ୍ୱିବେଦୀ ପ୍ରମୁଖ ସ୍ୱର୍ଗତ ନାଟ୍ୟକାରଙ୍କ ବହୁମୁଖୀ ପ୍ରତିଭା ସମ୍ପର୍କରେ ଆଲୋଚନା କରିଥିଲେ। ପରିଷଦର ସାଧାରଣ ସମ୍ପାଦକ ସରୋଜ ଦ୍ୱିବେଦୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମ ପରିଚାଳନାରେ ଦିବାକର ଦ୍ୱିବେଦୀ, ମନୋଜ ଦ୍ୱିବେଦୀ, ଭବାନୀ ଦ୍ୱିବେଦୀ ସହଯୋଗ କରିଥିଲେ।



## ଚିକେନ୍ ଦୋକାନରୁ ଶିଶୁ ଶ୍ରମିକ ଉଦ୍ଧାର



ବାଲିକୁଦା,୨୨।୬(ସମିସ): ବାଲିକୁଦା ମୁଖ୍ୟ ବଜାରରେ ଥିବା ଏକ ଚିକେନ୍ ଦୋକାନରେ କାମ କରୁଥିବା ଶିଶୁ ଶ୍ରମିକକୁ ଆଜି ଜଗତସିଂହପୁର ରୁଚିକା ସମାଜ ମଙ୍ଗଳ ସଂଗଠନ ପକ୍ଷରୁ ବାଲିକୁଦା ପୁଲିସ ସାହାଯ୍ୟରେ ଉଦ୍ଧାର କରାଯାଇଛି। ଉକ୍ତ ନାବାଳକ ଅଂଜିରା ଗ୍ରାମର। ସେ କିଛିଦିନ ଧରି ସେହି ଚିକେନ୍ ଦୋକାନରେ କାମ କରୁଥିଲେ। ଆଜି ରୁଚିକା ସମାଜ ମଙ୍ଗଳ ସଂଗଠନ ଜିଲ୍ଲା ସଂଯୋଜିକା ସୁଶ୍ରୀ ସଂଗୀତା ମଲ୍ଲିକ, ପ୍ରତୀମା ସେଠୀ ଶିଶୁ ଶ୍ରମିକକୁ ଉଦ୍ଧାର କରିଥିଲେ। ପରିବାରରେ ଅସୁବିଧା ଥିବାରୁ ନାବାଳକର ମାଆ ନେହୁରା ହୋଇ ଏଠାରେ କାମ ପାଇଁ ଛାଡ଼ିଥିବା ଚିକେନ୍ ଦୋକାନ ମାଲିକ କହିଛନ୍ତି।

### ଓଡ଼ିଶା ଦୁଗ୍ଧଚାଷୀ ମହାସଂଘର ଧମକ
## ଲିଟର ପିଛା ୩ ଟଙ୍କା ନ ଦେଲେ ଆନ୍ଦୋଳନ

ରଘୁନାଥପୁର,୨୨।୬(ସମିସ): ଚଳିତ ମାସ ୧ ତାରିଖ ବିଶ୍ୱ ଦୁଗ୍ଧ ଦିବସରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦୁଗ୍ଧଚାଷୀଙ୍କୁ ଲିଟର ପିଛା ୩ ଟଙ୍କା ଦେବାକୁ ଘୋଷଣା କରିଥିଲେ। ଏହାକୁ ଅଣଦେଖା କରାଯାଇ ଓମ୍‌ଫେଡ ପକ୍ଷରୁ ନିଆଯାଇଥିବା ନିଷ୍ପତ୍ତିକୁ ବିରୋଧ କରି ରବିବାର ଜଗତସିଂହପୁର ଜିଲ୍ଲା ରଘୁନାଥପୁର ବ୍ଲକ ତାରପୁର ବାଇପାସସ୍ଥ ମା' ନାରାୟଣୀ ମନ୍ଦିର ପରିସରରେ ଓଡ଼ିଶା ଦୁଗ୍ଧଚାଷୀ ମହାସଂଘ ପକ୍ଷରୁ ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ କଟକ, କେନ୍ଦ୍ରାପଡ଼ା ଓ ଜଗତସିଂହପୁର ଜିଲ୍ଲାର ଶତାଧିକ ଦୁଗ୍ଧଚାଷୀ ଯୋଗ ଦେଇଥିଲେ। ବୈଠକରେ ଓଡ଼ିଶା ଦୁଗ୍ଧଚାଷୀ ମହାସଂଘ ସଭାପତି ରବି ବେହେରା ଅଧ୍ୟକ୍ଷତା କରିଥିଲେ। ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ପରେ ଓମ୍‌ଫେଡ ପକ୍ଷରୁ ପ୍ରକାଶ ପାଇଥିବା ରେଟ ଚାଟରେ ଚାଷୀଙ୍କୁ ଲିଟର ପିଛା ୧ ଟଙ୍କା ପ୍ରଦାନ କରାଯାଇ ବାକି ୨ ଟଙ୍କା ପ୍ରୋତ୍ସାହନ ଆକାରରେ ଦିଆଯିବ ବୋଲି ପ୍ରକାଶ ପାଇଛି। ଏହାକୁ ଚାଷୀ ବିରୋଧ କରିବା ସହ ଓମଫେଡ ସିଧାସଳଖ ଚାଷୀଙ୍କୁ ଲିଟର ପିଛା ୩ ଟଙ୍କା ପ୍ରଦାନ କରୁ ବୋଲି ମତ ପ୍ରକାଶ



ପାଇଥିଲା। ଏଥିସହ ପ୍ରତି ସମିତିକୁ ପ୍ରଶାସନିକ ଖର୍ଚ୍ଚ ବାବଦରେ ସମ୍ପାଦକଙ୍କୁ ଲିଟର ପିଛା ୧ ଟଙ୍କା ଦିଆଯାଉ ବୋଲି ଦାବି ଉଠିଛି। ଓମଫେଡ ଶୂନ୍ୟ ସହନଶୀଳତା ଗୁଣ ଆପଣେଇବା ଓ ପ୍ରାଇଭେଟ ଡାଏରୀଠାରୁ ଓମଫେଡରେ କାହିଁକି କମ୍ ଦୁଗ୍ଧ ସଂଗ୍ରହ ହେଉଛି ଏହାର ତର୍ଜମା କରିବା, ସମିତି ସମ୍ପାଦକଙ୍କ ଇନସେଣ୍ଟିଭ ବୃଦ୍ଧି କରିବା ଓ ବାଛୁରୀ ଦାନା ମାଗଣାରେ ଦେବାକୁ ଚାଷୀଙ୍କ ପକ୍ଷରୁ ମତ ପ୍ରକାଶ ପାଇଛି। ଗତ ୧୧ ତାରିଖରେ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମନ୍ତ୍ରୀଙ୍କୁ ଏ ସମ୍ପର୍କରେ ଲିଖିତ ଅଭିଯୋଗ କରିଥିବା ସଭାପତି ଶ୍ରୀ ବେହେରା ପ୍ରକାଶ କରିଥିଲେ। ଏହାଛଡା ପୂର୍ବରୁ ରାଜ୍ୟରେ ଦୁଗ୍ଧର ବନ୍ୟା ସୃଷ୍ଟି କରିଥିବା ଓମଫେଡ ସଂସ୍ଥା ଅଧୋପତନ ଆଡକୁ ଗତି କରୁଛି ଓ ଏଥିପାଇଁ ଦାୟୀ କିଏ ଏହାର ତଦନ୍ତ କରାଯିବା ଅତ୍ୟନ୍ତ ଜରୁରୀ ବୋଲି ସଭାପତି ଶ୍ରୀ ବେହେରା କହିଛନ୍ତି। ଆଗାମୀ ୭ ଦିନ ମଧ୍ୟରେ ସମସ୍ୟାର ସମାଧାନ କରା ନ ଗଲେ ବାଧ୍ୟ ହୋଇ ରାଜ୍ୟର ୧୫ ଲକ୍ଷ ଦୁଗ୍ଧଚାଷୀ ରାଜରାସ୍ତାକୁ ଓହ୍ଲାଇବା ସହ ବିଧାନସଭା ସମ୍ମୁଖରେ କ୍ଷୀର ଢାଳି ବିକ୍ଷୋଭ କରିବେ ବୋଲି ଦୁଗ୍ଧଚାଷୀ ମହାସଂଘ ସଭାପତି ଶ୍ରୀ ବେହେରା ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

## ଜଗତସିଂହପୁର ସାହିତ୍ୟ ପରିଷଦ ପକ୍ଷରୁ ବର୍ଷା ସାହିତ୍ୟ ଆସର



ଜଗତସିଂହପୁର,୨୨।୬(ସମିସ): ଜଗତସିଂହପୁର ସାହିତ୍ୟ ପରିଷଦ ପକ୍ଷରୁ ସ୍ଥାନୀୟ ଶ୍ରୀକୃଷ୍ଣ ଏକାଡେମୀ ପ୍ରାଙ୍ଗଣରେ ଚଳିତ ବର୍ଷର 'ବର୍ଷା ସାହିତ୍ୟ ଆସର' ପରିଷଦର ସଭାପତି ତଥା ବିଶିଷ୍ଟ କଥାଶିଳ୍ପୀ ଇଂ. ବିଷ୍ଣୁ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି ରୂପେ କବି ଅଜୟ କୁମାର ବେହେରା, ବିଶିଷ୍ଟ ନାଟ୍ୟକାର ଡା. କୈଳାସ ମଲ୍ଲିକ ପ୍ରମୁଖ ଯୋଗ ଦେଇ ବର୍ଷା ସାହିତ୍ୟ ଆସରର ଆଭିମୁଖ୍ୟ ସମ୍ପର୍କରେ ଆଲୋଚନା କରିଥିଲେ। ତତ୍‌ପରେ କବି ଓ ଗାଳ୍ପିକ ଅଜୟ କୁମାର ବେହେରାଙ୍କ ସ୍ୱରଚିତ ଗଳ୍ପ 'ଅଚିହ୍ନା ଅନ୍ଧକାର'ର ଉନ୍ମୋଚନ କରାଯାଇଥିଲା। ପରେ କବି ଶେଷଦେବ ଛୋଟରାୟ, ହେମନ୍ତ ବିଶ୍ୱାଳ, ପ୍ରତୀମା ବିଶ୍ୱାଳ, ପଞ୍ଚାନନ ପୋଲାଇ, ରବୀନ୍ଦ୍ର ବେହେରା, ଗଣେଶ ମହାନ୍ତି, ରାମଚନ୍ଦ୍ର ଶତପଥୀ, ଜ୍ଞାନରଞ୍ଜନ ସ୍ୱାଇଁ, ଦେବତା ନିର୍ମାଲ୍ୟ ପ୍ରସାଦ ଷଡ଼ଙ୍ଗୀ, ବଂଶୀଧର ବେହେରା, ତିଳୋତ୍ତମା ଦାଶ, ସନ୍ତୋଷ ଦାସ, ସବ୍ୟସାଚୀ ତ୍ରିପାଠୀ, ସତ୍ୟବତୀ ସ୍ୱାଇଁ, ପ୍ରତିଭାରାଣୀ ରାୟ, ଜୟଶ୍ରୀ ମିଶ୍ର, ସୀତାଂଶୁ ଜେନା ପ୍ରମୁଖ ସ୍ୱରଚିତ କବିତା ପାଠ କରିଥିଲେ। ସଂଗଠନ ସମ୍ପାଦକ ରମେଶ ଚନ୍ଦ୍ର ବହିରା ଏହି କବିତାର ସମୀକ୍ଷା କରିଥିଲେ। ପ୍ରାରମ୍ଭରେ ସମ୍ପାଦକ ଉମାକାନ୍ତ ନାୟକ ସ୍ୱାଗତ ଭାଷଣ ଓ ମଞ୍ଚ ପରିଚାଳନା କରିଥିବାବେଳେ କୋଷାଧ୍ୟକ୍ଷ କବି ପୂର୍ଣ୍ଣ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଭୂମିହୀନ ସ୍ୱାର୍ଥ ସୁରକ୍ଷା ସଂଗ୍ରାମ କମିଟି ବୈଠକ



ନାଉଗାଁ,୨୨।୬(ସମିସ): ଜିଲ୍ଲାର ଭୂମିହୀନଙ୍କୁ ଜମିପଟ୍ଟା ଯୋଗାଣ ଦାବିରେ ଆଜି ସ୍ଥାନୀୟ ଗୋଠଦା ଗାଦିସାହିରେ ଭୂମିହୀନ ସ୍ୱାର୍ଥ ସୁରକ୍ଷା ସଂଗ୍ରାମ କମିଟି ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ନାଉଗାଁ, ଶିଖର ଡାବର, ତିରୁଣା ସମେତ ବିଭିନ୍ନ ପଞ୍ଚାୟତ ଓ ବ୍ଲକ୍ ପ୍ରତିନିଧି ଅଂଶଗ୍ରହଣ କରିଥିଲେ। ସାମାଜିକ କର୍ମୀ ସୁବାସ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ବସନ୍ତ ଦାସ, ମନୋଜ କାଣ୍ଡି, ପ୍ରତାପ କାଣ୍ଡି, ନଟବର ଦାସ, ରୀତା ରାଉତ, ତଅପୋଇ ମଲ୍ଲିକ, ମକର ମୁଦୁଲି, ଗୋବିନ୍ଦ ବାଘ, ଶ୍ରୀଧର ମହନ୍ତ, ଅରକ୍ଷିତ ନାୟକ, କପିଳ କାଣ୍ଡି, ବାବୁଲି ମଲ୍ଲିକ, ବସନ୍ତ କାଣ୍ଡି ପ୍ରମୁଖ ଯୋଗ ଦେଇଥିଲେ। ତହସିଲଦାରଙ୍କୁ ସାକ୍ଷାତ କରି ସ୍ମାରକ ପତ୍ର ପ୍ରଦାନ କରାଯିବାକୁ ସ୍ଥିର କରାଯାଇଛି।

# ୨୬ ଗୋରୁ ଉଦ୍ଧାର; ବୋଲେରୋ ଜବତ



ପରଜଙ୍ଗ, ୨୨।୬(ସମିସ): ପରଜଙ୍ଗ ଥାନା ଦଦରାଘାଟି ଫାଣ୍ଡି ଅଞ୍ଚଳରେ ପୁଲିସ ଚଢ଼ଉ କରି ୨୬ ଗୋରୁ ଉଦ୍ଧାର କରିବା ସହ ଏକ ବୋଲେରୋ ଗାଡ଼ି ଜବତ କରିଛି। ଗୋମାଫିଆମାନେ ଗୋରୁଙ୍କୁ ଏକାଠି କରି ପରଜଙ୍ଗ ଅଞ୍ଚଳରୁ ଅନ୍ୟତ୍ର ଚାଲାଣ କରିବାକୁ ମସୁଧା ଚଳାଇଥିବା ବେଳେ ପୁଲିସ କୌଣସି ସୂତ୍ରରୁ ସୂଚନା ପାଇ ଚଢ଼ଉ କରିଥିଲା। ପରଜଙ୍ଗ ବ୍ଲକ ପିତିରି ଛକରୁ ଖମାର ପାଲଲହଡ଼ା ଦିଗକୁ ୧୪୯ନଂ ଜାତୀୟ ରାଜପଥ ରହିଛି। ଏହି ରାଜପଥରୁ ଅଳ୍ପ ଦୂର ଝରଣବାହାଳ ଗ୍ରାମ ନିକଟ ଏକ ଜଙ୍ଗଲରେ ଗୋରୁ ବେପାରୀମାନେ ଆଖପାଖ ଗାଁରୁ ୨୬ରୁ ଊର୍ଦ୍ଧ୍ୱ ଗୋରୁ ସଂଗ୍ରହ କରି ଏକାଠି କରିଥିଲେ। ଏମାନଙ୍କୁ ଅନ୍ୟତ୍ର ଚାଲାଣ କରିବା ପାଇଁ ମସୁଧା ଚଳାଇଥିବା ବେଳେ ଥାନା ଆଇଆଇସି ଧୀରେନ କୁମାର ବେହେରାଙ୍କ ନିର୍ଦ୍ଦେଶରେ ଏସଆଇ ଦେବଗ୍ରାହୀ ମହାନ୍ତି, ଦଦରାଘାଟି ଫାଣ୍ଡି ଅଧିକାରୀ ଶକ୍ତିପ୍ରସାଦ ସାହୁ, ଏଏସଆଇ ଯୁଗଳ କିଶୋର ପ୍ରଧାନ ଓ ପୁଲିସ ବାହିନୀ ସେଠାରେ ଚଢ଼ଉ କରିଥିଲେ। ମାଫିଆମାନେ ପୁଲିସ ଗାଡ଼ି ଦେଖି ଖସି ପଳାଇଥିଲେ। ପୁଲିସ ସେଠାରୁ ୨୬ ଗୋରୁ, ଏକ ବୋଲେରୋ ଗାଡ଼ି ଓ ୨ ବାଇକ ଜବତ କରିଛି।

# ଖେଳ ଭବନରେ ଯୋଗ ଦିବସ

ଭୁବନ, ୨୨।୬(ସମିସ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ପ୍ରଚେଷ୍ଟାରେ ମିଳିତ ଜାତିସଂଘର ଘୋଷଣା କ୍ରମେ ପ୍ରତିବର୍ଷ ଜୁନ ୨୧ ତାରିଖ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରାଯାଉଛି। ଏହି ପରିପ୍ରେକ୍ଷୀରେ ଶନିବାର ଭୁବନ ଏନ୍ଏସି ଅନ୍ତର୍ଗତ ବିଜୁ ପଟ୍ଟନାୟକ ଖେଳ ଭବନରେ ବିଡିଓ ଆୟୁଷୀ ମହାପାତ୍ରଙ୍କ ସଂଯୋଜନାରେ ଯୋଗ ଦିବସ ପାଳିତ ହୋଇଛି। କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନାଙ୍କ ପ୍ରତିନିଧି ସଞ୍ଜୟ କୁମାର ଦାସ, ନଗରପାଳ ଶୁଭେନ୍ଦୁ କୁମାର ସାହୁ ଅତିଥି ଭାବେ ଯୋଗଦେଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଯୋଗଗୁରୁ କମଳ ଲୋଚନ ବେହେରା ଯୋଗାଭ୍ୟାସ କରାଇଥିଲେ। ଇଞ୍ଜିନିୟରି ସୁରେନ୍ଦ୍ର ନାଥ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ସନ୍ତରଣ ପ୍ରଶିକ୍ଷଣ ଶିବିର ଉଦ୍‌ଯାପିତ




ଢେଙ୍କାନାଳ, ୨୨।୬(ସମିସ): ରାଜ୍ୟ ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଜିଲ୍ଲା ଜରୁରୀକାଳୀନ ବିଭାଗ, ଓଏସଏପି ପ୍ରଥମ ବାଟାଲିଅନ ଓ ଓଡ୍ରାଫ ୟୁନିଟର ମିଳିତ ସହାଭାଗିତାରେ ଯତନନଗର ସତ୍ୟସାଗର ୱାଟର ପାର୍କଠାରେ ଚାଲିଥିବା ୩ୟ ପର୍ଯ୍ୟାୟ ସନ୍ତରଣ ପ୍ରଶିକ୍ଷଣ ଶିବିର ଉଦଯାପିତ ହେଇଛି। ଏହି ଶିବିର ଜୁନ ୧୬ରୁ ଆରମ୍ଭ ହେଇ ୨୧ ପର୍ଯ୍ୟନ୍ତ ଚାଲିଥିଲା। ଶିବିରରେ ସନ୍ତରଣ ଓ ପାଣିରେ ବୁଡ଼ିଯିବା ବେଳେ ବଞ୍ଚିବାର କୌଶଳ ସମ୍ବନ୍ଧରେ ପ୍ରଶିକ୍ଷଣ ଦିଆଯାଇଛି। ଏହି ଶିବିର ପର୍ଯ୍ୟାୟ କ୍ରମେ ଅଗଷ୍ଟ ୯ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ଜିଲ୍ଲା ଜରୁରୀକାଳୀନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

## ହିନ୍ଦୋଳ ଉପଖଣ୍ଡ କେନ୍ଦ୍ରସ୍ଥଳରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ଦାବି

# ୨୫ ପଞ୍ଚାୟତବାସୀ ଓ ନିର୍ବାଚିତ ପ୍ରତିନିଧିଙ୍କ ମହାମେଳି

ହିନ୍ଦୋଳ, ୨୨।୬(ସମିସ)



ହିନ୍ଦୋଳ ଉପଖଣ୍ଡରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ନେଇ ଦିନକୁ ଦିନ ବିବାଦ ବଢ଼ିବାରେ ଲାଗିଛି। ରାସୋଳ ଅଞ୍ଚଳବାସୀ ରସୋଳରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ଦାବିରେ ବାରମ୍ବାର ବୈଠକ କରୁଥିବା ବେଳେ ହିନ୍ଦୋଳ ଏନଏସିବାସୀ ଏନଏସି ଅଞ୍ଚଳରେ ହେଉ ବୋଲି ଦାବି କରୁଛନ୍ତି। ଅନ୍ୟପଟେ କେନ୍ଦ୍ରୀୟ ବିଦ୍ୟାଳୟ ହିନ୍ଦୋଳ

**● ରାଜରାସ୍ତାକୁ ଓହ୍ଲାଇବାକୁ ଚେତାବନୀ**

ଉପଖଣ୍ଡର କେନ୍ଦ୍ରସ୍ଥଳ ସାତମାଇଲଠାରୁ ଖଜୁରିଆକଟା ଅଞ୍ଚଳ ଭିତରେ ନିର୍ମାଣ ହେଉ ବୋଲି ୨୫ ପଞ୍ଚାୟତବାସୀ ଦାବି କରୁଛନ୍ତି। ଏଥିପାଇଁ ଏହି ୨୫ ପଞ୍ଚାୟତର ସରପଞ୍ଚ, ସମିତିସଭ୍ୟ, ୩ ଜୋନର ଜିଲ୍ଲାପରିଷଦ ସଭ୍ୟ, ୩ ପ୍ରମୁଖ ରାଜନୈତିକ ଦଳର କର୍ମକର୍ତ୍ତା ଓ ବୁଦ୍ଧିଜୀବୀ ତଥା ଅଞ୍ଚଳବାସୀ ମେଳି ବାନ୍ଧିଛନ୍ତି। ସାତମାଇଲ ନିକଟ ଓଡି-୧୯ ନିକଟରେ ରବିବାର ଏ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଛି। ଦାବି ପୂରଣ ନ ହେଲେ ସେମାନେ ରାଜରାସ୍ତାକୁ ଓହ୍ଲାଇବାକୁ ଚେତାବନୀ ଦେଇଛନ୍ତି।

ହିନ୍ଦୋଳ ନିର୍ବାଚନମଣ୍ଡଳୀ ହିନ୍ଦୋଳ ଏନ୍ଏସି, ହିନ୍ଦୋଳ ବ୍ଲକ ଓ ଓଡ଼ାପଡ଼ା ବ୍ଲକକୁ ନେଇ ଗଠିତ। ହିନ୍ଦୋଳ ଉପଖଣ୍ଡର ମଧ୍ୟସ୍ଥଳ ସାତମାଇଲଠାରୁ ଖଜୁରିଆକଟା ଅଞ୍ଚଳ ଉପଖଣ୍ଡ ମୁଖ୍ୟାଳୟଠାରୁ ଖୁବ କମ ଦୂର। ଏଠାରେ ଡାକ୍ତରଖାନା, ଦମକଳ କେନ୍ଦ୍ର, ଥାନା ଓ ପର୍ଯ୍ୟାପ୍ତ ଗମନାଗମନ ସୁବିଧା ରହିଛି। ଏହି ଅଞ୍ଚଳରେ ବିଦ୍ୟାଳୟ ହେଲେ ଛାତ୍ରଛାତ୍ରୀ ତଥା ଅଭିଭାବକ ସମସ୍ତେ ସୁରୁଖୁରୁରେ ବିଦ୍ୟାଳୟକୁ ଯାଇଆସି ପାରିବେ। ଉପଖଣ୍ଡର ୮୦ ପ୍ରତିଶତ ଲୋକଙ୍କ ସୁବିଧା ଦୃଷ୍ଟିରୁ ସରକାର କେନ୍ଦ୍ରସ୍ଥଳରେ ବିଦ୍ୟାଳୟ କରନ୍ତୁ ବୋଲି ବୈଠକରେ ଦଳମତ ନିର୍ବିଶେଷରେ ସମସ୍ତେ ମତ ହୋଇଥିଲେ। ଏ ନେଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କୁ ଲିଖିତ ଦାବିପତ୍ର ପ୍ରଦାନ କରିବା ପାଇଁ ଅଞ୍ଚଳର ଲୋକପ୍ରତିନିଧି ଓ ବୁଦ୍ଧିଜୀବୀ ପ୍ରସ୍ତାବ ରଖିଥିଲେ। ଆସନ୍ତା ୫ ଦିନ ମଧ୍ୟରେ ଯାଇ କେନ୍ଦ୍ରମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ସହ ଏ ବିଷୟରେ ଆଲୋଚନା କରିବାକୁ ପ୍ରସ୍ତାବ ଗୃହୀତ ହୋଇଛି।

ହିନ୍ଦୋଳ ଉପଖଣ୍ଡରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ନିମନ୍ତେ ଉପଖଣ୍ଡବାସୀ ବାରମ୍ବାର ଦାବି କରିଆସୁଥିଲେ। ଏ ନେଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ପ୍ରଧାନଙ୍କୁ ଦାବିପତ୍ର ମଧ୍ୟ ଦିଆଯାଇଥିଲା। କେନ୍ଦ୍ରମନ୍ତ୍ରୀ ଏହାକୁ ଗୁରୁତ୍ୱ ଦେଇ ହିନ୍ଦୋଳରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ନିମନ୍ତେ ଘୋଷଣା କରିଥିଲେ। ଏ ନେଇ କେନ୍ଦ୍ର ସରକାରଙ୍କ ପକ୍ଷରୁ ବିଜ୍ଞପ୍ତି ମଧ୍ୟ ପ୍ରକାଶ ପାଇଛି। ଶନିବାର ଏକ କେନ୍ଦ୍ରୀୟ ଟିମ ଏଠାକୁ ସ୍ଥିତି ଅନୁଧ୍ୟାନ କରିବା ନିମନ୍ତେ ଆସିଥିଲେ। ଟିମ୍‌ରେ କେନ୍ଦ୍ରୀୟ ବିଦ୍ୟାଳୟର ଡେପୁଟି କମିଶନର ଡ. ଶିହରଣ ବୋଷ, ଢେଙ୍କାନାଳ କେନ୍ଦ୍ରୀୟ ବିଦ୍ୟାଳୟ ଅଧ୍ୟକ୍ଷ ଦୁଃଶାସନ ବେହେରା ସମେତ ଅନ୍ୟ ଅଧିକାରୀମାନେ ସାମିଲ ଥିଲେ। ତେବେ ଏହି ଅଧିକାରୀମାନେ ଏଠାକୁ ଆସିବା ପରେ ତେଲିଭୂଇଁ ଅଞ୍ଚଳ ସାପୁଆ ରାସ୍ତାରେ ଏକ ସ୍ଥାନ ଦେଖିବାକୁ ଯାଇଥିଲେ। ଫଳରେ କେନ୍ଦ୍ରୀୟ ବିଦ୍ୟାଳୟ ସ୍ଥାପନ ନେଇ ଉପଖଣ୍ଡରେ ଚାପା ଗୁଞ୍ଜରଣ ସୃଷ୍ଟି ହୋଇଛି। ଲୋକଙ୍କ କହିବା କଥା, ସାତମାଇଲ ଅଞ୍ଚଳ ଉପଖଣ୍ଡର କେନ୍ଦ୍ରସ୍ଥଳ। ଏଣୁ ସାତମାଇଲଠାରୁ ଖଜୁରିଆକଟା ମଧ୍ୟରେ କେନ୍ଦ୍ରୀୟ ବିଦ୍ୟାଳୟ ହେଲେ ଲୋକେ ଉପକୃତ ହେବେ। କାହା ପ୍ରରୋଚନାରେ ପଡ଼ି କେନ୍ଦ୍ରୀୟ ଟିମ ତରବରିଆ ଭାବେ ତେଲିଭୂଇଁ ଅଞ୍ଚଳର ଗୋଟିଏ ଜାଗା ଦେଖି ଫେରିଯାଇଛନ୍ତି। ଯଦି ସମ୍ପୃକ୍ତ ସ୍ଥାନରେ କେନ୍ଦ୍ରୀୟ ବିଦ୍ୟାଳୟ ହୁଏ ତେବେ ଅଞ୍ଚଳବାସୀ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି। କେନ୍ଦ୍ର ଶିକ୍ଷାମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀ ଏହାକୁ ବିଚାରକୁ ନେଇ ସାତମାଇଲଠାରୁ ଖଜୁରିଆକଟା ଅଞ୍ଚଳ ମଧ୍ୟରେରେ ବିଦ୍ୟାଳୟ ସ୍ଥାପନ ନିମନ୍ତେ ନିଷ୍ପତ୍ତି ନେବାକୁ ଦାବି ଜୋର୍ ଧରିଛି।

# ସାଇକୃପା କଲେଜରେ ମହିମା ବ୍ରହ୍ମଜ୍ୟୋତିକୁ ସମ୍ବର୍ଦ୍ଧନା

ଢେଙ୍କାନାଳ, ୨୨।୬(ସମିସ): ସାଇକୃପା କଲେଜ ପରିସରରେ ମହିମା ବ୍ରହ୍ମଜ୍ୟୋତିକୁ ସମ୍ବର୍ଦ୍ଧନା ଦିଆଯାଇଛି। ଚଳିତ ବର୍ଷ ଦ୍ୱାଦଶ ବାର୍ଷିକ ମହିମା ଜ୍ୟୋତି ଢେଙ୍କାନାଳ ଓ ଅନୁଗୋଳ ଜିଲ୍ଲାରେ ପରିକ୍ରମା କରୁଛି। ଏହି ପରିପ୍ରେକ୍ଷୀରେ ସାଇକୃପା କଲେଜ ଚେୟାରମ୍ୟାନ ଅନ୍ନଦା କୁମାର ମହାନ୍ତି, ସମ୍ପାଦିକା ଅନୁପମା ମହାନ୍ତି, ଅଧ୍ୟକ୍ଷ ଡ. ତୁଷାର କୁମାର ମହାନ୍ତିଙ୍କ ସମେତ କଲେଜର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରଛାତ୍ରୀ ମହିମା ଜ୍ୟୋତିକୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ। କୌପୀନଧାରୀ ମହିମା ସମାଜ ସଭାପତି ଶ୍ରୀମଦ ବାବା ରଘୁନାଥ ଦାସଙ୍କ ତତ୍ତ୍ୱାବଧାନରେ କଲେଜରେ ଜ୍ୟୋତିକୁ ପୂଜାର୍ଚ୍ଚନା କରାଯାଇ ବିଶ୍ୱର ଶାନ୍ତି ଓ ସମୃଦ୍ଧି ନିମନ୍ତେ ପ୍ରାର୍ଥନା କରାଯାଇଥିଲା। ମହିମା ଅଲେଖ ଧ୍ୱନିରେ କଲେଜ ପରିସର ପ୍ରକମ୍ପିତ ହୋଇଥିଲା। ଅନୁଷ୍ଠାନ ପକ୍ଷରୁ ସମସ୍ତ ସନ୍ନ୍ୟାସୀଙ୍କୁ ବସ୍ତ୍ର ଓ ଉତ୍ତରୀୟ ପ୍ରଦାନ କରାଯାଇଥିଲା। ଏହି ଜ୍ୟୋତି ମହୁଲପଡ଼ାରୁ ବାହାରି ଢେଙ୍କାନାଳ ସହର, ହିନ୍ଦୋଳ ଓ ଅନୁଗୋଳ ଦେଇ ତପୋବନ ଆଶ୍ରମକୁ ପ୍ରତ୍ୟାବର୍ତ୍ତନ କରିବ। ଏହି କାର୍ଯ୍ୟକ୍ରମରେ ମହିମା ଜ୍ୟୋତିଯାତ୍ରାର ମୁଖ୍ୟ ସଂଯୋଜକ ପ୍ରଦ୍ୟୁମ୍ନ ରଥ, ଆବାହକ ପ୍ରଶାନ୍ତ ମହାପାତ୍ର, ସମାଜସେବୀ ପ୍ରତାପ କୁମାର ଦାସ, ବିଭୂତିଭୂଷଣ ପଟ୍ଟନାୟକଙ୍କ ସହ ବହୁ ଗଣ୍ୟମାନ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ।



# ଯାତ୍ରା କମିଟି ମହାସଂଘର ସାଧାରଣ ବୈଠକ



କାମାକ୍ଷାନଗର, ୨୨।୬(ସମିସ): ଢେଙ୍କାନାଳ ଜିଲ୍ଲା ଯାତ୍ରା କମିଟି ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ଜିଲ୍ଲାର ସମସ୍ତ ଯାତ୍ରା କମିଟି ସଦସ୍ୟ ଉପସ୍ଥିତ ଥିଲେ। ପୂର୍ବବର୍ଷ ଭଳି ଚଳିତ ବର୍ଷ ମଧ୍ୟ ଯାତ୍ରା ପକାଇବାକୁ ବୈଠକରେ ନିଷ୍ପତ୍ତି ହୋଇଛି। ତେବେ ଯାତ୍ରାପାର୍ଟି ମାଲିକମାନେ ଯେଉଁଭଳି ପ୍ରଥମ ୨/୩ ରାତି ପାଇଁ ଅଗ୍ରୀମ ଆକାରରେ ଲକ୍ଷାଧିକ ଟଙ୍କା ନେଉଛନ୍ତି ତାହାକୁ ବିରୋଧ କରାଯାଇଥିଲା। ମାଲିକମାନଙ୍କ ସହ ଆଲୋଚନା କରି ଏହାକୁ କୋହଳ କରିବା ବିଷୟରେ ଆଲୋଚନା ହୋଇଥିଲା। ଏଥିସହ ଯାତ୍ରା ପକାଇବା ବେଳେ ସରକାରଙ୍କ ତରଫରୁ ରେଡକ୍ରସ ପାଇଁ ଯେଉଁ ରସିଦ କଟାଯାଉଛି, ସେଥିରେ ରିଆତି କରିବା ପାଇଁ ମଧ୍ୟ ଆଲୋଚନା ହୋଇଥିଲା। ଏ ନେଇ ଯାତ୍ରା କମିଟି ତରଫରୁ ଆଗାମୀ ଦିନରେ ଜିଲ୍ଲାପାଳଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିବା ପାଇଁ ସହମତି ପ୍ରକାଶ ପାଇଥିଲା।

# 'ସମାଜ' ପକ୍ଷରୁ ବକ୍ତୃତା ପ୍ରତିଯୋଗିତା




ପରଜଙ୍ଗ, ୨୨।୬(ସମିସ): ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ମହେଶ୍ୱର ସୁବାହୁସିଂହ ନୋଡାଲ ବିଦ୍ୟାପୀଠ ପରିସରରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ୯୭ତମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ତାଙ୍କଦ୍ୱାରା ପ୍ରତିଷ୍ଠିତ ଖବରକାଗଜ 'ସମାଜ' ପକ୍ଷରୁ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଗୋପବନ୍ଧୁ ସ୍ମାରକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। 'ସମାଜ' କାର୍ଯ୍ୟାଳୟର ପରାମର୍ଶ ଏବଂ ପରଜଙ୍ଗ ବ୍ଲକ ଶିକ୍ଷାଧିକାରୀଙ୍କ ବିଜ୍ଞପ୍ତି ଅନୁସାରେ ବ୍ଲକ 'ସମାଜ' ପ୍ରତିନିଧି ଶାନ୍ତନୁ କୁମାର ଭୁକ୍ତାଙ୍କ ନେତୃତ୍ୱରେ ପ୍ରତିଯୋଗିତା ହୋଇଥିଲା। ଏଥିରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଯୁଗଳ କିଶୋର ନାୟକ, ଏବିଇଓ ଦିଲୀପ କୁମାର ପଣ୍ଡା, ଶିକ୍ଷୟିତ୍ରୀ ରୂପଶ୍ରୀ ଖଟୁଆ, ଦିଲୀପ କୁମାର ମହାପାତ୍ର ପ୍ରମୁଖ ବିଚାରକ ଭାବେ ଯୋଗଦେଇଥିଲେ। ପ୍ରତିଯୋଗିତାରେ ଅଷ୍ଟମ, ନବମ ଓ ଦଶମ ଶ୍ରେଣୀର ୧୫ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ସତ୍ୟମ୍ ପ୍ରୀତମ ଖିଲାର ପ୍ରଥମ ପ୍ରଜ୍ଞାନଜିତ ବିଶ୍ୱାଳ ଦ୍ୱିତୀୟ ଓ ବିଶ୍ୱଜିତା ପ୍ରଧାନ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। କୃତୀ ପ୍ରତିଯୋଗୀଙ୍କୁ ସିଲ୍ ଓ ଆର୍ଥିକ ପୁରସ୍କାର ପ୍ରଦାନ କରାଯାଇଛି। କାର୍ଯ୍ୟକ୍ରମରେ ସାମ୍ବାଦିକ ନିର୍ମଳ ଗଡ଼ନାୟକ, ପ୍ରଶାନ୍ତ କୁମାର ସାହୁ, ରିଣ୍ଟୁ ଦାସ ସହଯୋଗ କରିଥିଲେ।

# ୨୮ରେ ଢେଙ୍କାନାଳ ନାମକରଣ ଦିବସ

ଢେଙ୍କାନାଳ, ୨୨।୬(ସମିସ): ସ୍ଥାନୀୟ ଦଧିବାମନଜୀୟୁ ମଠ ପରିସରରେ ସିଦ୍ଧଶ୍ରୀକ୍ଷେତ୍ର ଢେଙ୍କାନାଳ ପରିକ୍ରମା ପରିବାର ତରଫରୁ ଆର୍ଯ୍ୟରତ୍ନ ଚକ୍ରଧରଙ୍କ ସଭାପତିତ୍ୱରେ ଢେଙ୍କାନାଳ ନାମକରଣ ଦିବସ ସମାରୋହ ଆସନ୍ତା ୨୮ ତାରିଖରେ ପାଳନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଢେଙ୍କା ଶବରଙ୍କ ନାମରେ ଢେଙ୍କାନାଳର ନାମକରଣ ହୋଇଥିବା ବେଳେ ଗୁଣ୍ଡିଚା ଯାତ୍ରା ପରଦିନ ଏହା କରାଯାଇଥିବାରୁ ଏହାକୁ ସ୍ମରଣୀୟ ରଖିବା ପାଇଁ ଚଳିତବର୍ଷ ପ୍ରଥମ ଥର ଗୁଣ୍ଡିଚା ଯାତ୍ରା ଅବସରରେ ରାଜବାଟୀ ପରିସରରେ ଥିବା ଢେଙ୍କା ଶବର ସମାଧି, ଶ୍ରୀବଳରାମଙ୍କଠାରେ ତଥା ଢେଙ୍କା ଶବରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯିବ। ସେହିପରି ୨୮ ତାରିଖ ରାଜବାଟୀରେ ରାଜ୍ୟର ପ୍ରଥମ ରଙ୍ଗମହଲରେ କବିତା ପାଠ ଉତ୍ସବ ଅନୁଷ୍ଠିତ ହେବ। ଅପରାହ୍ନରେ ଗୋପବନ୍ଧୁ ଟାଉନ ହଲରେ ଭଜନ ସମାରୋହ ଅନୁଷ୍ଠିତ ହେବା ସହ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯିବ। ଏହି ନାମକରଣ ଦିବସ କାର୍ଯ୍ୟକ୍ରମରେ ଢେଙ୍କାନାଳବାସୀ ସହଯୋଗ କରିବାକୁ ଅନୁଷ୍ଠାନ ପକ୍ଷରୁ ନିବେଦନ କରାଯାଇଛି। କାର୍ଯ୍ୟକ୍ରମରେ ପରିକ୍ରମା ପରିବାରର ରାଜ୍ୟ ସଂଯୋଜକ ଅବନୀ ମିଶ୍ରଙ୍କ ସମେତ ପରେଶ ଚନ୍ଦ୍ର ପଟ୍ଟନାୟକ, ନିର୍ମଳା ମହାପାତ୍ର, ମନୋରମା ସିଂହ, ପୁରୁଷୋତ୍ତମ ନନ୍ଦ, ଶତ୍ରୁଘ୍ନ ମାଟି, କମଳ କୁମାର ନନ୍ଦ, ସ୍ନିଗ୍ଧା ଧଳ, ଦୁର୍ଗାଚରଣ ମହାପାତ୍ର ଓ ଅନ୍ୟମାନେ ଯୋଗଦେଇଥିଲେ। ମାମିନା ଦୀକ୍ଷିତ ଧନ୍ୟବାଦ ଅର୍ପଣ କରିଥିଲେ।

# ନବୀନଙ୍କ ଆଶୁ ଆରୋଗ୍ୟ ପାଇଁ ପୂଜାର୍ଚ୍ଚନା






କାମାକ୍ଷାନଗର, ୨୨।୬(ସମିସ)

ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କର ରବିବାର ମୁମ୍ବଇର ଏକ ଘରୋଇ ହସ୍ପିଟାଲରେ ସଫଳ ଅସ୍ତ୍ରୋପଚାର ହୋଇଛି। ତାଙ୍କ ଆଶୁ ଆରୋଗ୍ୟ ଓ ନିରାମୟ ଜୀବନ କାମନା କରି କାମାକ୍ଷାନଗର ବିଜେଡି ପକ୍ଷରୁ ସାମୂହିକ ଦୀପଦାନ ଓ ପୂଜାର୍ଚ୍ଚନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସ୍ଥାନୀୟ ହନୁମାନ ମନ୍ଦିରରେ ଶତାଧିକ ଦଳୀୟ କର୍ମୀ, ସ୍ଥାନୀୟ ଜନସାଧାରଣ ଉପସ୍ଥିତ ରହି ଦୀପ ଜଳାଇବା ସହ ପୂଜାର୍ଚ୍ଚନା କରିଥିଲେ। କାମାକ୍ଷାନଗର ଏନଏସି ଅଧ୍ୟକ୍ଷ ଧର୍ମାନନ୍ଦ ପରିଡ଼ାଙ୍କ ନେତୃତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଉପାଧ୍ୟକ୍ଷା ଶକୁନ୍ତଳା ସେଠୀ, ସମସ୍ତ କାଉନସିଲର, ଦଳୀୟ ନେତା, ବହୁ ଶୁଭେଚ୍ଛୁ ଉପସ୍ଥିତ ଥିଲେ।

**ଗଁଦିଆ:** ନବୀନ ପଟ୍ଟନାୟକଙ୍କ ଶୀଘ୍ର ଆରୋଗ୍ୟ କାମନା କରି କପିଳାସର ଆରାଧ୍ୟ ଦେବତା ଶ୍ରୀ ଶ୍ରୀ ଚନ୍ଦ୍ରଶେଖରଙ୍କ ମନ୍ଦିରରେ ପୂଜାର୍ଚ୍ଚନା ସହ ସମୂହ ଦୀପଦାନ କରାଯାଇଛି। ଜୟ ପ୍ରଭୁ ଶ୍ରୀଚନ୍ଦ୍ରଶେଖର, ଲଙ୍ଗ ଲିଭ୍ ନବୀନ ନାରାରେ କପିଳାସ ପ୍ରକମ୍ପିତ ହୋଇଥିଲା। କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ସୁଧୀର କୁମାର ସାମଲ, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅର୍ଚ୍ଚନା ପୁହାଣ, ଗଁଦିଆ ବ୍ଲକ ଉପାଧ୍ୟକ୍ଷା ମମତା ସାମଲ, ଯୁବ ବିଜେଡି ସଭାପତି ପ୍ରଦୀପ କୁମାର ସାହୁଙ୍କ ସମେତ ବହୁ ଜନସାଧାରଣ ଓ ବିଜେଡି କର୍ମକର୍ତ୍ତା ଉପସ୍ଥିତ ଥିଲେ।

**ଖଜୁରିଆକଟା:** ନବୀନ ପଟ୍ଟନାୟକଙ୍କ ଆରୋଗ୍ୟ କାମନା କରି ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ନିର୍ବାଚନ ମଣ୍ଡଳୀର ମା' ବୁଢ଼ୀ ଠାକୁରାଣୀଙ୍କ ଏବଂ ସୁକିଆବାଉତି ପୀଠରେ ପୂର୍ବତନ ସାଂସଦ ମହେଶ ସାହୁଙ୍କ ନେତୃତ୍ୱରେ ବିଜେଡି ପକ୍ଷରୁ ୧୦୮ ଦୀପଦାନ ସହ ପୂଜାର୍ଚ୍ଚନା କରାଯାଇଛି। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ କୁନୁଆ ସରପଞ୍ଚ ବାଉରିବନ୍ଧୁ ସାମଲ, ପୂର୍ବତନ ସମିତି ସଭ୍ୟ ବିଲ୍ଲୀ ବେହେରା, ରାଜ୍ୟ ଯୁବ ବିଜେଡି ସମ୍ପାଦକ ଦେବୀପ୍ରସାଦ ପଟ୍ଟନାୟକ, ବିଜେଡି ଜିଲ୍ଲା ସମ୍ପାଦକ ପ୍ରଦ୍ୟୁମ୍ନ ବେହେରା, ପ୍ରଶାନ୍ତ ଦାସ, ଦିପୁ ସାମଲଙ୍କ ସହ ବହୁ ବିଜେଡି କାର୍ଯ୍ୟକର୍ତ୍ତା ଯୋଗଦେଇଥିଲେ।

**ଭୁବନ:** ନବୀନଙ୍କ ଦୃତ ଆରୋଗ୍ୟ କାମନା କରି ରବିବାର ସନ୍ଧ୍ୟାରେ ସ୍ଥାନୀୟ ଜଗନ୍ନାଥ ମନ୍ଦିରରେ ବିଜେଡି ପକ୍ଷରୁ ୧୦୮ ଦୀପଦାନ କରାଯାଇଛି। କାର୍ଯ୍ୟକ୍ରମରେ ନଗରପାଳ ଶୁଭେନ୍ଦୁ କୁମାର ସାହୁ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଧର୍ମାନନ୍ଦ ବରାଳ, ବ୍ଲକ ବିଜେଡି ସଭାପତି ରମେଶ ଚନ୍ଦ୍ର ସାହୁ, ଉପାଧ୍ୟକ୍ଷା ମାନିନୀ ସାହୁ, କାଉନସିଲର ଗିରିଧାରୀ ସାହୁ, କଳ୍ପନା ବେହେରା, ଜିଲ୍ଲା ପରିଷଦ ସଦସ୍ୟ ସୁବାସ ମାଝିଙ୍କ ସମେତ ଅଜୟ ସେଠୀ, ଅନାମ ସାହୁ, ନାରାୟଣ ନାୟକ, ସୋମନାଥ ମହାରଣା, ଦେବେନ୍ଦ୍ର ସାହୁ, ତ୍ରିଲୋଚନ ସାହୁ, ରାକେଶ ଆଏଚ, ଶୁଭକାନ୍ତ ବର୍ଦ୍ଧନ, ରାମଚନ୍ଦ୍ର ସାହୁ, ପିଣ୍ଟୁ ଦାସ, ସିପୁ ଦାସ, ଅର୍ଜୁନ ସାହୁ, କ୍ରିଷ୍ଣା ସାହୁ, ଗୋବିନ୍ଦ ଭଞ୍ଜ, ରାକେଶ କୁମାର ପୃଷ୍ଟି, ଅରବିନ୍ଦ ମହାଳିକ, ଉଗ୍ରସେନ ବେହେରା, ରମେଶ ଚନ୍ଦ୍ର ବେହେରା, ପିଣ୍ଟୁ ରାଉତ ପ୍ରମୁଖ ଦୁଇଶହରୁ ଊର୍ଦ୍ଧ୍ୱ ବିଜେଡି କର୍ମୀ, ଜନସାଧାରଣ ଓ ଶୁଭେଚ୍ଛୁ ଉପସ୍ଥିତ ରହି ଜୟ ଜଗନ୍ନାଥ, ଲଙ୍ଗ ଲିଭ୍ ନବୀନ ପଟ୍ଟନାୟକ ଧ୍ୱନି ଦେଇ ଦୀପଦାନ କରିଥିଲେ।





**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୬.୭୫ ● ପାଉଣ୍ଡ ୧୧୬.୦୮
- ୟୁରୋ ୯୯.୩୭ ● ୟେନ୍ ୦.୫୯

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୨,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୧୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୪୦୮.୦୦
- ନିଫ୍ଟି ୨୫,୧୧୨.୦୦



**ପେଟ୍ରୋଲ-ଡିଜେଲ୍**


ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



## ଇରାନ୍ ଉପରେ ଆମେରିକାର ପ୍ରହାର

# ଅଶୋଧିତ ତୈଳ ୧୦୦ ଡଲାର ଟପିବ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)




ଇରାନ-ଇସ୍ରାଏଲ ଯୁଦ୍ଧରେ ଆମେରିକା ପ୍ରବେଶ କରିଛି। ଇରାନର ପରମାଣୁ କେନ୍ଦ୍ର ଉପରେ

- ହର୍ମୁଜ୍ ପ୍ରଣାଳୀ ବନ୍ଦ ହେଲେ ୧୩୦ ଡଲାର ଛୁଇଁବ
- ଜୁନ୍‌ରେ ୨୪ ପ୍ରତିଶତ ବଢ଼ିଛି ତେଲ ଦର

ଆମେରିକା ବିମାନ ଆକ୍ରମଣ କରିଛି। ଏହି ଆକ୍ରମଣ ପରେ ମଧ୍ୟପ୍ରାଚ୍ୟରେ ପୁଣି ଥରେ ଭୂ-ରାଜନୈତିକ ଉତ୍ତେଜନା ବୃଦ୍ଧି ପାଇଛି। ଏହାର ପ୍ରଭାବରେ ସୋମବାର ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତେଲର ମୂଲ୍ୟ ବୃଦ୍ଧି ପାଇପାରେ। ଏମିତିକି ସୋମବାର ବିଶ୍ୱର ସେୟାର ବଜାରରେ ବଡ଼ ହ୍ରାସ ହୋଇପାରେ। ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ ସୋମବାର ଅଶୋଧିତ ତେଲ ଦର ବ୍ୟାରେଲ ପିଛା ୮୦ ଡଲାରରୁ ଆରମ୍ଭ ହୋଇ ୯୦ ଡଲାର ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଯଦି ହର୍ମୁଜ୍ ପ୍ରଣାଳୀ ବନ୍ଦ ହୁଏ, ତେବେ ଅଶୋଧିତ ତେଲର ମୂଲ୍ୟ ମଧ୍ୟ ୧୩୦ ଡଲାର ପ୍ରତି ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଏହାର ଅର୍ଥ ହେଉଛି ବିଶ୍ୱର ଅଶୋଧିତ ତେଲ ଆମଦାନୀ କରୁଥିବା ଦେଶଗୁଡିକ ଏଥିଯୋଗୁ ବଡ଼ କ୍ଷତି ସହିବେ। ଏଥିରେ ଭାରତ ଅନ୍ୟତମ ଦେଶ। ଭାରତ ଏହାର ଅଶୋଧିତ ତେଲ ଆବଶ୍ୟକତାର ୮୫ ରୁ ୯୦ ପ୍ରତିଶତ ଆମଦାନୀ କରେ।

ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେଉଁ, ସୋମବାର ବଜାର କାରବାର ଆରମ୍ଭରୁ ଅଶୋଧିତ ତେଲ ଦର ପ୍ରତି ବ୍ୟାରେଲ ପ୍ରାୟ ୮୦ ଡଲାରରେ ଖୋଲି ଏହା ୧୦୦ ଡଲାର ଉପରେ ଯାଇପାରେ। ସବୁଠାରୁ ଖରାପ ପରିସ୍ଥିତିରେ ଯଦି ହରମୁଜ୍ ପ୍ରଣାଳୀ ବନ୍ଦ ହୁଏ ତେବେ ମୂଲ୍ୟ ୧୩୦ ଡଲାର ଉପରେ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଜୁନ୍ ମାସରେ ଏ ପର୍ଯ୍ୟନ୍ତ ଅଶୋଧିତ ତେଲର ମୂଲ୍ୟ ୨୪ ପ୍ରତିଶତ ବୃଦ୍ଧି ପାଇ ପ୍ରତି ବ୍ୟାରେଲ ୭୭ ଡଲାର ହୋଇଛି। ଯେତେବେଳେ କି ମେ' ମାସରେ, ଅ ଶୋଧିତ ତେଲର ମୂଲ୍ୟ ୪ ପ୍ରତିଶତ ବୃଦ୍ଧି ପାଇଛି। ହରମୁଜ୍ ପ୍ରଣାଳୀ ଏକ ରଣନୈତିକ ଚକପଏଣ୍ଟ ଯାହା ବିଶ୍ୱ ତୈଳ ଯୋଗାଣର ପ୍ରାୟ ୨୦ପ୍ରତିଶତ ପରିଚାଳନା କରିଥାଏ। ଏହାକୁ ନେଇ ଏବେ ଚିନ୍ତା ବଢ଼ିଛି। ଅନ୍ୟପକ୍ଷରେ, କେଡିଆ ଆଡଭାଇଜରିର ନିର୍ଦ୍ଦେଶକ ଅଜୟ କେଡିଆ କହିଛନ୍ତି ଯେ ଉତ୍ତେଜନା ବହୁତ ବୃଦ୍ଧି ପାଇଛି ଏବଂ ଆମେରିକା ଯୁଦ୍ଧରେ ଡେଇଁବା ପରେ, ଇରାନ ହର୍ମୁଜ୍ ପ୍ରଣାଳୀକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇପାରେ। ଏଥିଯୋଗୁଁ ତୈଳ ଦର ପ୍ରତି ବ୍ୟାରେଲ ୯୫ ରୁ ୧୦୦ ଡଲାର ମଧ୍ୟରେ ପହଞ୍ଚିପାରେ। ଏହାସହିତ, ସୋମବାର ଅଶୋଧିତ ତୈଳ ମୂଲ୍ୟରେ ୧୦ ରୁ ୧୫ ପ୍ରତିଶତ ବୃଦ୍ଧି ଦେଖାଯାଇପାରେ। ଅନ୍ୟପକ୍ଷରେ, ପରିସ୍ଥିତି ନିୟନ୍ତ୍ରଣ କରିବାକୁ ଆମେରିକା ମଧ୍ୟ ତୈଳ ଯୋଗାଣ ବୃଦ୍ଧି କରିବାକୁ ଯାଉଛି।

ଅଶୋଧିତ ତୈଳ ମୂଲ୍ୟରେ ବୃଦ୍ଧି ଭାରତକୁ ମଧ୍ୟ ପ୍ରଭାବିତ କରିବ। ଭାରତ ଏହାର ଆବଶ୍ୟକତାର ୮୫ରୁ ୯୦ ପ୍ରତିଶତ ତୈଳ ଆମଦାନି କରେ। ଯଦି ମୂଲ୍ୟ ବୃଦ୍ଧି ପାଏ, ତେବେ ଦେଶ ଅନେକ ଆର୍ଥିକ ଆହ୍ୱାନର ସମ୍ମୁଖୀନ ହୋଇପାରେ। ଅଶୋଧିତ ତୈଳରେ ପ୍ରତି ବ୍ୟାରେଲରେ ୧୦ ଡଲାର ବୃଦ୍ଧି ଭାରତର ଚଳନ୍ତି ଖାତା ନିଅଣ୍ଟକୁ ଜିଡିପିର ୦.୩ ପ୍ରତିଶତ ବୃଦ୍ଧି କରିପାରେ ଏବଂ ମୁଦ୍ରାସ୍ଫୀତି ଚାପ ମଧ୍ୟ ବଢ଼ାଇପାରେ। ଜଣେ ମୁଦ୍ରା ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ସୋମବାର ଭାରତୀୟ ଟଙ୍କା ଡଲାର ତୁଳନାରେ ୫୦ ରୁ ୭୫ପଇସା ମଧ୍ୟରେ ହ୍ରାସ ପାଇପାରେ। ଯାହାର ପ୍ରଭାବ ଜିଡିପି ଉପରେ ମଧ୍ୟ ଦେଖାଯାଇପାରେ। ଏହା ବ୍ୟତୀତ, ସୋମବାର ଭାରତର ଷ୍ଟକ ବଜାରରେ ଭାରି ଚାପ ଦେଖିବାକୁ ମିଳିପାରେ। ବିଶେଷଜ୍ଞମାନେ ଚେତାବନୀ ଦେଇଛନ୍ତି ଯେ ଯଦି ଇରାନ ହର୍ମୁଜ ପ୍ରଣାଳୀରେ ଯାତାୟାତ ବାଧା ସୃଷ୍ଟି କରିବାକୁ ଚେଷ୍ଟା କରେ, ତେବେ ଅଶୋଧିତ ତୈଳର ମୂଲ୍ୟ ପ୍ରତି ବ୍ୟାରେଲ ୧୨୦-୧୩୦ ଡଲାର ପର୍ଯ୍ୟନ୍ତ ବୃଦ୍ଧି ପାଇପାରେ, ଯାହା ବିଶ୍ୱ ଷ୍ଟକ ବଜାର ଉପରେ ଗଭୀର ପ୍ରଭାବ ପକାଇବ। ବର୍ତ୍ତମାନ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ପ୍ରତି ବ୍ୟାରେଲ ୭୭ ଡଲାରରେ ରହିଛି। ଏଥିରେ ବିଶେଷ କଥା ହେଉଛି ଯେ ଗତ ଗୋଟିଏ ମାସରେ ଅଶୋଧିତ ତୈଳ ମୂଲ୍ୟ ପ୍ରାୟ ୨୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଅନ୍ୟପକ୍ଷରେ, ଶୁକ୍ରବାର ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ସାମାନ୍ୟ ବୃଦ୍ଧି ସହିତ ବ୍ୟାରେଲ ପିଛଶ ୭୫ ଡଲାରକୁ ଖସିଆସିଛି। ତଥାପି, ଗୋଟିଏ ମାସରେ ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ପ୍ରାୟ ୨୨ ପ୍ରତିଶତ ବୃଦ୍ଧି ପାଇଛି।

## ଯୁଦ୍ଧ ବଢ଼ିଲେ ଭାରତ ସହିବ ବଡ଼ କ୍ଷତି | ମହଙ୍ଗା ହେବ ବଜାର

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଏବଂ ଇସ୍ରାଏଲ ମଧ୍ୟରେ ଚାଲିଥିବା ଉତ୍ତେଜନା ଏବେ ଏକ ବିପଜ୍ଜନକ ସ୍ଥିତିରେ ପହଞ୍ଚିଛି। ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ ଯଦି ଏହି ଯୁଦ୍ଧ ଆହୁରି ବଢ଼େ ତେବେ ଏହାର ସବୁଠାରୁ ବଡ଼ ପ୍ରଭାବ ପଶ୍ଚିମ ଏସିଆର ଦେଶଗୁଡ଼ିକ ସହିତ ଭାରତର ବାଣିଜ୍ୟ ଉପରେ ପଡ଼ିବ। ଏଥିରେ ଇରାନ, ଇରାକ, ଜୋର୍ଡାନ, ଲେବାନନ, ସିରିଆ ଏବଂ ୟେମେନ ଭଳି ଦେଶ ଅନ୍ତର୍ଭୁକ୍ତ, ଯେଉଁଠିକି ଭାରତର ମୋଟ ରପ୍ତାନି ୮.୬ ବିଲିୟନ ଡଲାର ଏବଂ ଆମଦାନି ୩୩.୧ ବିଲିୟନ ଡଲାର ରହିଛି।



ମୁମ୍ବାଇର ରପ୍ତାନିକାରୀ ଏବଂ ଟେକ୍ନୋକ୍ରାଫ୍ଟ ଇଣ୍ଡଷ୍ଟ୍ରିଜ୍ ଇଣ୍ଡିଆର ପ୍ରତିଷ୍ଠାତା ଶରଦ କୁମାର ସରାଫ ଚେତାବନୀ ଦେଇଛନ୍ତି ଯେ ଏହି ଯୁଦ୍ଧ ଭାରତର ବାଣିଜ୍ୟ ଉପରେ ଏକ ବଡ଼ ପ୍ରଭାବ ପକାଇବ। ଭାରତ ଆର୍ଥିକ ବର୍ଷ ୨୦୨୪-୨୫ରେ ଇରାନକୁ ମୋଟ ୧.୨୪ ବିଲିୟନ ଡଲାରର ରପ୍ତାନି କରିଥିଲା, ଯେଉଁଥିରେ ବାସମତୀ ଚାଉଳ ୭୫୩.୨ ନିୟୁତ ଡଲାର), କଦଳୀ, ସୋୟାବିନ୍ ମିଲ୍, ଚଣା ଏବଂ ଚା' ଭଳି କୃଷି ଉତ୍ପାଦ ପ୍ରମୁଖ ଥିଲା। ଏହି ସମୟ ମଧ୍ୟରେ ଭାରତ ଇରାନରୁ ୪୪୧.୮ ନିୟୁତ ଡଲାରର ଆମଦାନୀ ମଧ୍ୟ କରିଥିଲା। ଇସ୍ରାଏଲ ସହିତ ଭାରତର ବାଣିଜ୍ୟ ୨.୧ ବିଲିୟନ ଡଲାର (ରପ୍ତାନି) ଏବଂ ୧.୬ ବିଲିୟନ ଡଲାର (ଆମଦାନୀ) ଥିଲା। ଜିଟିଆର୍‌ଆଇ ଅନୁଯାୟୀ, ଆମେରିକାର ପ୍ରତିବନ୍ଧକ ଯୋଗୁଁ ଏହି ଉଭୟ ଦେଶ ପୂର୍ବରୁ ଆର୍ଥିକ ଚାପରେ ଅଛନ୍ତି। ବର୍ତ୍ତମାନ ଯୁଦ୍ଧ ଯୋଗୁଁ, ବର୍ଦ୍ଧିତ ପେମେଣ୍ଟ ବ୍ୟବସ୍ଥା ଏବଂ ପରିବହନ ବିପଦ ଯୋଗୁଁ ଭାରତର ବାଣିଜ୍ୟ ଆହୁରି ପ୍ରଭାବିତ ହୋଇପାରେ। ଏଥିରେ ସବୁଠାରୁ ବଡ଼ ଚିନ୍ତା ହେଉଛି ହର୍ମୁଜ୍ ପ୍ରଣାଳୀ, ଯେଉଁଠାରୁ ଭାରତର ୬୦-୬୫% ଅଶୋଧିତ ତୈଳ ଯୋଗାଣ ହୁଏ। ଇରାନ ଏହି ଜଳପଥକୁ ବନ୍ଦ କରିବାକୁ ଧମକ ଦେଇଛି। ଏହି ମାର୍ଗ ଏତେ ଗୁରୁତ୍ୱପୂର୍ଣ୍ଣ ଯେ ଏହା କେବଳ ବିଶ୍ୱ ତୈଳ ବାଣିଜ୍ୟର ପ୍ରାୟ ୨୦ ପ୍ରତିଶତ ପରିଚାଳନା କରେ। ଏହି ପ୍ରଣାଳୀ ଇରାନ ଏବଂ ଓମାନ / ସଂଯୁକ୍ତ ଆରବ ଏମିରେଟ୍ସ ମଧ୍ୟରେ ଅବସ୍ଥିତ। ଏହା ମାଧ୍ୟମରେ ସାଉଦି ଆରବ, ଇରାନ, ଇରାକ, କୁଏତ ଏବଂ କତାରରୁ ତେଲ ଏବଂ ଏଲଏନଜି ରପ୍ତାନି କରାଯାଏ। ଯଦି ଏଠାରେ ଯୋଗାଣ ବାଧାପ୍ରାପ୍ତ ହୁଏ, ତେବେ ଭାରତରେ ଇନ୍ଧନ ମହଙ୍ଗା ହୋଇଯିବ, ମୁଦ୍ରାସ୍ଫୀତି ବୃଦ୍ଧି ପାଇବ, ଟଙ୍କା ଉପରେ ଚାପ ପଡ଼ିବ ଏବଂ ଆର୍ଥିକ ସନ୍ତୁଳନ ଖରାପ ହୋଇପାରେ।

ହୁଥି ବିଦ୍ରୋହୀଙ୍କ ଆକ୍ରମଣ ଯୋଗୁଁ ଲାଲ ସାଗର ମାର୍ଗ ପୂର୍ବରୁ ପ୍ରଭାବିତ ହୋଇଛି, ଯାହା ଭାରତ-ୟୁରୋପ ଏବଂ ଭାରତ-ଆମେରିକା ମଧ୍ୟରେ ବାଣିଜ୍ୟକୁ ପ୍ରଭାବିତ କରିଛି। ଭାରତର ୮୦% ୟୁରୋପୀୟ ବାଣିଜ୍ୟ ଏବଂ ମୋଟ ରପ୍ତାନିର ୩୪% ଏହି ସମୁଦ୍ର ପଥ ଦେଇ ହୋଇଥାଏ। ବିଶ୍ୱ ବାଣିଜ୍ୟ ସଂଗଠନ (ଡବ୍ଲ୍ୟୁଟିଓ) ମଧ୍ୟ ଚେତାବନୀ ଦେଇଛି ଯେ ଯଦି ପରିସ୍ଥିତି ସମାନ ରହେ, ତେବେ ୨୦୨୫ରେ ବିଶ୍ୱ ବାଣିଜ୍ୟ ୦.୨% ହ୍ରାସ ପାଇପାରେ, ଯେତେବେଳେ କି ପୂର୍ବରୁ କାରବାରରେ ୨.୭% ଅଭିବୃଦ୍ଧି ଆକଳନ କରାଯାଇଥିଲା। ଭାରତ ଇରାନ ସହିତ ଐତିହାସିକ ଏବଂ ରଣନୈତିକ ସମ୍ପର୍କ ରହିଛି। ଛାବାହାର ବନ୍ଦର, ଯାହା ଭାରତକୁ ଆଫଗାନିସ୍ତାନ ଏବଂ ମଧ୍ୟ ଏସିଆକୁ ସିଧାସଳଖ ପ୍ରବେଶ ପ୍ରଦାନ କରେ।

## ଲାଲ୍‌ଚନ୍ଦ୍‌ର ମନ୍‌ସୁନ୍ ସେଲ୍




ଭୁବନେଶ୍ୱର,୨୨।୬(ସମିସ): ଲାଲ୍‌ଚନ୍ଦ ଜୁଏଲର୍ସ ଏହାର ଗ୍ରାହକମାନଙ୍କ ଲାଗି 'ମନ୍‌ସୂନ୍ ସେଲ୍' ଅଫର ଆଣିଛି। ଏଥିରେ ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ମେସିନ୍-ନିର୍ମିତ ସୁନା ଚେନ୍‌ରେ ଗଢ଼ା ମଜୁରୀ ଫ୍ଲାଟ୍ ୭୯୯ ଟଙ୍କା/ଗ୍ରାମ୍ ରହିଛି। ସେହିପରି ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଡିଜାଇନର୍ ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୧୯୯ ଟଙ୍କା/ଗ୍ରାମ୍,ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଆଣ୍ଟିକ୍ ଏବଂ ଇଟାଲିଆନ୍ ଡିଜାଇନ୍‌ର ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୩୯୯ ଟଙ୍କା/ଗ୍ରାମ୍ ଏବଂ ରୁପା ଗହଣାର ଗଢ଼ା ମଜୁରୀରେ ଫ୍ଲାଟ୍ ୫୦% ରିଆତି ରହିଛି। ଏହାଛଡା ଲାଲ୍‌ଚନ୍ଦ୍‌ର ମନ୍‌ସୂନ୍ ସେଲ୍‌ରେ ଗ୍ରାହକ ହୀରା ଅଳଙ୍କାର ଉପରେ ଫ୍ଲାଟ୍ ୨୦,୦୦୦ ଟଙ୍କା/କ୍ୟାରେଟ୍ ରିହାତି, ନିର୍ଦ୍ଦିଷ୍ଟ ହାତଘଣ୍ଟାର ଏମ୍‌ଆରପି ଉପରେ ଫ୍ଲାଟ୍ ୨୦% ରିଆତି,ବ୍ରାଣ୍ଡେଡ୍ ସାମଗ୍ରୀ ଉପରେ ଫ୍ଲାଟ୍ ୧୫% ରିଆତି ରହିଛି। ଏତଦ୍‌ବ୍ୟତୀତ ପୁରୁଣା ଏଚ୍‌ୟୁଆଇଡି ସୁନା ଏକ୍ସଚେଞ୍ଜ୍‌ରେ ଗ୍ରାହକ ୧୦୦% ସୁନା ମୂଲ୍ୟ ପାଇପାରିବେ। ଆଗାମୀ ଲଖ୍‌ପତି ଲକି ଡ୍ର' ଜୁଲାଇ ମାସରେ ଅନୁଷ୍ଠିତ ହେବ ବୋଲି ଲାଲ୍‌ଚନ୍ଦ ଜୁଏଲର୍ସପକ୍ଷରୁ କୁହାଯାଇଛି।

## ଲ୍ୟାରି ଏଲିସନ୍ ବିଶ୍ୱର ଦ୍ୱିତୀୟ ଧନୀ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

- ଜେଫ୍ ବେଜୋସ, ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇଲେ
- ସମ୍ପତ୍ତି ୨୫୦.୯ ବିଲିୟନ୍ ଡଲାର

୮୦ ବର୍ଷ ବୟସରେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହେଲେ ଟେକ୍ନୋଲୋଜି କମ୍ପାନୀ ଓରାକଲ ପ୍ରତିଷ୍ଠାତା ଲ୍ୟାରି ଏଲିସନ୍। ସେ ଆମଜାନର ଜେଫ୍ ବେଜୋସ୍ ଏବଂ ମେଟାର ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଫର୍ଚ୍ୟୁନ ରିପୋର୍ଟ ଅନୁସାରେ ତାଙ୍କର ବିଜନେସ୍ ଷ୍ଟକ୍‌ରେ ୪୦ ମିଲିଅନ ଡଲାର ପର୍ଯ୍ୟନ୍ତ ବୃଦ୍ଧି ହୋଇଛି। ତାଙ୍କ ସମ୍ପତ୍ତି ମୂଲ୍ୟ ୨୫୦.୯ ବିଲିୟନ ଡଲାର ହୋଇଯାଇଛି। ଧନୀ ତାଲିକାରେ ଏଲିସନ୍ ବର୍ତ୍ତମାନ କେବଳ ଟେସଲା ସିଇଓ ଏଲନ ମସ୍କଙ୍କ ପଛରେ ରହିଛନ୍ତି। ମସ୍କ ୪୦୫.୮ ବିଲିୟନ ଡଲାର ସମ୍ପତ୍ତି ସହ ବିଶ୍ୱର ଏକ ନମ୍ବର ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନଙ୍କ ପାଖରେ କମ୍ପାନୀର ପ୍ରାୟ ୪୧ ପ୍ରତିଶତ ସେୟାର ଅଛି ଏବଂ ଓରାକେଲର ସେୟାର ବୃଦ୍ଧି ପାଇବା ପରେ, ତାଙ୍କ ସମ୍ପତ୍ତି ଗୋଟିଏ ଦିନରେ ୨୫ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତା'ପରେ ପୁଣିଥରେ ଆଉ ୧୬ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ଗତ ମଙ୍ଗଳବାର କମ୍ପାନୀ ଏହାର ଆୟ ରିପୋର୍ଟ ପ୍ରକାଶ କରିବାର ଗୋଟିଏ ଦିନ ପୂର୍ବରୁ, ଏଲିସନଙ୍କ ନେଟ୍ ସମ୍ପତ୍ତି ୨୧୩ ବିଲିୟନ ଡଲାର ଥିଲା। ଓରାକେଲର ଅଧ୍ୟକ୍ଷ ଏବଂ ଚିଫ୍ ଟେକ୍ନୋଲୋଜି ଅଫିସର ଲ୍ୟାରି ଏଲିସନ୍ ଅନ୍ୟମାନଙ୍କ ସହ ୧୯୭୭ ମସିହାରେ ଏକ ଡାଟାବେସ୍ ସଫ୍ଟୱେର୍ କମ୍ପାନୀ ଭାବରେ ଓରାକେଲ୍ ପ୍ରତିଷ୍ଠା କରିଥିଲେ। ସମୟ ଅନୁସାରେ



ଏହି କମ୍ପାନୀ ବିଶ୍ୱସ୍ତରୀୟ କ୍ଲାଉଡ୍ କମ୍ପ୍ୟୁଟିଂର ପାୱାର ହାଉସରେ ପରିଣତ ହୋଇଥିଲା। ଯାହା ଏଲିସନ୍‌ଙ୍କୁ ବିଶ୍ୱର ୧୦ ଧନୀ ବ୍ୟକ୍ତି ତାଲିକାରେ ସାମିଲ୍ କରାଇଥିଲା। ହେଲେ ଏବେ ୮୦ ବର୍ଷ ବୟସରେ ସେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନ ନିଜର ରୋକ୍‌ଠୋକ୍ ବ୍ୟକ୍ତିତ୍ୱ ଓ ଅସାଧାରଣ ଜୀବନଶୈଳୀ ପାଇଁ ଜଣାଶୁଣା। ଜୀବନକୁ ବିଳାସପୂର୍ଣ୍ଣ କରିବାରେ ତାଙ୍କର ଅଧିକ ଖର୍ଚ୍ଚ ହୋଇଥାଏ। ଏଲିସନ ୨୦୧୨ରେ ହାୱାଇର ଷଷ୍ଠ ବୃହତମ ଦ୍ୱୀପ ଲାନାଇର ୯୮% ଏରିଆକୁ ପ୍ରାୟ ୩୦୦ ନିୟୁତ ଡଲାରରେ କିଣିଥିଲେ।

କେବଳ ସେତିକି ନୁହେଁ, ତାଙ୍କ ପାଖରେ ନିଜର ସ୍ୱତନ୍ତ୍ର ବିମାନ ରହିଥିବା ବେଳେ ପାଇଲଟ ଭାବରେ ଲାଇସେନ୍ସ ବି ଅଛି। ଏଲନ ମସଙ୍କର ସେ ଜଣେ ଭଲ ବନ୍ଧୁ ହୋଇଥିବା ବେଳେ ଟେସ୍‌ଲାରେ ସେ ବଡ଼ ନିବେଶ କରିଛନ୍ତି। ଏକଥା ସେ ନିଜେ କହିଥିଲେ। ତେବେ ସବୁଠାରୁ ବଡ଼ କଥା ହେଲା ଆଇଏମ୍‌ଏଫ୍ ଆକଳନ ଅନୁଯାୟୀ, ଏଲିସନଙ୍କ ମୋଟ ସମ୍ପତ୍ତି କେବଳ ଆରବପତିଙ୍କ ସମ୍ପତ୍ତିଙ୍କୁ ଟପି ନାହିଁ ବରଂ ଏହା କେତେକ ଦେଶର ମୋଟ ଜିଡିପିକୁ ମଧ୍ୟ ଅତିକ୍ରମ କରିଯାଇଛି।

## ଡିଜିସିଏର ସତର୍କବାଣୀ; ବଢୁଛି ଏୟାର୍ ଇଣ୍ଡିଆର ସମସ୍ୟା

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ପରେ ଏୟାର ଇଣ୍ଡିଆର ସମସ୍ୟା ଥମିବାର ନାଁ ନେଉନି। ଗୋଟିଏ ପଟେ ଏୟାର ଇଣ୍ଡିଆର ଉଡାଣ ବାତିଲ୍ ହେଉଛି ତ ଅନ୍ୟପଟେ ବୈଷୟିକ ତ୍ରୁଟି ଯୋଗୁ ଉଡାଣ ପୁନଃ କାର୍ଯ୍ୟସୂଚୀ ପ୍ରସ୍ତୁତ ହେଉଛି। ଏଣୁ ଏୟାର ଇଣ୍ଡିଆ ଏବେ ପରିଚାଳନାଗତ ସମସ୍ୟା ମଧ୍ୟରେ ଛନ୍ଦି ହୋଇଯାଇଛି। ଏଥିରେ ଏବେ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ସବୁଠୁ ବଡ଼ ଚେତାବନୀ ଜାରି କରିଛନ୍ତି। ଡିଜିସିଏ ଏୟାର ଇଣ୍ଡିଆକୁ ଚେତାବନୀ ଜାରି କରି କହିଛନ୍ତି ଯେ ଯଦି ବିମାନ ପରିଚାଳନାରେ ଏପରି ସମସ୍ୟା ଜାରି ରୁହେ ବେ ଆଗକୁ ଏୟାର ଲାଇନ୍ସର ଲାଇସେନ୍ସ ବାତିଲ୍ କରାଯାଇ ପରେ। ନିୟାମକଙ୍କଠୁ ମିଳିଥିବା ଏହି ଚେତାବନୀ ଏୟାରଲାଇନ୍ସର ଭବିଷ୍ୟତକୁ ନେଇ ପ୍ରଶ୍ନ ଚିହ୍ନ ଲଗାଇଛି। ନିକଟରେ



ଏୟାର ଇଣ୍ଡିଆ ୩ ବରିଷ୍ଠ ଅଧିକାରୀଙ୍କୁ ସେମାନଙ୍କ ପଦରୁ ହଟାଇଛି। ଏଥିରେ ଏୟାର ଇଣ୍ଡିଆର ଡିଭିଜନାଲ ଭାଇସ୍ ପ୍ରେସିଡେଣ୍ଟ କ୍ରୁ ସିଡ୍ୟୁଲିଂ ମ୍ୟାନେଜର ଓ କ୍ରୁ ସିଡ୍ୟୁଲିଂ ପ୍ଲାନିଂ ଅଫିସରଙ୍କୁ ସେମାନଙ୍କ ପଦରୁ ହଟାଇଯାଇଛି। ରିପୋର୍ଟ ଅନୁସାରେ ଏୟାର ଇଣ୍ଡିଆ ପାଇଲଟ ଡ୍ୟୁଟି ସିଡ୍ୟୁଲିଂ, ପରିଚଳଳନା ଏବଂ ଗମ୍ଭୀର ଉଲ୍ଲଂଘନ ଜଣାପଡିବା ପରେ ଡିଜିସିଏ ଏପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ବିମାନ ନିୟାମକ ସ୍ପଷ୍ଟ କରିଛନ୍ତି ଯେ ଫ୍ଲାଇଟ୍ ସିଡ୍ୟୁଲିଂ ଅଥବା ଉଡ଼ାଣ ସମୟ ସମ୍ପର୍କିତ କୌଣସି ନିୟମ ଉଲ୍ଲଂଘନ ମାମଲାରେ ଏବେ ଏୟାର ଇଣ୍ଡିଆ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯିବ । ଏହି କାର୍ଯ୍ୟାନୁଷ୍ଠାନରେ ଅପରେଟର ପରମିସନ ବାତିଲ୍ ବି ହୋଇପାରେ। କେବଳ ଏତିକି ନୁହେଁ ଡିଜିସିଏ ଏୟାର ଇଣ୍ଡିଆକୁ ୨୦୨୪ ବର୍ଷରେ କରାଯାଇଥିବା ସବୁ ଇନସ୍ପେକ୍ସନ ଓ ଅଡିଟ ବିବରଣୀ ତୁରନ୍ତ ପ୍ରଦାନ କରିବାକୁ କହିଛନ୍ତି। ସେହିପରି ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣା ପରେ ଡିଜିସିଏ ଦେଶର ପୁରା ବିମାନ ଚଳାଚଳ ପ୍ରଣାଳୀର ୩୬୦ ଡିଗ୍ରି ସ୍କାନିଂ ଆଦେଶ ଦେଇଛନ୍ତି। ଏଥିରେ ବିମାନ ଉଡ଼ାଣ ସଞ୍ଚାଳନ, ରକ୍ଷଣାବେକ୍ଷଣା, ଲାଇସେନ୍ସିଂ, ସୁରକ୍ଷା ପ୍ରବନ୍ଧନ, ପ୍ରଶିକ୍ଷଣ ସଂସ୍ଥାନ, ଏମଆରଓରୁ ଆରମ୍ଭ କରି ଏଟିସି ପର୍ଯ୍ୟନ୍ତ ପୁରା ଯାଞ୍ଚ ହେବ।

## ଡକ୍ଟର ଶିବ ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘର ସହାଧ୍ୟକ୍ଷ ନିର୍ବାଚିତ



ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ହିନ୍ଦୁସ୍ତାନ ଉର୍ବାରକ ଏବଂ ରସାୟନ ଲିମିଟେଡ୍ (ଏଚ୍‌ୟୁଆର୍‌ଏଲ୍)ର ପରିଚାଳନା ନିର୍ଦ୍ଦେଶକ ଡକ୍ଟର ସିବା ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘ(ଏଫ୍‌ଏଆଇ)ର ସହାଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। ଏ ନେଇ ଏଚ୍‌ୟୁଆର୍‌ଏଲ୍ ପକ୍ଷରୁ ଘୋଷଣା କରାଯାଇଛି। ଏହି ସମ୍ମାନଜନକ ନିଯୁକ୍ତି ସାର କ୍ଷେତ୍ରରେ ସ୍ଥାୟୀ କୃଷି ଏବଂ ନବସୃଜନକୁ ପ୍ରୋତ୍ସାହିତ କରିବାରେ ଡକ୍ଟର ମହାନ୍ତିଙ୍କ ନିରନ୍ତର ନେତୃତ୍ୱକୁ ପ୍ରତିଫଳିତ କରୁଛି। ଏହି ପ୍ରମୁଖ ଭୂମିକାରେ ତାଙ୍କର ନିର୍ବାଚିତ ହେବା ଶିଳ୍ପ ମଧ୍ୟରେ ଗଭୀର ସହଯୋଗ ଏବଂ ରଣନୈତିକ ଅଭିବୃଦ୍ଧି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ସହାଧ୍ୟକ୍ଷ ଭାବରେ ଡକ୍ଟର ମହାନ୍ତି ରାଷ୍ଟ୍ର ପାଇଁ ସନ୍ତୁଳିତ ସାର ବ୍ୟବହାର, ନୀତିଗତ ସମର୍ଥନ ଏବଂ ଖାଦ୍ୟ ସୁରକ୍ଷାର ମିଶନକୁ ଆଗକୁ ବଢ଼ାଇବା ପାଇଁ ଏଫ୍‌ଏଆଇ ସଦସ୍ୟ କମ୍ପାନୀଗୁଡ଼ିକ ସହିତ କାମ କରିବେ।

## ୨୦୨୪-୨୫ରେ ୨.୨୩ ଲକ୍ଷ କୋଟିର ଜିଏସ୍‌ଟି ଚୋରି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

### ତଦନ୍ତ ନିର୍ଦ୍ଦେଶ ଦେଲେ ଅର୍ଥମନ୍ତ୍ରୀ

କେନ୍ଦ୍ରୀୟ ପରୋକ୍ଷ ଟିକସ ଏବଂ ସୀମା ଶୁଳ୍କ ବୋର୍ଡ (ସିବିଆଇସି) ୨୦୨୪-୨୫ରେ୨.୨୩ ଲକ୍ଷ କୋଟି ଟଙ୍କାର ସାମଗ୍ରୀ ଏବଂ ସେବା ଟିକସ (ଜିଏସ୍‌ଟି) ଠକେଇ ଚିହ୍ନଟ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ସିବିଆଇସି ସମ୍ମିଳନୀରେ ଦିଆଯାଇଥିବା ସରକାରୀ ତଥ୍ୟରେ ଏହା ପ୍ରକାଶ ପାଇଛି। ଏହାପରେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏହି ଘଟଣାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

ସମ୍ମିଳନୀରେ ଅଧ୍ୟକ୍ଷତା କରି ଅର୍ଥମନ୍ତ୍ରୀ ସୀମା ଶୁଳ୍କ ଏବଂ ସିଜିଏସ୍‌ଟି ମାମଲାର ତଦନ୍ତ ଶୀଘ୍ର ସମାପ୍ତ କରିବାକୁ, ଟିକସ ଠକେଇ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏବଂ ଜିଏସ୍‌ଟି ପଞ୍ଜିକରଣ ଏବଂ ଅଭିଯୋଗ ସମାଧାନରେ ସମୟୋଚିତ ଉନ୍ନତି ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି। ୨୦୨୩ ଆର୍ଥିକବର୍ଷରେ ପ୍ରାୟ ୬୨.୨୧ ପ୍ରତିଶତ ଜିଏସ୍‌ଟି ଦାତାଙ୍କ ଅଡିଟ୍ କରାଯାଇଥିଲା ଏବଂ ୨୦୨୫ ଆର୍ଥିକ ବର୍ଷରେ ଏହି ସଂଖ୍ୟା ୮୮.୭୪ ପ୍ରତିଶତକୁ ବୃଦ୍ଧି ପାଇଛି। ଅଧିକାରୀମାନେ କହିଛନ୍ତି ଯେ ତିନି ବର୍ଷରେ କୌଣସି କରଦାତାଙ୍କର ଏକାଧିକ ଥର ଅଡିଟ୍ କରାଯାଇନାହିଁ। ରିଫଣ୍ଡରେ ଉନ୍ନତି




ବିଷୟରେ ସୂଚନା ଦେଇ କୁହାଯାଇଥିଲା ଯେ ୬୦ ଦିନର ନିର୍ଦ୍ଧାରିତ ଅବଧି ମଧ୍ୟରେ ୮୫ ପ୍ରତିଶତ ଦାବି ସମାଧାନ କରାଯାଇଛି। ୨୦୨୪-୨୫ ମଧ୍ୟରେ ଜିଏସ୍‌ଟିଆର୍-୩ବି ରିଟର୍ଣ୍ଣ ଦାଖଲ କରିବାର ଜାତୀୟ ହାର ୯୪.୩ ପ୍ରତିଶତ ଥିଲା। ଏହି ସମୟରେ, ଅଭିଯୋଗ ସମାଧାନରେ ମଧ୍ୟ ଉନ୍ନତି ଦେଖାଯାଇଛି ଏବଂ ହାରାହାରି ସମାଧାନ ସମୟ ନିର୍ଦ୍ଧାରିତ ୨୧ ଦିନରୁ ହ୍ରାସ ପାଇ ୯ ଦିନ ହୋଇଛି। ବିଜ୍ଞପ୍ତିରେ କୁହାଯାଇଛି, କେନ୍ଦ୍ରୀୟ ସାର୍ବଜନୀନ ଅଭିଯୋଗ ସମାଧାନ ଏବଂ ମନିଟରିଂ ସିଷ୍ଟମ ଉପରେ ୯୫ ରୁ ୯୭ ପ୍ରତିଶତ ଆବେଦନ ୩୦ ଦିନ ମଧ୍ୟରେ ସମାଧାନ କରାଯାଉଛି, ଯାହା ଏକ ଉତ୍କୃଷ୍ଟ ପ୍ରଦର୍ଶନ। ଏହି ପ୍ରଦର୍ଶନ ଗତ ବର୍ଷ ଫେବୃଆରୀଠାରୁ ଏହି ସିଷ୍ଟମରେ ରାଙ୍କିଙ୍ଗରେ ୯୦ ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ମଧ୍ୟରେ ସିବିଆଇସିକୁ ଶୀର୍ଷ ପାଞ୍ଚଟି ସ୍ଥାନରେ ପହଞ୍ଚାଇଛି। ସୀତାରମଣ ବିଭାଗକୁ କରଦାତା ଏବଂ ବାଣିଜ୍ୟ ସଂଗଠନ ମଧ୍ୟରେ ସଚେତନତା ଅଭିଯାନ ବୃଦ୍ଧି କରିବାକୁ କହିଛନ୍ତି। ବିଶେଷକରି ଜିଏସ୍‌ଟି ପଞ୍ଜିକରଣ ପାଇଁ ଆବଶ୍ୟକୀୟ ଡକ୍ୟୁମେଣ୍ଟ ଉପରେ ଅର୍ଥମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି। ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। କ୍ଷମତା ଉପରେ ଭରସା ରଖନ୍ତୁ। ବୈବାହିକ ଜୀବନ ସୁଖମୟ ହେବ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ। ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ନିଜକୁ କମଜୋର ଭାବନ୍ତୁ ନାହିଁ। ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ। ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ। ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ। ପାରିବାରିକ ସୁଖ ଶାନ୍ତି ମିଳିବ। ଯାନବାହନ କ୍ରୟ କରିପାରନ୍ତି।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ। ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଜୀବନସାଥିଙ୍କ ସହଯୋଗ ଲୋଡ଼ିବେ। ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ। ରାଜନେତାଙ୍କ ପାଇଁ ଭଲ ସମୟ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ। ଧନପ୍ରାପ୍ତି ଯୋଗ ରହିଛି। ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ। କିଣା-ବିକାରେ ସମୟ ବିତିବ। ବୈବାହିକ ଜୀବନ ସୁଖମୟ ହେବ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ। ଆୟ ଅନୁସାରେ ବ୍ୟୟ କମ୍ ହେବ। ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି। ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ। ଅକସ୍ମାତ ଖୁସି ଖବର ପାଇବେ। ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ। ବ୍ୟବସାୟରୁ ଲାଭ ପାଇବେ। କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ। ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ। ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି। ଅଧିକ ଚିନ୍ତା କରନ୍ତୁନି। ନୂତନ ବ୍ୟବସାୟ ଆରମ୍ଭ କରିପାରିବେ। ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ମହିଳାମାନେ ଧର୍ମପରାୟଣା ହେବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ। ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ। ପରିବାର ସହିତ କିଛି ସମୟ ବିତାନ୍ତୁ। କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି। ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି। ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ। ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ। ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି। ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି।

## ଆଜିର ଇତିହାସ

- ୧୭୬୧- ମହାନ ମରାଠା ପେଶୱା ବାଲାଜୀ ବାଜିରାଓଙ୍କ ବିୟୋଗ।
- ୧୯୫୩- ଭାରତୀୟ ଜନସଂଘର ସଂସ୍ଥାପକ ଡ.ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଦେହାନ୍ତ।
- ୧୯୮୦- ଇନ୍ଦିରା ଗାନ୍ଧୀଙ୍କ ପୁତ୍ର ସଞ୍ଜୟ ଗାନ୍ଧୀଙ୍କ ବିମାନ ଦୁର୍ଘଟଣାରେ ମୃତ୍ୟୁ।
- ୧୯୯୪-ଉତ୍ତର କୋରିଆ ପରମାଣୁ କାର୍ଯ୍ୟକ୍ରମ ସ୍ଥଗିତ ରଖିବା ପାଇଁ ଘୋଷଣା କଲା।
- ୨୦୧୬- ବ୍ରିଟେନବାସୀ ୟୁରୋପୀୟ ସଂଘରୁ ଅଲଗା ହେବା ସପକ୍ଷରେ ଭୋଟ୍ ଦେଲେ।

# ପାଞ୍ଚ ମିନିଟ୍‌ରେ ଖାଇଲେ ୩୨ଟି ଆମ୍ବ



ସାମାଜିକ ଗଣମାଧ୍ୟମରେ ଅନେକ ସମୟରେ ଫୁଡ୍ ଚ୍ୟାଲେଞ୍ଜର ଭିଡିଓଗୁଡ଼ିକ ଭାଇରାଲ ହୋଇଥାଏ। ଏହି କ୍ରମରେ ବିହାରର ଇଶାନ କୁମାର ମାତ୍ର ପାଞ୍ଚ ମିନିଟ୍‌ରେ ୩୨ଟି ଆମ୍ବ ଖାଇ ଏବେ ଚର୍ଚ୍ଚାରେ ରହିଛନ୍ତି। ବିହାର, ମଧୁବନି ଜିଲ୍ଲାର ସରସୋପାହି ଗାଁ ସ୍ଥିତ ସାର୍ ଗଙ୍ଗାନାଥ ଝା ପାଠାଗାରରେ ପ୍ରତିବର୍ଷ 'ମିଥିଳା ଆମ୍ବ ଉତ୍ସବ' ଆୟୋଜିତ ହୋଇଥାଏ। ପ୍ରତିବର୍ଷ ପରି ଚଳିତବର୍ଷ ମଧ୍ୟ ଏହି ଉତ୍ସବକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମନରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା। 'ଆମ୍ବ ଖାଅ ପ୍ରତିଯୋଗିତା'ରେ ଛୋଟ ପିଲାଠୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସମସ୍ତେ ଅଂଶଗ୍ରହଣ କରିଥିଲେ। ଚଳିତବର୍ଷ ଏହି ଆୟୋଜନରେ ଭାଗ ନେଇଥିବା ପ୍ରତିଯୋଗୀଙ୍କ ମଧ୍ୟରୁ ଇଶାନ କୁମାର ମାତ୍ର ୫ମିନିଟ୍ ମଧ୍ୟରେ ୩୨ ଟି ଆମ୍ବ ଖାଇ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସେହିଭଳି ରାଜେଶ ମଣ୍ଡଳ ପାଞ୍ଚ ମିନିଟ୍‌ରେ ୨୬ଟି ଆମ୍ବ ଖାଇ ଦ୍ୱିତୀୟ ସ୍ଥାନରେ ଏବଂ ହର୍ଷ ନାଥ ଝା ୫ ମିନିଟ୍ ୨୨ଟି ଆମ୍ବ ଖାଇ ତୃତୀୟ ସ୍ଥାନ ଅଧିକାର କରିଥିଲେ। ବିଜେତାମାନଙ୍କୁ ପୁରସ୍କାର ଦିଆଯାଇ ସମ୍ମାନିତ କରାଯାଇଥିଲା। ତେବେ ମିଥିଳାରେ ଆୟୋଜିତ ହେଉଥିବା ଏହି ଉତ୍ସବ ପାଇଁ ବିଭିନ୍ନ ସ୍ଥାନରୁ ଆମ୍ବର ଭିନ୍ନ ଭିନ୍ନ କିସମ ଅଣାଯାଇଥାଏ। ଏହାବାଦ୍ ସ୍ଥାନୀୟ ଚାଷୀଙ୍କଠାରୁ ଆମ୍ବ କିଣାଯାଇ ଏହାକୁ ଉତ୍ସବରେ ପ୍ରଦର୍ଶନ କରାଯାଇଥାଏ। ଡିଜିଟାଲ ଦୁନିଆରୁ ଲୋକଙ୍କୁ କିଛି ସମୟ ବାହାର କରି ଆଣିବା ତଥା ପରମ୍ପରାଗତ ଖାଦ୍ୟକୁ ପ୍ରୋତ୍ସାହନ ଦେବା ନିମନ୍ତେ ଏହି ଉତ୍ସବର ଆୟୋଜନ କରାଯାଉଥିବା ଏହାର ଆୟୋଜକମାନେ କହିଛନ୍ତି।

# କିଆରାଙ୍କ ପାଇଁ ଯଶ୍ ନେଲେ ଏହି ନିଷ୍ପତ୍ତି





ବଲିଉଡ୍ ଅଭିନେତ୍ରୀ କିଆରା ଆଡ଼ଭାନୀ ଏବେ ଗର୍ଭବତୀ ଥିବାରୁ କିଛି ଫିଲ୍ମରୁ ସେ ବାଦ୍ ପଡ଼ି ଯାଇଛନ୍ତି। 'ଡନ୍-୩'ରୁ ସେ ବାଦ୍ ପଡ଼ିବା ପରେ ଏବେ ତାଙ୍କ ବଦଳରେ ଏଥିରେ କ୍ରିତି ସାନନ୍ ନଜର ଆସିବେ। ଏହାବାଦ୍ କିଆରା ସାଉଥ୍ ସୁପରଷ୍ଟାର୍ ଯଶ୍‌ଙ୍କ ସହ 'ଟକ୍ସିକ୍' ଫିଲ୍ମରେ ନଜର ଆସିବେ। ଏହି ଫିଲ୍ମର କିଛି ଅଂଶ ସୁଟ୍ କରାଯାଇଥିଲେ ବି ଅଧାରୁ ଅଧିକ ସୁଟିଂ ବାକି ଅଛି। ତେବେ ଯଶ୍, କିଆରା ଗର୍ଭବତୀ ଥିବା କଥା ଜାଣି ଫିଲ୍ମକୁ ନେଇ ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି। ଫିଲ୍ମର ସୁଟିଂ ବେଙ୍ଗାଲୁରୁରେ ହେଉଥିଲା। ଯଶ୍ କିଆରାଙ୍କ ପାଇଁ ଏବେ ଏହାର ସେଟ୍ ମୁମ୍ବାଇରେ କରିବାକୁ ନିର୍ଦ୍ଦେଶକ ଗୀତୁ ମୋହନଦାସ ଓ ପ୍ରଯୋଜକ ଭେଙ୍କଟ କେ. ନାରାୟଣଙ୍କୁ ଅନୁରୋଧ କରିଛନ୍ତି। କିଆରାଙ୍କୁ ଯେମିତି ଯାତ୍ରା କରିବା ଯୋଗୁଁ କୌଣସି ଅସୁବିଧା ନ ହେବ ଯଶ୍ ଏପରି କରିଥିବା ଜଣାପଡ଼ିଛି। ଏହା ୧୯ ମାର୍ଚ୍ଚ, ୨୦୨୬ରେ ରିଲିଜ୍ ହେବ। ଏହି ଆକ୍ସନ-ଆଡଭେଞ୍ଚର ଫିଲ୍ମରେ ହୁମା କ୍ୟୁରେସି, ତାରା ସୂତାରିଆ, ଅକ୍ଷୟ ଓବରୟ ମଧ୍ୟ ନଜର ଆସିବେ। ଏହି ଫିଲ୍ମ ହିନ୍ଦୀ ବ୍ୟତୀତ କନ୍ନଡ଼, ଇଂରାଜୀ ସହ ଅନ୍ୟ ଛଅଟି ଭାଷାରେ ରିଲିଜ୍ ହେବ। ଫିଲ୍ମର ପୋଷ୍ଟର୍‌ରେ ଯଶ୍‌ଙ୍କ ଲୁକ୍ ଦେଖି ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି।

# ମରିବା ପୂର୍ବରୁ ମାଛ ଯନ୍ତ୍ରଣାରେ ଛଟପଟ ହୁଏ



ପ୍ରତିଦିନ ମଣିଷଙ୍କ ଖାଇବା ପାଇଁ ଲକ୍ଷ ଲକ୍ଷ ସଂଖ୍ୟକ ମାଛ ମରାଯାଏ। ମାଛ ମରିବା ପୂର୍ବରୁ ଭୀଷଣ ଯନ୍ତ୍ରଣାରେ ଛଟପଟ ହୋଇଥାଏ ବୋଲି ନିକଟରେ ଏକ ଗବେଷଣାରୁ ପ୍ରକାଶ ପାଇଛି। କେତେକ ମାଛ ମରିବା ପୂର୍ବରୁ ୨-୨୦ ମିନିଟ୍ ପର୍ଯ୍ୟନ୍ତ ଅସହ୍ୟ ଯନ୍ତ୍ରଣାରେ ଛଟପଟ ହୋଇଥାନ୍ତି ବୋଲି ଏହି ଗବେଷଣାରେ କୁହାଯାଇଛି। ତେବେ ଏହି ଗବେଷଣା ରେନ୍‌ବୋ ଟ୍ରାଉଟ୍ ନାମକ ମାଛ ଉପରେ କରାଯାଇଥିଲା। ଏହି ମାଛକୁ ମାରିବା ପାଇଁ ଏୟାର ଆସ୍‌ଫିକ୍‌ସିଏସନ (ଶ୍ୱାସରୁଦ୍ଧ କରି ମାରିବା) ପଦ୍ଧତିର ସାହାଯ୍ୟ ନିଆଯାଇଥିଲା। ଉକ୍ତ ପ୍ରକ୍ରିୟାରେ ପ୍ରଥମେ ମାଛକୁ ପାଣିରୁ ବାହାର କରାଯାଏ। ଏହାପରେ ମାଛଗୁଡ଼ିକୁ ପବନରେ ଛାଡ଼ି ଦିଆଯାଏ। ଏହି ପ୍ରକ୍ରିୟାରେ ଧୀରେ ଧୀରେ ଅମ୍ଳଜାନ ଅଭାବରୁ ମାଛଟି ଶ୍ୱାସରୁଦ୍ଧ ହୋଇ ମରିଯାଏ। ସେହିପରି ପବନରେ ମାଛଟି କେବଳ ଗୋଟିଏ ମିନିଟ୍ ରହିବା ପରେ ହିଁ ତା'ର ଶରୀରରେ ପ୍ରତିକ୍ରିୟା ଆରମ୍ଭ ହୋଇଯାଏ। ଏହାଦ୍ୱାରା ମାଛର ଯନ୍ତ୍ରଣା ବୃଦ୍ଧି ପାଏ ଏବଂ ଏହା ୨-୨୦ ମିନିଟ୍ ପର୍ଯ୍ୟନ୍ତ ଚାଲେ। ଏହି କାରଣ ଯୋଗୁଁ ମାଛକୁ ଅସହନୀୟ ଯନ୍ତ୍ରଣା ସହିବାକୁ ପଡ଼ିଥାଏ। ସେହିପରି କିଛି ସ୍ଥାନରେ ମାଛକୁ ମାରିବା ପୂର୍ବରୁ ବରଫରେ ରଖାଯାଏ। ହେଲେ ଏହି ଉପାୟ ଅତ୍ୟନ୍ତ ଯନ୍ତ୍ରଣାଦାୟକ। ବରଫରେ ମାଛର ମେଟାବଲିଜିମ୍ ଧୀମା ହୋଇଯାଏ। ଏହାଦ୍ୱାରା ସେମାନେ ଚେତାଶୂନ୍ୟ ହେବା ଲାଗି ଅଧିକ ସମୟ ଲାଗେ। ଫଳରେ ସେମାନଙ୍କର ଯନ୍ତ୍ରଣା ସହିବା ସମୟ ଅଧିକ ହୋଇଯାଏ। ସେହିପରି ଏହି ଗବେଷଣାରେ ଏହାର ସମାଧାନ ସମ୍ପର୍କରେ ବି କୁହାଯାଇଛି। ଇଲେକଟ୍ରିକ୍ ଷ୍ଟନିଂ (ବିଦ୍ୟୁତ୍ ଅଚେତନ ବିଧି)କୁ ଆପଣାଇବା ଦ୍ୱାରା ମାଛର ଯନ୍ତ୍ରଣା କମ୍ ହୋଇଥାଏ ବୋଲି ଏଥିରେ କୁହାଯାଇଛି। ତେବେ ଏହି ଗବେଷଣା ସମୟରେ ଗବେଷକମାନେ ୱେଲଫେୟାର୍ ଫୁଟ୍‌ପ୍ରିଣ୍ଟ ଫ୍ରେମ୍‌ୱାର୍କ ନାମକ ଏକ ବୈଜ୍ଞାନିକ ପଦ୍ଧତିର ସାହାଯ୍ୟ ନେଇଥିଲେ। ଏହାଦ୍ୱାରା ପ୍ରତି ମିନିଟ୍‌ର ଯନ୍ତ୍ରଣାକୁ ଆକଳନ କରାଯାଏ। ତେବେ ଏହି ଗବେଷଣା ମାଛମାନଙ୍କ ପ୍ରତି ମାନବୀୟ ବ୍ୟବହାର ପ୍ରଦର୍ଶନ ପାଇଁ ଆହ୍ୱାନ ସୃଷ୍ଟି କରିଛି।



# ଘୋଷ ଯାତ୍ରା

**ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିରେ ପାଳିତ ହୁଏ ରଥଯାତ୍ରା। ଏହାକୁ 'ଘୋଷ ଯାତ୍ରା', 'ଶ୍ରୀଗୁଣ୍ଡିଚା ଯାତ୍ରା', 'ପତିତପାବନ ଯାତ୍ରା', 'ଆଡ଼ପମଣ୍ଡପ ଯାତ୍ରା', 'ଦଶାବତାର ଯାତ୍ରା' ବୋଲି ମଧ୍ୟ କୁହାଯାଏ। ଓଡ଼ିଶାର ମୁଖ୍ୟ ଯାତ୍ରା ଭାବେ ପୁରୀ ରଥଯାତ୍ରା ବିଶ୍ୱ ପ୍ରସିଦ୍ଧ। ସେହିପରି ଏହା ଜଗନ୍ନାଥ ମନ୍ଦିରରେ ପାଳିତ ଦ୍ୱାଦଶ ଯାତ୍ରା ମଧ୍ୟରେ ପ୍ରଧାନ। ଏହା ପୁରୀ ବ୍ୟତୀତ ବିଭିନ୍ନ ସ୍ଥାନରେ ପାଳିତ ହେଉଛି।**

ମହାପ୍ରଭୁ ଶ୍ରୀଜଗନ୍ନାଥ ବର୍ଷକୁ ଥରେ ରତ୍ନସିଂହାସନ ଛାଡ଼ି ଭକ୍ତଗହଣକୁ ରଥଯାତ୍ରା ଦିନ ଆସନ୍ତି। ରତ୍ନବେଦୀ ଛାଡି ଜନ୍ମବେଦୀକୁ ନବଦିନାତ୍ମକ ଯାତ୍ରାରେ ଯାଇଥାନ୍ତି ଚତୁର୍ଦ୍ଧାମୂର୍ତ୍ତି। ଘଣ୍ଟଘଣ୍ଟା, ଭଜନ କୀର୍ତ୍ତନ କାହାଳିରେ ଝୁଲି ଝୁଲି ଆସି ରଥାରୁଢ଼ ହୋଇଥାନ୍ତି ଶ୍ରୀଜୀଉ। ଏହି ଦିନ ଘଣ୍ଟ, ଶଙ୍ଖ ବାଦରେ ବଡ଼ଦାଣ୍ଡ ପ୍ରକମ୍ପିତ ହୁଏ। ଶ୍ରୀମନ୍ଦିରରୁ ପହଣ୍ଡି ହୋଇ ତିନି ରଥରେ ଶ୍ରୀବିଗ୍ରହ ବିଜେ କରନ୍ତି। ସେହିପରି ରଥ ଉପରେ ମହାପ୍ରଭୁଙ୍କ ଦର୍ଶନ ସହ ରଥ ଟାଣିବାକୁ ଉତ୍କଣ୍ଠାର ସହ ଭକ୍ତମାନେ ଚାହିଁଥାନ୍ତି।

# ମେହେନ୍ଦି ଲଗାଇବାର ମହତ୍ତ୍ୱ

**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଆଷାଢ଼ ମାସରେ ମେହେନ୍ଦି ଲଗାଇବାର ବିଶେଷ ମହତ୍ତ୍ୱ ଅଛି। ମୁଖ୍ୟତଃ ଏହି ମାସରେ ପାଣିପାଗରେ ପରିବର୍ତ୍ତନ ଦେଖାଦିଏ। ଏଣୁ ଏହି ସମୟରେ ମେହେନ୍ଦି ଲଗାଇଲେ ଏହା ଶରୀରକୁ ଶୀତଳତା ପ୍ରଦାନ କରିବା ସହ ମନକୁ ଶାନ୍ତ ରଖେ।**

ଆଷାଢ଼ ମାସରେ ମେହେନ୍ଦି ରଙ୍ଗ ଯେତେ ଗାଢ଼ ହେବ, ଏହା ସେତିକି ଶୁଭ ହୋଇଥାଏ ବୋଲି ବିଶ୍ୱାସ ରହିଛି। ଏହି ରଙ୍ଗ କେବଳ ହାତକୁ ସୁନ୍ଦର କରି ନ ଥାଏ, ଏହାର ସମ୍ବନ୍ଧ ଗ୍ରହ ସହ ବି ଜଡ଼ିତ ଥାଏ। ଜାତକରେ ମଙ୍ଗଳ ଓ ଶୁକ୍ର ଗ୍ରହକୁ ଶାନ୍ତ କରିବା ଲାଗି ମେହେନ୍ଦି ଲଗାଇବା ଶୁଭ। କାରଣ ମଙ୍ଗଳ ଗ୍ରହ ଶକ୍ତି ଓ କ୍ରୋଧ ସହ ସମ୍ବନ୍ଧିତ ଥିବା ବେଳେ ଶୁକ୍ର ଗ୍ରହ ପ୍ରେମ ଏବଂ ସମ୍ପର୍କ ସହ ଜଡ଼ିତ। ତେଣୁ ମେହେନ୍ଦି ଲଗାଇବା ଦ୍ୱାରା ଏହି ଦୁଇ ଗ୍ରହ ସନ୍ତୁଳନରେ ରହେ।

କୁହାଯାଏ, ବିବାହିତା ମହିଳା ଆଷାଢ଼ରେ ମେହେନ୍ଦି ଲଗାଇଲେ ବୈବାହିକ ଜୀବନ ସୁଖମୟ ହୋଇଥାଏ। ଘରେ ଶାନ୍ତି ବଜାୟ ରହେ। ସେହିପରି ମାନ୍ୟତା ଅଛି, ସନ୍ତାନ ପ୍ରାପ୍ତି ଲାଗି ମେହେନ୍ଦି ଲଗାଇବା ଶୁଭ। ଆଷାଢ଼ ମାସରେ ଭଗବାନ ବିଷ୍ଣୁଙ୍କ ପୂଜାର ବିଶେଷ ମହତ୍ତ୍ୱ ଅଛି। ଏହି ମାସରେ ଦେବଶୟନ ଏକାଦଶୀ ବ୍ରତ ପାଳନ କରାଯାଏ। ଏହି ଅବସରରେ ମେହେନ୍ଦି ଲଗାଇବା ଭଲ। ଏହି ସମୟରେ ଭଗବାନ ବିଷ୍ଣୁ ଶୟନ ଅବସ୍ଥାରେ ଥାନ୍ତି। ଏହି ସମୟରେ ଭଗବାନ ବିଷ୍ଣୁଙ୍କୁ ମେହେନ୍ଦି ଅର୍ପଣ କରିବା ଶୁଭ। ଜାତକରେ ନକାରାତ୍ମକ ପ୍ରଭାବ ଅନୁଭୂତ ହେଉଥିଲେ ମେହେନ୍ଦି ଲଗାଇବା ଶୁଭ। ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ମେହେନ୍ଦି ଲଗାଇବାର ଉତ୍ତମ ଦିନ ହେଉଛି ବୁଧବାର ଓ ଶୁକ୍ରବାର।

## ସୃଷ୍ଟି

# ଜନ୍ମବାରରୁ ବ୍ୟକ୍ତିତ୍ୱ



**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଜାତକ, ରାଶି, ଜନ୍ମତିଥିରୁ ଯେଭଳି ଜଣକ ବ୍ୟକ୍ତିତ୍ୱ ଓ ସ୍ୱଭାବ ସମ୍ପର୍କରେ ଜାଣି ହୁଏ। ଠିକ୍ ସେହିପରି ଜନ୍ମବାରରୁ ଜଣଙ୍କ ସ୍ୱଭାବ ଓ ବ୍ୟବହାର ବାବଦରେ ଜାଣିବା ସମ୍ଭବ। ଏହି କ୍ରମରେ କେଉଁ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିଙ୍କ ସ୍ୱଭାବ କିଭଳି ହୋଇଥାଏ, ସେ ସମ୍ପର୍କରେ ଜାଣିବା।**

**ରବିବାର:** ରବିବାର ଜନ୍ମଗ୍ରହଣ କରିଥିବା ବ୍ୟକ୍ତି ଭାଗ୍ୟଶାଳୀ ହୋଇଥାନ୍ତି। ସେମାନଙ୍କଠାରେ ଛୋଟ ପିଲାଙ୍କଠାରୁ ଆରମ୍ଭ କରି ପ୍ରାଣୀଙ୍କୁ ମଧ୍ୟ ନିଜ ପ୍ରତି ଆକର୍ଷିତ କରିବାର କଳା ଥାଏ। ସେହିପରି ଏଭଳି ଲୋକେ ସହଜରେ ସାଙ୍ଗସାଥୀ ଓ ପରିବାର ସଦସ୍ୟଙ୍କୁ ପ୍ରଭାବିତ କରିପାରନ୍ତି। ମୁକ୍ତ ଚିନ୍ତାଧାରାର ହୋଇଥିବା ବେଳେ ସ୍ୱାଧୀନତାକୁ ଭଲପାଆନ୍ତି। ସେହିପରି ଥରେ ଯାହା ନିର୍ଣ୍ଣୟ ନେଇଥାନ୍ତି, ସେମାନେ ସେହି କାମ କରନ୍ତି।

**ସୋମବାର:** ଏହି ବାରରେ ଜନ୍ମିତ ବ୍ୟକ୍ତି ସ୍ୱଭାବରେ ଯତ୍ନବାନ ହୋଇଥାନ୍ତି। ଲୋକଙ୍କୁ ସୁରକ୍ଷିତ ଓ ସହଜ ଅନୁଭବ କରାଇବାକୁ ସେମାନେ ଭଲପାଆନ୍ତି। ଲୋକଙ୍କ ସହ ସହଜରେ ମିଶି ଯାଆନ୍ତି। ତେଣୁ ଲୋକଙ୍କଠାରୁ ଦୂରେଇବା କଷ୍ଟକର ହୁଏ। ଘରେ ରହିବାକୁ ଭଲପାଆନ୍ତି ଏବଂ ଘରେ ହିଁ ସେମାନେ ବାସ୍ତବିକ ଶାନ୍ତିକୁ ଅନୁଭବ କରନ୍ତି।

**ମଙ୍ଗଳବାର:** ଯେଉଁ ବ୍ୟକ୍ତି ମଙ୍ଗଳବାର ଜନ୍ମଗ୍ରହଣ କରିଥାନ୍ତି, ସେମାନେ ଉର୍ଜାବାନ ହୋଇଥାନ୍ତି। ସବୁବେଳେ କିଛି ନୂଆ କରିବାକୁ ପ୍ରସ୍ତୁତ ଥାନ୍ତି। ଏଭଳି ଲୋକଙ୍କ ଗୋଡ଼ ହଲାଇବା ଅଭ୍ୟାସ ଥାଏ। ତେବେ ନୂଆ ଜିନିଷ ସନ୍ଧାନ କରିବାକୁ ପସନ୍ଦ କରନ୍ତି ଏବଂ ବୁଝି ବିଚାରି କଥା କୁହନ୍ତି।

**ବୁଧବାର:** ଯେଉଁମାନେ ବୁଧବାରରେ ଜନ୍ମ ହୋଇଥାନ୍ତି, ସେମାନେ ଯୋଗାଯୋଗ ମାମଲାରେ କୁଶଳୀ ହୋଇଥାନ୍ତି। ଏଭଳି ବ୍ୟକ୍ତିଙ୍କଠାରେ କଥା ମାଧ୍ୟମରେ ଅନ୍ୟକୁ ସହଜରେ ପ୍ରଭାବିତ କରିବାର କ୍ଷମତା ଥାଏ। ବେଳେବେଳେ ବେପରୁଆ ମନୋଭାବ ଦେଖାନ୍ତି। ଭ୍ରମଣ ପ୍ରିୟ ହୋଇଥିବା ବେଳେ ଅନ୍ୟମାନଙ୍କଠାରୁ ବେଶି କିଛି ଆଶା ରଖନ୍ତି ନାହିଁ।

**ଗୁରୁବାର:** ଗୁରୁବାର ଜନ୍ମିତ ବ୍ୟକ୍ତି ସୌଭାଗ୍ୟଶାଳୀ ଓ ଉତ୍ତମ ପରାମର୍ଶଦାତା ହୋଇଥାନ୍ତି। ଠିକ୍ ସମୟରେ ଉନ୍ନତି କରିବା ସହ ଖୁସି ଅନୁଭବ କରନ୍ତି। ସେମାନଙ୍କର ଅନ୍ୟତମ ବିଶେଷତ୍ୱ ହେଉଛି, ପରିବାର କଥା ବହୁତ ଚିନ୍ତା କରନ୍ତି। ଏଭଳି ଲୋକ ଶୀଘ୍ର ଏବଂ ସହଜରେ ବିରକ୍ତି ହୋଇଥାନ୍ତି। ତେଣୁ ଜୀବନକୁ ରୋମାଞ୍ଚକର କରିବା ପାଇଁ ନୂଆ ଉପାୟର ଖୋଜନ୍ତି।

**ଶୁକ୍ରବାର:** ଉକ୍ତ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିବିଶେଷ ଆକର୍ଷଣୀୟ ଓ ସୃଜନାତ୍ମକ ହୋଇଥାନ୍ତି। ଆରାମ ଓ ବିଳାସପୂର୍ଣ୍ଣ ଜୀବନ ଜିଇଁବାକୁ ପସନ୍ଦ କରନ୍ତି। ସବୁ କାମରେ ପୂର୍ଣ୍ଣତା ଚାହିଁଥାନ୍ତି। ବିଶେଷକରି ପ୍ରେମ ବ୍ୟାପାରରେ।

**ଶନିବାର:** ଶନିବାର ଜନ୍ମିତ ବ୍ୟକ୍ତି ସ୍ୱଭାବରେ କଠିନ ପରିଶ୍ରମୀ, ବିଶ୍ୱାସଯୋଗ୍ୟ ଏବଂ ଦାୟିତ୍ୱବାନ ହୋଇଥାନ୍ତି। ଯେଉଁ କାମ କରନ୍ତି, ସେଥିରେ ବୁଡ଼ି ରହିବାକୁ ପସନ୍ଦ କରନ୍ତି। ସେମାନଙ୍କରଠାରେ ଉତ୍ତମ ବ୍ୟାବସାୟିକ କଳା ଥାଏ। ସେହିପରି ସ୍ୱଭାବରେ ଲାଜକୁଳା ହୋଇଥିବାରୁ ଏକାକୀ ଓ ଅଲଗା ରହିବାକୁ ଭଲପାଆନ୍ତି। ଏପରିକି ବେଳେ ବେଳେ ପ୍ରେମ ମାମଲାରୁ ଦୂରେଇ ରହନ୍ତି।

# ଉପହାରରେ ଧାର୍ମିକ ଗ୍ରନ୍ଥ

ଜ୍ୟୋତିଷ ଶାସ୍ତ୍ର ତଥା ପୁରାଣରେ ଦାନର ବିଶେଷ ମହତ୍ତ୍ୱ ଥିବା କୁହାଯାଇଛି। ଉପହାରକୁ ବି ଦାନର ସ୍ୱରୂପ ଭାବେ ବିବେଚନା କରାଯାଏ। ଏହି କ୍ରମରେ ଉପହାରରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ, ଠାକୁରଙ୍କ ମୂର୍ତ୍ତି ଆଦି ପ୍ରଦାନ କରଯାଏ। ତେବେ ଏସବୁ ଦେବା ଠିକ୍ ନା ଭୁଲ୍, ସେ ସମ୍ପର୍କରେ ଜାଣିବା।



- ଧାର୍ମିକ ଗ୍ରନ୍ଥ ଉପହାରରେ ପ୍ରଦାନ କରିବା ଅତ୍ୟନ୍ତ ପବିତ୍ର। ଏହାକୁ ସାତ୍ୱିକ ଓ ଧାର୍ମିକ ବ୍ୟକ୍ତିଙ୍କୁ ଦିଅନ୍ତୁ।
- ସତକର୍ମ କରୁଥିବା ବ୍ୟକ୍ତିଙ୍କୁ ଭଗବାନଙ୍କ ମୂର୍ତ୍ତି ବା ଭଗବଦ ଗୀତା ଦେବା ଶୁଭ।
- ତେବେ ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ନ ଥିବା ବ୍ୟକ୍ତିବିଶେଷଙ୍କୁ ଏଭଳି ଜିନିଷ ଉପହାରରେ ଦିଅନ୍ତୁ ନାହିଁ।
- ସ୍କନ୍ଦ ପୁରାଣ ଅନୁସାରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ ଭଳି ପବିତ୍ର ଗ୍ରନ୍ଥ ଅପାତ୍ରରେ ଦାନ କରନ୍ତୁ ନାହିଁ।

# ଅଫିସ୍ ବ୍ୟାଗ୍‌ରେ କେଉଁ ଜିନିଷ ରଖିବେ ନାହିଁ

ସାଧାରଣତଃ ଅଫିସ୍ ବ୍ୟାଗ୍‌ରେ ଅଫିସ୍ ଜିନିଷ ସମେତ କିଛି ନିତ୍ୟବ୍ୟବହାର୍ଯ୍ୟ ଜିନିଷ ରଖାଯାଏ। ଯାହାକି ଜ୍ୟୋତିଷ ଶାସ୍ତ୍ର ଅନୁସାରେ ଠିକ୍ ନୁହେଁ। ତେବେ କେଉଁ ଜିନିଷ ଅଫିସ୍ ବ୍ୟାଗ୍‌ରେ ରଖିବେ ନାହିଁ, ତାହା ନିମ୍ନରେ ପ୍ରଦତ୍ତ କରାଗଲା।

- ଅଫିସ୍ ବ୍ୟାଗ୍‌ରେ ପାନିଆ, ଟୁଥ୍‌ବ୍ରଶ ଆଦି ରଖନ୍ତୁ ନାହିଁ। ଏଭଳି ଜିନିଷ ରଖିବା ଦ୍ୱାରା ନକାରାତ୍ମକ ଶକ୍ତ ସଞ୍ଚାର ହୁଏ। କ୍ୟାରିୟର ଉନ୍ନତିରେ ହୁଏ ନାହିଁ।
- ଅନେକେ ଅଫିସ୍ ବ୍ୟାଗ୍‌ରେ ଛୋଟ ଛୁରୀ ନଚେତ୍ ନେଲ୍ କଟର ରଖନ୍ତି। ବାସ୍ତୁ ନିୟମ ଦୃଷ୍ଟିରୁ ଏଭଳି କରିବା ଅଶୁଭ। ଏସବୁ ଜିନିଷ ରଖିବା ଦ୍ୱାରା ସହକର୍ମୀଙ୍କ ସହ ବିବାଦ ଉପୁଜେ। ବ୍ୟକ୍ତିତ୍ୱ ପ୍ରଭାବିତ ହେବା ସହ କ୍ୟାରିୟର ବାଧାପ୍ରାପ୍ତ ହୁଏ।
- ସେହିପରି ଅଫିସ୍ ବ୍ୟାଗ୍‌ରେ ଅପରିଷ୍କାର କପଡ଼ା ରଖନ୍ତୁ ନାହିଁ। ଏହା ଦ୍ୱାରା ସ୍ୱଭାବରେ ପରିବର୍ତ୍ତନ ଆସେ। ବିଶେଷକରି ଚିଡଚିଡାପଣ, କ୍ରୋଧ, ଥକ୍କାପଣ ଦେଖା ଦିଏ। ଫଳରେ ଅଫିସ୍ କାର୍ଯ୍ୟରେ ମନ ଲାଗେ ନାହିଁ।

### ବୁମ୍‌ରାଙ୍କ ଘାତକ ବୋଲିଂ, ୯୯ ରନ୍‌ରେ ଆଉଟ୍ ହେଲେ ବ୍ରୁକ୍

# ଇଂଲଣ୍ଡ ବିପକ୍ଷରେ ଭାରତ ପ୍ରଥମ ଇନିଂସ ଆଗୁଆ

ଲିଡ୍ସ, ୨୨।୬ (ଏଜେନ୍ସି)



ବିଶ୍ୱର ଶ୍ରେଷ୍ଠ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଫ୍ଲାଟ୍ ପିଚ୍‌ରେ ଚମତ୍କାର ବୋଲିଂ ବଳରେ ଏଠାରେ ଇଂଲଣ୍ଡ ସହ ଚାଲିଥିବା ପ୍ରଥମ ଟେଷ୍ଟରେ ଭ୍ରମଣକାରୀ ଭାରତ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଭାରତ ପ୍ରଥମ ଇନିଂସରେ ୪୭୧ ରନ୍ କରିଥିଲା। ଜବାବରେ ହ୍ୟାରି ବ୍ରୁକ୍‌ର ୯୯ ଓ ଶେଷ ଭାଗ ବ୍ୟାଟରଙ୍କ ଉପଯୋଗୀ ଯୋଗଦାନ ଫଳରେ ତୃତୀୟ ଦିନ ଟି ସୁଦ୍ଧା ଇଂଲଣ୍ଡ ୪୬୫ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ଇଂଲଣ୍ଡର ୫ଜଣ ଖେଳାଳିଙ୍କୁ ଆଉଟ କରି ବୁମ୍‌ରା ସର୍ବାଧିକ କ୍ଷତି ଘଟାଇଥିଲେ। କିନ୍ତୁ ତାଙ୍କ ବୋଲିଂରେ ଭାରତୀୟ ଫିଲ୍ଡରମାନେ ମଧ୍ୟ ୪ଟି କ୍ୟାଚ୍ ହାତଛଡ଼ା କରିଥିଲେ। ଅନ୍ୟ ଦୁଇ ପେସ ବୋଲର ପ୍ରସିଦ୍ଧ କ୍ରିଷ୍ଣା ୩ଟି ଓ ମହମ୍ମଦ୍ ସିରାଜ ୨ଟି ୱିକେଟ ପାଇଥିଲେ। ଏହା ଫଳରେ ଇଂଲଣ୍ଡ ଇନିଂସରେ ସମସ୍ତ ୧୦ଟି ଯାକ ୱିକେଟ ପେସ୍ ବୋଲରଙ୍କୁ ମିଳିଥିଲା। ଜବାବରେ ଦ୍ୱିତୀୟ ଇନିଂସ ଆରମ୍ଭ କରିଥିବା ଭାରତ ରବିବାର ଷ୍ଟମ୍ପସ୍ ସୁଦ୍ଧା ୨ ୱିକେଟ୍‌ରେ ୯୦ ରନ୍ ସଂଗ୍ରହ କରିଛି। ଏହି ସମୟରେ ଲୋକେଶ ରାହୁଲ ୪୭ ଓ ଶୁବମନ୍ ଗିଲ୍ ୬ ରନ୍‌ରେ ବ୍ୟାଟିଂ କରୁଥିଲେ । ସାଇ ସୁଦର୍ଶନ ୩୦ ଓ ଯଶସ୍ୱୀ ଜୟସ୍ୱାଲ ୪ ରନ୍‌ରେ ଆଉଟ୍ ହୋଇଛନ୍ତି।

### ■ ଇଂଲଣ୍ଡକୁ ସମ୍ଭାଳିଲେ ହ୍ୟାରୀ ବ୍ରୁକ୍

ଏଠାରେ ଇଂଲଣ୍ଡ ମ୍ୟାଚ୍‌ର ତୃତୀୟ ଦିନ ୩ ୱିକେଟରେ ୨୦୯ ରନ୍‌ରୁ ସତର୍କତାର ସହ ଖେଳିଥିଲା। ପୂର୍ବଦିନ ଶତକ ହାସଲ କରିଥିବା ଓଲି ପୋପ ଆଉ ୬ ରନ୍ କରିବା ପରେ ୧୦୬ ରନ୍ କରି ପ୍ରଥମ ଖେଳାଳି ଭାବେ ଆଉଟ ହୋଇଥିଲେ। କିନ୍ତୁ ଶୂନ୍ ରନ୍‌ରେ ଅପରାଜିତ ଥିବା ଇଂଲଣ୍ଡ ସୀମିତ ଓଭର ଅଧିନାୟକ ହ୍ୟାରୀ ବ୍ରୁକ୍ ଚମତ୍କାର ଭଙ୍ଗୀରେ ଭାରତୀୟ ବୋଲରଙ୍କୁ ଆକ୍ରମଣ କରିବା ସହ ଶେଷ ଭାଗ ଖେଳାଳିଙ୍କ ସହାୟତାରେ ଦ୍ରୁତ ରନ୍ ସଂଗ୍ରହ କରିଥିଲେ। ସେ ଖାତା ଖୋଲିବା ପୂର୍ବରୁ କଟ୍ ହୋଇଥିଲେ। କିନ୍ତୁ ତାହା ନୋ ବଲ ଥିଲା। ସେହିପରି ସେ ୮୩ ରନ୍ କରିଥିଲାବେଳେ ବୁମ୍‌ରାଙ୍କ ବୋଲିଂରେ ଯଶସ୍ୱୀ ଜୟସ୍ୱାଲ ଗଲି ଅଞ୍ଚଳରେ ତାଙ୍କ କ୍ୟାଚ୍ ହାତଛଡ଼ା କରିଥିଲେ। ବ୍ରୁକ୍ କିନ୍ତୁ ଶତକ ହାସଲ କରି ପାରି ନ ଥିଲେ। ସେ ୯୯ ରନ୍ କରିଥିଲାବେଳେ କ୍ରିଷ୍ଣାଙ୍କ ବୋଲିଂରେ ଦେଇଥିବା ସୁଯୋଗକୁ ଶାର୍ଦ୍ଦୁଳ ଠାକୁର କ୍ୟାଚ୍ ନେଇ ଆଉଟ କରିଥିଲେ। ତାଙ୍କୁ ସୁଯୋଗ ଦେବା କେତେ ମହଙ୍ଗା ହେବ ତାହା ପରେ ଜଣାପଡ଼ିବ। ଇଂଲଣ୍ଡର ଅନ୍ୟ ଖେଳାଳିମାନେ ମଧ୍ୟ ଉପଯୋଗୀ ସହାୟତା ଦେଇଥିଲେ। ସେମାନଙ୍କ ମଧ୍ୟରୁ ୱିକେଟରକ୍ଷକ ଜେମି ସ୍ମିଥ ୫୨ ବଲ୍ ଖେଳି ୪୦, କ୍ରିସ୍ ଓକ୍ସ ୫୫ ବଲ୍ ଖେଳି ୩୮ ଓ ବ୍ରାଇଡନ କାର୍ସ ୨୩ ବଲ୍‌ରୁ ୨୨ ରନ୍ ସଂଗ୍ରହ କରିବା ଫଳରେ ଭାରତଠାରୁ ଇଂଲଣ୍ଡ ମାତ୍ର ୬ ରନ୍ ପଛରେ ରହିଥିଲା।

### ■ ବୁମ୍‌ରାଙ୍କ ବୋଲିଂରେ ୪ଟି କ୍ୟାଚ୍ ଡ୍ରପ୍

ଏହି ଟେଷ୍ଟରେ ଇଂଲଣ୍ଡ ପ୍ରଥମ ଇନିଂସରେ ଭାରତର ଷ୍ଟ୍ରାଇକ୍ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ବୋଲିଂରେ ଫିଲ୍ଡରମାନେ ୪ଟି କ୍ୟାଚ୍ ଡ୍ରପ୍ କରିଛନ୍ତି। ଏହାର ଫାଇଦା ନିଶ୍ଚିତଭାବେ ଇଂଲଣ୍ଡକୁ ମିଳିଛି। ଏହି ୪ଟି ମଧ୍ୟରୁ ଯୁବ ଖେଳାଳି ଯଶସ୍ୱୀ ଜୟସ୍ୱାଲ ୩ଟି ଓ ଅଲରାଉଣ୍ଡର ରବୀନ୍ଦ୍ର ଜାଡେଜା ଗୋଟିଏ କ୍ୟାଚ୍ ଡ୍ରପ୍ କରିଥିଲେ। ଖେଳର ଦ୍ୱିତୀୟ ଦିନ ୩ଟି ଓ ତୃତୀୟ ଦିନ ଗୋଟିଏ କ୍ୟାଚ୍ ଡ୍ରପ୍ ହୋଇଥିଲା। କ୍ୟାଚ୍ ଡ୍ରପ୍ ଖେଳର ଏକ ଅଂଶବିଶେଷ ହୋଇପାରେ, କିନ୍ତୁ ଘରୋଇ ମାଟିରେ ଖେଳୁଥିବା ଇଂଲଣ୍ଡ ଏଥିରୁ କେତେ ଫାଇଦା ଉଠାଇବ ତାହା ସମୟ କହିବ। କ୍ୟାଚ୍ ଡ୍ରପ୍ ସତ୍ତ୍ୱେ ବୁମ୍‌ରା ଏହି ସର୍ବାଧିକ ୫ଟି ୱିକେଟ ନେଇଥିଲେ। ଟେଷ୍ଟ କ୍ରିକେଟର ଗୋଟିଏ ଇନିଂସରେ ସେ ଏହାକୁ ମିଶାଇ ୧୪ଥର ସକାଶେ ଏହି ସଫଳତା ପାଇଛନ୍ତି। ତାହା ମଧ୍ୟରୁ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ୩ଟି ଓ ମହମ୍ମଦ୍ ସିରାଜଙ୍କ ଖାତାରେ ୨ଟି ରହିଛି।

#### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ**: ୪୭୧ (ଗିଲ-୧୪୭, ପନ୍ତ-୧୩୪, ଜୟସ୍ୱାଲ-୧୦୧, ଷ୍ଟୋକ୍ସ-୪/୬୬, ଟଙ୍ଗ୍-୪/୮୬)।

**ଇଂଲଣ୍ଡ ପ୍ରଥମ ଇନିଂସ** : ୪୬୫ (ପୋପ୍-୧୦୬, ବ୍ରୁକ୍-୯୯, ଡକେଟ-୬୨, ବୁମ୍‌ରା-୫/୮୩, କ୍ରିଷ୍ଣା-୩/୧୨୮, ସିରାଜ- ୨/୧୨୨)।

**ଭାରତ ଦ୍ୱିତୀୟ ଇନିଂସ**: ୯୦/୨ (ରାହୁଲ-୪୭*, ଗିଲ୍-୬*, ସୁଦର୍ଶନ-୩୦, ଜୟସ୍ୱାଲ-୪ ,କାର୍ସ-୧/୨୭)।

## ଗୋଟିଏ ଟେଷ୍ଟରେ ଦୁଇଥର କଳାପଟି ପିନ୍ଧିଲେ ଖେଳାଳି

ଲିଡ୍ସ, ୨୨।୬ (ଏଜେନ୍ସି): ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନରେ ଖେଳାଳିମାନେ କଳାପଟି ପିନ୍ଧି ଖେଳିଥିଲେ। ଆଜି ଇଂଲଣ୍ଡର ପୂର୍ବତନ ଫାଷ୍ଟ ବୋଲର ତଥା ବ୍ରିଟେନରେ ଜନ୍ମିତ ପ୍ରଥମ କୃଷ୍ଣକାୟ କ୍ରିକେଟର ଡେଭିଡ ଲରେନ୍ସଙ୍କ ୬୧ ବର୍ଷରେ ବିୟୋଗ ହୋଇଥିଲା। ତାଙ୍କ ଅମର ଆତ୍ମାକୁ ସମ୍ମାନ ଜଣାଇ ଆଜି ଉଭୟ ଦଳର ଖେଳାଳିମାନେ ହାତରେ କଳାପଟି ପିନ୍ଧି ଖେଳିଥିଲେ। ଏହା ପୂର୍ବରୁ ଭାରତର ଅହମ୍ମଦାବାଦ୍‌ରେ ଅନୁଷ୍ଠିତ ବିମାନ ଦୁର୍ଘଟଣାରେ ମୃତାହତଙ୍କୁ ସମ୍ମାନ ଜଣାଇ ଉଭୟ ଦଳର ଖେଳାଳିମାନେ ମଧ୍ୟ କଳାପଟି ପିନ୍ଧି ଖେଳିଥିଲେ।

## କୁଇନ୍ସ କ୍ଲବ୍‌ରେ ଆଲ୍‌କାରାଜ୍ ଚାମ୍ପିଅନ

ଲଣ୍ଡନ,୨୨।୬ (ଏଜେନ୍ସି): ଚଳିତ ବର୍ଷର ତୃତୀୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନ ଜୁନ ୩୦ରୁ ଏଠାରେ ଆରମ୍ଭ ହେବ। ତେବେ ଏହା ପୂର୍ବରୁ ଅନୁଷ୍ଠିତ କୁଇନ୍ସ କ୍ଲବ ଚାମ୍ପିଅନସିପ୍‌ରେ ଚାମ୍ପିଅନ ହୋଇ ଟପ୍ ସିଡ୍ ସ୍ପେନର କାର୍ଲୋସ ଆଲ୍‌କାରାଜ ମନୋବଳ ଦୃଢ଼ କରିଛନ୍ତି। ରବିବାର ଅନୁଷ୍ଠିତ ଫାଇନାଲରେ ଆଲ୍‌କାରାଜ ୭-୫, ୬-୭ (୫), ୬-୨ ସେଟ୍‌ରେ ଚେକ୍ ଗଣରାଜ୍ୟର ଜିରି ଲିହେକଙ୍କୁ ପରାସ୍ତ କରି କୁଇନ୍ସ କ୍ଲବରେ ଚାମ୍ପିଅନ ହୋଇଥିଲେ। ବିଶ୍ୱ ମାନ୍ୟତାର ୨ୟ ସ୍ଥାନରେ ରହିଥିବା ଆଲ୍‌କାରାଜ ୨୦୨୩ ପରେ ପ୍ରଥମ ଏଟିପି-୫୦୦ ଟାଇଟଲ୍ ଜିତିଛନ୍ତି। ସେହିଭଳି ଆଲ୍‌କାରାଜଙ୍କ ଏହା ଗ୍ରାସକୋର୍ଟରେ ୪ର୍ଥ ଟ୍ରଫି।

### ୭୮ତମ ଜାତୀୟ ସିନିଅର ଜଳକ୍ରୀଡ଼ା ଉଦ୍‌ଘାଟିତ

# ଓଡ଼ିଶା ପାଇଁ ସ୍ୱର୍ଣ୍ଣ ଜିତିଲେ ସ୍ରିଷ୍ଟି

ଭୁବନେଶ୍ୱର,୨୨।୬ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମସ୍ଥିତ ଇଣ୍ଡୋର ଆକ୍ୱାଟିକ ସେଣ୍ଟରରେ ରବିବାର ଜାତୀୟ ସିନିଅର ଜଳକ୍ରୀଡ଼ା ଚାମ୍ପିଅନସିପ୍‌ର ୭୮ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି। ଏହି ସମ୍ମାନଜନକ ସନ୍ତରଣ



ପ୍ରତିଯୋଗିତାରେ ଆୟୋଜକ ଓଡ଼ିଶା ପ୍ରଥମ ଦିନରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ସ୍ରିଷ୍ଟି ଉପାଧ୍ୟାୟ ଘରୋଇ ଦର୍ଶକଙ୍କ ସାମ୍ନାରେ ଏହି ସ୍ୱର୍ଣ୍ଣପଦକ ସଫଳତା ଆଣିଛନ୍ତି। ରବିବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ୧୦୦ ମିଟର ବଟରଫ୍ଲାଏ ଇଭେଣ୍ଟର ଫାଇନାଲରେ ସ୍ରିଷ୍ଟି ୧ ମିନିଟ୍ ୦୩.୫୦ ସେକେଣ୍ଡରେ ଫିନିଶ୍ କରି ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲେ। ରେଲୱେ ସ୍ପୋର୍ଟ୍ସ ପ୍ରମୋସନ ବୋର୍ଡ (ଆର୍‌ଏସ୍‌ପିବି)ର ଆସ୍ଥା ଚୌଧୁରୀ ମଧ୍ୟ ସମାନ ଟାଇମିଂ ନେଇ ପ୍ରଥମ ସ୍ଥାନରେ ରହିଥିଲେ। ଫଳରେ ସ୍ରିଷ୍ଟିଙ୍କ ସହ ଆସ୍ଥା ଯୁଗ୍ମ ଭାବେ ସ୍ୱର୍ଣ୍ଣପଦକ ହାସଲ କରିଥିଲେ। କର୍ଣ୍ଣାଟକର ଧିନିଧି ଦେଶିଂହୁଙ୍କୁ କାଂସ୍ୟ ପଦକ ମିଳିଥିଲା। ଦୁଇଜଣ ଖେଳାଳି ପ୍ରଥମ ସ୍ଥାନରେ ରହିଥିବାରୁ ଏଥିରେ ରୌପ୍ୟ ପଦକ କାହାରିକୁ ଦିଆଯାଇ ନ ଥିଲା। ସବୁଠୁ ଉଲ୍ଲେଖନୀୟ କଥା ହେଉଛି ଅଲିମ୍ପିଆନ ଧିନିଧିଙ୍କୁ ପଛରେ ପକାଇ ସ୍ରିଷ୍ଟି ଏହି ସଫଳତା ପାଇଛନ୍ତି। ୧୫ ବର୍ଷୀୟା ଧିନିଧି ଗତବର୍ଷ ପ୍ୟାରିସ ଅଲିମ୍ପିକ୍ସରେ ଅଂଶଗ୍ରହଣ କରିଥିଲେ। ସେହିଭଳି ଓଡ଼ିଶାର ଅନ୍ୟତମ ଜଣାଶୁଣା ସନ୍ତରଣକାରୀ ମନ୍ନତା ମିଶ୍ର ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ। ସେ ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟ୍ରୋକ୍ ଫାଇନାଲକୁ ୨ ମିନିଟ୍ ୪୧.୪୩ ସେକେଣ୍ଡରେ ଫିନିଶ କରି ୪ର୍ଥ ସ୍ଥାନରେ ରହିଥିଲେ। ଏହି ଇଭେଣ୍ଟରେ ଅନ୍ୟତମ ଓଡ଼ିଆ ସନ୍ତରଣକାରୀ ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ (୨:୪୨.୯୮) ୬ଷ୍ଠ ସ୍ଥାନରେ ରହିଥିଲେ।

ସେହିଭଳି ପ୍ରଥମ ଦିବସରେ ଗୋଟିଏ ନୂଆ ଜାତୀୟରେକର୍ଡ ପ୍ରତିଷ୍ଠା ହୋଇଛି। ପୁରୁଷ ୧୦୦ ମିଟର ବଟରଫ୍ଲାଏରେ ତାମିଲନାଡୁର ବି. ବେନେଡେକସନ ରୋହିତ୍ ୫୨.୫୭ ସେକେଣ୍ଡ ସମୟ ନେଇ ରେକର୍ଡ ସହ ସ୍ୱର୍ଣ୍ଣ ପଦକ ଜିତିଥିଲେ। ରବିବାର ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ, ସମ୍ପାଦକ ମୋନାଲ ଚୋକ୍ସି, ରାଜ୍ୟ ସଂଘର ସମ୍ପାଦକ ଗୋଲାପମଣୀ ମହାନ୍ତ, କ୍ରୀଡ଼ା ବିଭାଗର ଅତିରିକ୍ତ ଶାସନ ସଚିବ ଅଶୋକ ପଣ୍ଡା ପ୍ରମୁଖ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ଜୁନ ୨୬ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ପ୍ରତିଯୋଗିତାରେ ସାରା ଦେଶର ୪୦୦ରୁ ଊର୍ଦ୍ଧ୍ୱ ସନ୍ତରଣକାରୀ ଭାଗନେଇଛନ୍ତି।

# ଟି-୨୦ ବିଶ୍ୱକପ୍‌କୁ କାନାଡାର ଯୋଗ୍ୟତା

ଓଣ୍ଟାରିଓ, ୨୨।୬ (ଏଜେନ୍ସି): ପୁରୁଷ ଟି-୨୦ ବିଶ୍ୱକପ୍‌ର ଆଗାମୀ ସଂସ୍କରଣକୁ ୧୩ତମ ଦଳ ଭାବେ କାନାଡା ଯୋଗ୍ୟତା ଅର୍ଜନ କରିଛି। ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣ ୨୦୨୬ରେ ଖେଳାଯିବ। କାନାଡା ପୂର୍ବରୁ ଦୁଇ ଆୟୋଜକ ଭାରତ ଓ ଶ୍ରୀଲଙ୍କା ସମେତ ଆଫଗାନିସ୍ତାନ, ଅଷ୍ଟ୍ରେଲିଆ, ବାଂଲାଦେଶ, ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ଆମେରିକା, ୱେଷ୍ଟଇଣ୍ଡିଜ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ ଓ ପାକିସ୍ତାନ ଯୋଗ୍ୟତା ଅର୍ଜନ କରିଥିଲେ। ଏଥିପୂର୍ବରୁ ୨୦୨୪ରେ ଆମେରିକାରେ ଅନୁଷ୍ଠିତ ସଂସ୍କରଣକୁ କାନାଡା ଯୋଗ୍ୟତା ଅର୍ଜନ କରିଥିଲା। ଏଥିରେ ଗ୍ରୁପ୍ ପର୍ଯ୍ୟାୟର ୪ଟି ମ୍ୟାଚରୁ କେବଳ ଆୟର୍ଲାଣ୍ଡ ବିପକ୍ଷରେ କାନାଡା ବିଜୟ ହାସଲ କରିଥିଲା।

### ● ଜାତୀୟ ସିନିଅର ବଧିର କ୍ରୀଡ଼ା

## ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳକୁ ୩ ପଦକ



ଭୁବନେଶ୍ୱର, ୨୨।୬ (ସମିସ): ଉତ୍ତର ପ୍ରଦେଶର କାନପୁରଠାରେ ଅନୁଷ୍ଠିତ ୨୭ତମ ଜାତୀୟ ସିନିଅର ବଧିର କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳ ୩ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୨ଟି ରୌପ୍ୟ ଓ ଗୋଟିଏ କାଂସ୍ୟ ପଦକ ରହିଛି। ଓଡ଼ିଶା ପାଇଁ ମଣ୍ଡଳ ନାୟକ ୮୦ କିଗ୍ରାରୁ କମ୍ ବର୍ଗ ଓ ଶୁଭମ ହେମ୍ବ୍ରମ ୬୯ କିଗ୍ରାରୁ କମ୍ ବର୍ଗରେ ରୌପ୍ୟ ପଦକ ହାସଲ କରିଥିଲେ। ସେହିଭଳି ୫୮ କିଗ୍ରା ବର୍ଗରେ ମନୋଜ ଦାସ କାଂସ୍ୟପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଛନ୍ତି।

### ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକି

# ଅଷ୍ଟ୍ରେଲିଆକୁ ହରାଇଲା ଭାରତ

ବର୍ଲିନ, ୨୨।୬ (ଏଜେନ୍ସି): ଜର୍ମାନୀର ରାଜଧାନୀ ବର୍ଲିନରେ ଚାଲିଥିବା ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକିରେ ଭାରତୀୟ ଦଳ ଦ୍ୱିତୀୟ ମୁକାବିଲାରେ ଦମ୍‌ଦାର ବିଜୟ ହାସଲ କରିଛି। ରବିବାର ଖେଳାଯାଇଥିବା ଏକ ମ୍ୟାଚରେ ଭାରତ ୩-୧ ଗୋଲ୍‌ରେ ଶକ୍ତିଶାଳୀ ଅଷ୍ଟ୍ରେଲିଆକୁ ମାତ୍ ଦେଇଛି। ପ୍ରତିଯୋଗିତାରେ ଭାରତର ଏହା ପ୍ରଥମ ବିଜୟ। ପୂର୍ବରୁ ପ୍ରଥମ ମ୍ୟାଚରେ ଘରୋଇ ଜର୍ମାନୀ ନିକଟରୁ ୭-୧ ଗୋଲ୍‌ରେ ଭାରତ ପରାସ୍ତ ହୋଇଥିଲା। ଭାରତ ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ସ୍ପେନକୁ ଭେଟିବ। ରବିବାର ଖେଳାଯାଇଥିବା ଏହି ମ୍ୟାଚର ୧୫ତମ ମିନିଟ୍‌ରେ ଶ୍ରଦ୍ଧାନନ୍ଦ ତିୱାରୀଙ୍କ ଗୋଲ୍ ବଳରେ ଭାରତ ପ୍ରଥମାର୍ଦ୍ଧରେ ୧-୦ରେ ଅଗ୍ରଣୀ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୩ୟ କ୍ୱାର୍ଟରରେ ଭାରତ ଆଉ ଦୁଇଟି ଗୋଲ୍ ଦେଇଥିଲା। ୩୬ତମ ମିନିଟ୍‌ରେ ସୌରଭ ଆନନ୍ଦ ଖୁସୱାହ ଓ ୪୩ତମ ମିନିଟ୍‌ରେ ଅମିର ଅଲି ଏହି ଦୁଇଟି ଗୋଲ୍ ଦେଇଥିଲେ। ଫଳରେ ତୃତୀୟାର୍ଦ୍ଧ ସୁଦ୍ଧା ୩-୦ରେ ଭାରତ ଏକପାଖିଆ ଅଗ୍ରଣୀ ରହି ପ୍ରଭାବ ବିସ୍ତାର କରିଥିଲା। ତେବେ ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଅଷ୍ଟ୍ରେଲିଆ ପାଇଁ ଓଲିଭର ୱିଲ୍ ଗୋଟିଏ ଗୋଲ୍ ଶୁଝାଇଦେଇଥିଲେ ମଧ୍ୟ ଦଳକୁ ୩-୧ରେ ପରାଜୟରୁ ରକ୍ଷା କରିପାରି ନ ଥିଲେ। ଆୟୋଜକ ଜର୍ମାନୀ ବ୍ୟତୀତ ଭାରତ, ଅଷ୍ଟ୍ରେଲିଆ ଓ ସ୍ପେନ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରୁଛନ୍ତି। ରାଉଣ୍ଡ-ରବିନ୍ ଫର୍ମାଟ୍‌ରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ଏହାପରେ ସର୍ବାଧିକ ପଏଣ୍ଟ ରଖିଥିବା ଦୁଇ ଦଳ ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ।

# କ୍ରମାଗତ ୭ ପରାଜୟ ପରେ ଶେଷରେ ବିଜୟ

### ଏଫ୍‌ଆଇଏଚ୍ ପ୍ରୋ ଲିଗ୍

ଅଣ୍ଟୱର୍ପ,୨୨।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ପୁରୁଷ ହକି ଦଳ ୟୁରୋପ୍ ଲେଗ୍ (ଚରଣ)ରେ କ୍ରମାଗତ ୭ ମ୍ୟାଚ୍ ହାରିବା ପରେ ଶେଷରେ ବିଜୟ ସ୍ୱାଦ ଚାଖିଛି। ରବିବାର ଏଠାରେ ଭାରତ ୪-୩ ଗୋଲ୍‌ରେ ବିଶ୍ୱ ମାନ୍ୟତାର ୩ୟ ସ୍ଥାନରେ ରହିଥିବା ଘରୋଇ ବେଲ୍‌ଜିୟମକୁ ପରାସ୍ତ କରିଥିଲା। ପୂର୍ବରୁ ଗତକାଲି ବେଲ୍‌ଜିୟମଠାରୁ ୬-୩ ଗୋଲ୍‌ରେ ହାରିଥିବା ଭାରତୀୟ ପୁରୁଷ ଦଳ ଏଥିସହ ମଧୁର ପ୍ରତିଶୋଧ ମଧ୍ୟ ନେଇଛି। ଏଥିସହ ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ବିଜୟ ସହ ଚଳିତ ପ୍ରୋ ଲିଗ୍ ଅଭିଯାନ ଶେଷ କରିଛି। ଭାରତ ୧୬ ମ୍ୟାଚ୍ ଖେଳି ୬ ବିଜୟ ଓ ୧୦ ପରାଜୟ ସହ ମୋଟ୍ ୧୮ ପଏଣ୍ଟ ପାଇ ୯ ଦଳୀୟ ଟେବଲ୍ ତାଲିକାର ୭ମ ସ୍ଥାନରେ ରହିଛି। ନେଦରଲାଣ୍ଡସ (୩୭ ପଏଣ୍ଟ), ଅଷ୍ଟ୍ରେଲିଆ (୨୭) ଓ ବେଲ୍‌ଜିୟମ (୨୫) ପଏଣ୍ଟ ସହ ପ୍ରଥମ ୩ଟି ସ୍ଥାନରେ ରହିଛନ୍ତି। ଅପରପକ୍ଷରେ ଭାରତୀୟ ମହିଳା ଦଳ ୟୁରୋପ୍ ଚରଣରେ କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି। ରବିବାର ଘରୋଇ ବେଲ୍‌ଜିୟମ ମହିଳା ଦଳ ୨-୦ ଗୋଲ୍‌ରେ ଭାରତକୁ ପରାସ୍ତ କରିଛି। ପୂର୍ବରୁ ଶନିବାର ମଧ୍ୟ ଭାରତୀୟ ମହିଳା ଦଳ ୧-୫ ଗୋଲ୍‌ରେ ବେଲ୍‌ଜିୟମଠାରୁ ହାରିଥିଲା। ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୧୪ ମ୍ୟାଚରୁ ୯ ପରାଜୟ ସହ ୧୦ ପଏଣ୍ଟ ପାଇ ୯ ଦଳୀୟ ଟେବଲ୍ ତାଲିକାର ସର୍ବନିମ୍ନ ସ୍ଥାନକୁ ଖସିଯାଇଛି। ଭାରତ ଏହାର ଶେଷ ଦୁଇ ମ୍ୟାଚରେ ଚାଇନା ବିପକ୍ଷରେ ଖେଳିବ। ଯଦି ଉଭୟ ମ୍ୟାଚ୍‌ରେ ଭାରତ ଯଦି ପରାଜୟବରଣ କରି ପଏଣ୍ଟ ଟେବଲ୍‌ର ସର୍ବନିମ୍ନ ସ୍ଥାନରେ ରୁହେ ତେବେ ଏଫ୍‌ଆଇଏଚ୍ ପ୍ରୋ ଲିଗର ୨୦୨୫-୨୬ ସଂସ୍କରଣରୁ ବାଦ୍ ପଡ଼ିବ।

### ରାଜ୍ୟ ଓପନ୍ ଚେସ୍

# ଲବ୍ୟଜ୍ୟୋତିଙ୍କୁ ଟାଇଟଲ୍



ଭୁବନେଶ୍ୱର, ୨୨।୬ (ସମିସ): କେନ୍ଦ୍ରାପଡ଼ାର ଲବ୍ୟଜ୍ୟୋତି ରାଉତରାୟ ଏଠାରେ ରବିବାର ଅନୁଷ୍ଠିତ ଚତୁର୍ଥ ଅଲେଖ ଚନ୍ଦ୍ର ଦେବତା ସ୍ମାରକୀ ଚେସ୍ ପ୍ରତିଯୋଗିତାରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଓଡ଼ିଶା ରାଜ୍ୟ ଚେସ ସଂଘ ଦ୍ୱାରା କେଶୁରା ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ଅନୁଷ୍ଠିତ ଏହି ଟୁର୍ଣ୍ଣାମେଣ୍ଟରେ ଲବ୍ୟଜ୍ୟୋତି ଓ ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର ସମାନ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। କିନ୍ତୁ ଲବ୍ୟଜ୍ୟୋତି ପ୍ରଥମ ଓ ଶୁଭେନ୍ଦୁ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଏମାନଙ୍କ ପଛକୁ ୪ଜଣ ଖେଳାଳି ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ସେମାନେ ହେଲେ ଜଟଣୀର ସ୍ଥିତପ୍ରଜ୍ଞ ସାହୁ, କଟକର ପ୍ରତ୍ୟୁଷ ମହାପାତ୍ର, ଭୁବନେଶ୍ୱରର ବିନୀତ ନାୟକ ଓ ଜଟଣୀର ରଶ୍ମିରଞ୍ଜନ ପାତ୍ର ଯଥାକ୍ରମେ ଦ୍ୱିତୀୟରୁ ଷଷ୍ଠ ସ୍ଥାନ ଅଧିକାର କରିଥିଲେ। ଖେଳଶେଷରେ ସିଡ୍ରିମ୍‌ଜର ଏମ୍‌ଡି ଚିତ୍ତରଞ୍ଜନ ଦେବତା ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଆୟୋଜକ ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲେ।

### ମାଷ୍ଟର୍ସ କପ୍ ହକି

## ଓଡ଼ିଶା-ଆନ୍ଧ୍ର କ୍ୱାର୍ଟର ଫାଇନାଲ୍ ଆଜି

ଭୁବନେଶ୍ୱର, ୨୨।୬ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ଚେନ୍ନଇରେ ଚାଲିଥିବା ପ୍ରଥମ ମାଷ୍ଟର୍ସ କପ୍‌ର ପୁରୁଷ ବିଭାଗ କ୍ୱାର୍ଟର ଫାଇନାଲ ସୋମବାର ଖେଳାଯିବ। ଓଡ଼ିଶା ହକି ଦଳ ଦ୍ୱିତୀୟ କ୍ୱାର୍ଟରରେ ଆନ୍ଧ୍ର ପ୍ରଦେଶକୁ ଭେଟିବ। ଲାଜରୁସ୍ ବାର୍ଲାଙ୍କ ନେତୃତ୍ୱରେ ଖେଳୁଥିବା ଓଡ଼ିଶା ଭେଟେରାନ ହକି ଦଳ ପୂର୍ବରୁ ପୁଲ୍ ପର୍ଯ୍ୟାୟରେ ପୁଡୁଚେରୀକୁ ୬-୩ ଗୋଲ୍‌ରେ ଓ ପଞ୍ଜାବକୁ ୫-୨ ଗୋଲ୍‌ରେ ହରାଇ କ୍ୱାର୍ଟର ଫାଇନାଲକୁ ଉଠିଛି। ଉଲ୍ଲେଖଯୋଗ୍ୟ, ୪୦ ବର୍ଷରୁ ଊର୍ଦ୍ଧ୍ୱ ଅବସରପ୍ରାପ୍ତ ଭାରତୀୟ ହକି ଖେଳାଳିଙ୍କୁ ନେଇ ପ୍ରଥମଥର ଲାଗି ମାଷ୍ଟର୍ସ କପ୍ ଖେଳାଯାଉଛି। ଏଥିରେ ପୁରୁଷ ବିଭାଗରେ ୧୧ଟି ଓ ମହିଳାରେ ୮ଟି ଦଳ ଅଂଶଗ୍ରହଣ କରୁଛନ୍ତି। ମହିଳା ବିଭାଗରେ ଓଡ଼ିଶା ୨ଟି ମ୍ୟାଚ୍ ଖେଳି ଗୋଟିଏ ଲେଖାଏ ବିଜୟ ଓ ପରାଜୟ ସହ ୩ ପଏଣ୍ଟ ପାଇଛି।

### ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍

# କଟକ-ଏ ଚାମ୍ପିଅନ

କଟକ,୨୨।୬(ସମିସ)




ବାରବାଟୀ ଷ୍ଟାଡିୟମରେ ରବିବାର ଆୟୋଜିତ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲାରେ କଟକ-ଏ ୬୭ ରନରେ ଭୁବନେଶ୍ୱର-ଏ'କୁ ପରାସ୍ତ କରି ଚାମ୍ପିଅନ ହୋଇଛି। ପୁରସ୍କାର ସ୍ୱରୂପ ବିଜୟୀ କଟକ-ଏ ଦଳକୁ ଟ୍ରଫି ଏବଂ ୧ଲକ୍ଷ ଟଙ୍କା ଆର୍ଥିକ ରାଶି ପ୍ରଦାନ କରାଯାଇଥିଲା। ରନର୍ସଅପ ଭୁବନେଶ୍ୱର-ଏ ଦଳକୁ ଟ୍ରଫି ଏବଂ ୫୦ ହଜାର ଟଙ୍କା ପୁରସ୍କାର ଦିଆଯାଇଥିଲା। ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଯୁଗ୍ମ ସମ୍ପାଦକ ପ୍ରଭାତ ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇଥିଲେ।

ଫାଇନାଲରେ ଘରୋଇ କଟକ-ଏ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା। ଅନିଲ ସାହୁଙ୍କ ଶତକୀୟ ପାଳି ସହାୟତାରେ ଦଳ ୪୫ ଓଭରରେ ୮ ୱିକେଟ ହରାଇ ୨୩୭ ରନ ସଂଗ୍ରହ କରିଥିଲା। ଅନିଲ ୧୩୨ ବଲରୁ ୧୦୮ ରନର ଅପରାଜିତ ପାଳି ଖେଳିଥିଲେ। ସେହିଭଳି ପିୟୂଷ ମନ୍ତ୍ରୀ ୧୫ ବଲରୁ ଦ୍ରୁତ ୪୦ ରନ ସଂଗ୍ରହ କରିଥିଲେ। ଭୁବନେଶ୍ୱର-ଏ ପକ୍ଷରୁ ଚନ୍ଦ୍ରାଂଶୁ ବାଘେଲ ଏବଂ ପ୍ରଜ୍ଞା କୁମାର ପତ୍ରି ଯଥାକ୍ରମେ ୩ଟି ଓ ୨ଟି ୱିକେଟ ଦଖଲ କରିଥିଲେ। ଜବାବରେ ୨୩୮ ରନର ବିଜୟ ଲକ୍ଷ୍ୟକୁ ପିଛା କରିବାକୁ ଯାଇ ଭୁବନେଶ୍ୱର-ଏ'ର ପାଳି ୧୭୦ ରନରେ ସୀମିତ ରହିଥିଲା। ସ୍ୱାଗତ ମିଶ୍ର ୫୧ ରନର ସଂଘର୍ଷପୂର୍ଣ୍ଣ ପାଳି ଖେଳିଥିଲେ। ବିଜୟୀ ଦଳ ତରଫରୁ ସମ୍ବିତ ବେଜା ଏବଂ ଜନ୍ମେଜୟ ଜେନା ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ଅପରାଜିତ ଶତକୀୟ ପାଳି ଖେଳିଥିବା ଅନିଲଙ୍କୁ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଓସିଏ ସଦସ୍ୟ ଧୀରେନ ପଲାଇ, ସଂଗ୍ରାମ କେଶରୀ ଗୁମାନ ସିଂହ, ନୃସିଂହ ଚରଣ ଚୌଧୁରୀ, ସୁଶାନ୍ତ ମହାନ୍ତି, ନିର୍ବାଣ ରାୟ, ଶିବବ୍ରତ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS